# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

◆VOLUME- 43 ◆ISSUE-141 ◆MONDAY ◆17 NOVEMBER 2025 ◆PAGE-12 ◆₹ 6.00

PANIKOILI

◆ବର୍ଷ-୪୩ ◆ସଂଖ୍ୟା-୧୪୧ ◆ସୋମବାର ◆୧୭ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




ଆସିପାରେ 'କୁଛ କୁଛ ହୋତା ହୈ'ର ସିକ୍ୱେଲ

▸ପୃଷ୍ଠା ୧୧ ଦେଖନ୍ତୁ...





# SN ECO RESORT & WATER PARK

*Where Adventure Meets Peace*

**DESTINATION WEDDINGS || CORPORATE EVENTS || WEEKEND GETAWAYS**

• Luxury Rooms • Premium Cottages • Multi-cusine Restaurant • Swimming Pool
• SPA • Open GYM • Water Park • Boating • Children's Park
• Adventure Activities • Indoor & Outdoor Games




























*Celebrate the magic of Christmas and the joy of New Year with us this holiday season..*

For Bookings | +91 8144584399 / 9237379453 | www.snecoresort.com


SN Eco Resort & Waterpark, Dhirapatana, Dhenkanal |

# ଉଜୁଡ଼ି ଗଲା ଲାଲୁ ପରିବାର

## ରୋହିଣୀଙ୍କ ପରେ ଘର ଛାଡ଼ିଲେ ଆଉ ତିନି ଝିଅ, ଦିଲ୍ଲୀ ପଳାଇଲେ

**ପାଟନା, ୧୬।୧୧ (ଏଜେନ୍ସି):** ବିହାର ବିଧାନସଭା ନିର୍ବାଚନରେ ବଡ଼ ପରାଜୟ ପରେ ଆର୍‌ଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବଙ୍କ ଘରେ ଅଦିନିଆ ଝଡ଼ ଆସିଛି। ପରିବାରର ସଦସ୍ୟଙ୍କ ମଧ୍ୟରେ ମୁହାଁମୁହିଁ ସ୍ଥିତି ସୃଷ୍ଟି ହୋଇଛି। ବଡ଼ ପୁଅ ତେଜପ୍ରତାପ ଯାଦବଙ୍କ ପରେ ଏବେ ବାପାଙ୍କୁ କିଡ୍‌ନୀ ଦେଇଥିବା ଝିଅ ରୋହିଣୀ ଆଚାର୍ଯ୍ୟ ପରିବାର ଏବଂ ପାର୍ଟି ଛାଡ଼ି ପଳାଇଛନ୍ତି। ତାଙ୍କୁ ସମର୍ଥନ କରି ଲାଲୁଙ୍କ ଆଉ ତିନି ଝିଅ ମଧ୍ୟ ଆଜି ପାଟନା ଘର ଛାଡ଼ି ପିଲାମାନଙ୍କୁ ନେଇ ଦିଲ୍ଲୀ ପଳାଇଛନ୍ତି। ଏହି ତିନି ଝିଅ ହେଲେ ରାଜଲକ୍ଷ୍ମୀ, ରାଗିନୀ ଏବଂ ଚନ୍ଦା। ସେମାନେ ମଧ୍ୟ ପରିବାର ସହିତ ସଂପର୍କ ତୁଟାଇବାକୁ ଘୋଷଣା କରିଛନ୍ତି।

ବାହାରର ଦୁଇ ବ୍ୟକ୍ତିଙ୍କ ଯୋଗୁଁ ଏବେ ଜଣଙ୍କ ପରେ ଜଣେ ଆରଜେଡି ଏବଂ ଲାଲୁଙ୍କୁ ଛାଡ଼ି ଚାଲି ଯାଉଛନ୍ତି। ରାଜନୀତି ଏବଂ ପରିବାର ଛାଡ଼ିବାର ଦିନକ ପରେ ରବିବାର ରୋହିଣୀ ସାମାଜିକ ଗଣମାଧ୍ୟମ ପୋଷ୍ଟ ମାଧ୍ୟମରେ ଗୁମର ଖୋଲିଛନ୍ତି। ସେ ତେଜସ୍ୱୀ ଯାଦବ ଏବଂ ସଞ୍ଜୟ ଯାଦବଙ୍କ ବିରୋଧରେ ଗମ୍ଭୀର ଅଭିଯୋଗ ଲଗାଇଛନ୍ତି। ରୋହିଣୀ ଏକ କୋହଭରା ପୋଷ୍ଟରେ କହିଛନ୍ତି ଯେ ମୋତେ ଶ୍ୱଶୁର ଘରଠାରୁ ଅଲଗା କରି ଅନାଥ ବନାଇ ଦିଆଗଲା। କାନ୍ଦି କାନ୍ଦି ଘର ଛାଡ଼ିବାକୁ ପଡ଼ିଲା। ମୋ ଉପରକୁ ମଧ୍ୟ ଚପଲ ଉଠାଗଲା। ଆତ୍ମସମ୍ମାନ ସହ ସାଲିସ ନ କରି ମୁଁ ବାହାରି ଆସିଲି। ଆଉ କେହି ମୋ ଭଳି ଦୁର୍ଦ୍ଦଶା ନଭୋଗନ୍ତୁ। କୌଣସି ଘରେ ମୋ ଭଳି ଭାଇ-ଭଉଣୀ ନ ରୁହନ୍ତୁ। ଏହି ପୋଷ୍ଟ ରୋହିଣୀ କିଡ୍‌ନୀ ଦେଇଥିବାର ଭିଡିଓ ପୋଷ୍ଟ କରିଛନ୍ତି।



**ମୋ ସହିତ ଖରାପ ବ୍ୟବହାର କରାଯାଉଥିଲା: ରୋହିଣୀ**
**ଭଉଣୀଙ୍କ ପ୍ରତି ଅପମାନ ସହିବି ନାହିଁ: ତେଜପ୍ରତାପ**

ଅନ୍ୟ ଏକ ପୋଷ୍ଟରେ ରୋହିଣୀ ଲେଖିଛନ୍ତି ଯେ ଶନିବାର ମତେ ଗାଳିଗୁଲଜ କରାଯାଇଥିଲା। ବାପାଙ୍କୁ ଖରାପ କିଡନୀ ଦେଇ କୋଟି କୋଟି ଟଙ୍କା ଏବଂ ଟିକଟ ନେଇଥିବା କୁହାଯାଇଥିଲା।

ନିର୍ବାଚନରେ ପରାଜୟକୁ ନେଇ ତେଜସ୍ୱୀ ଏବଂ ରୋହିଣୀଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଶନିବାର ଅପରାହ୍ଣରେ ଇଣ୍ଡିଆ ମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଥିବା ତେଜସ୍ୱୀ ପରାଜୟ ପାଇଁ ରୋହିଣୀଙ୍କୁ ଦାୟୀ କରିଥିଲେ। ତେଜସ୍ୱୀ ତାଙ୍କ ଉପରକୁ ଚପଲ ଫୋପାଡ଼ି ଥିଲେ। ଲାଲୁ ପରିବାରର ଏହି ବିବାଦ ପଛରେ ବାହାରର ଦୁଇ ଜଣ ବ୍ୟକ୍ତିଙ୍କ ହାତ ଥିବା କୁହାଯାଉଛି। ସେମାନେ ହେଲେ ତେଜସ୍ୱୀଙ୍କ ଘନିଷ୍ଠ ସଞ୍ଜୟ ଯାଦବ ଏବଂ ରମିଜ ଖାନ। ଉଭୟଙ୍କ ପାଇଁ ଭାଇ ତାଙ୍କୁ ଏଭଳି ବ୍ୟବହାର କଲା ବୋଲି ରୋହିଣୀ ଅଭିଯୋଗ କରିଛନ୍ତି। ଆଜି ମୁମ୍ବାଇ ଯିବା ସମୟରେ ରୋହିଣୀ କହିଛନ୍ତି, ସେ ତାଙ୍କର ସଂପର୍କ କେବଳ ତେଜସ୍ୱୀଙ୍କ ସହ ତୁଟାଇଛନ୍ତି। ବାପା ମାଆ ଏବଂ ଅନ୍ୟ ଭାଇ ଭଉଣୀ ତାଙ୍କ ସହିତ ଅଛନ୍ତି ବୋଲି ସେ କହିଛନ୍ତି। ଏହି ବିବାଦ ଉପରେ ସେ ଅଧିକ କିଛି କହିବାକୁ ମନା କରିଦେଇଥିଲେ।

ଇତିମଧ୍ୟରେ ଏହି ବିବାଦକୁ ନେଇ ମୁହଁ ।।ଖୋଲିଛନ୍ତି ଲାଲୁଙ୍କ ବଡ଼ ପୁଅ ତେଜପ୍ରତାପ। ସେ କହିଛନ୍ତି ଯେ ତାଙ୍କ ପ୍ରତି ହୋଇଥିବା ଅନ୍ୟାୟକୁ ସେ ସହିଛନ୍ତି। କିନ୍ତୁ ତାଙ୍କ ଭଉଣୀ ରୋହିଣୀଙ୍କ ପ୍ରତି ହୋଇଥିବା ଅପମାନକୁ ସେ ଆଦୌ ସହିବେ ନାହିଁ। ବାହାର ଲୋକଙ୍କ ପାଇଁ ତାଙ୍କ ଘରେ ଝଗଡ଼ା ହେଉଛି ଏବଂ ଏହା ଗ୍ରହଣୀୟ ନୁହେଁ। ବାପା (ଲାଲୁ)ଙ୍କ ଇସାରା ମିଳିବା ମାତ୍ରେ ରାଜ୍ୟବାସୀ ଏହି ବାହାର ଲୋକଙ୍କୁ ସାବାଡ଼ କରିଦେବେ। ସୂଚନାଯୋଗ୍ୟ ଯେ ନିର୍ବାଚନ ପୂର୍ବରୁ ଲାଲୁ ତାଙ୍କ ପରିବାର ଓ ଦଳରୁ ତେଜ ପ୍ରତାପଙ୍କୁ ବହିଷ୍କାର କରିଥିଲେ। ଅନ୍ୟ ଜଣେ ମହିଳାଙ୍କ ସହ ସଂପର୍କ ପାଇଁ ତେଜ ପ୍ରତାପଙ୍କୁ ବିଦା କରାଯାଇଥିଲା। ଏହାପରେ ତେଜ ପ୍ରତାପ ନୂଆ ଦଳ ଗଠନ କରି ଆରଜେଡି ବିରୋଧରେ ପ୍ରାର୍ଥୀ ଦେଇଥିଲେ। କିନ୍ତୁ ସମସ୍ତେ ହାରିଯାଇଥିଲେ।

# ବିବାହର କିଛି ଘଣ୍ଟା ପୂର୍ବରୁ କନ୍ୟାକୁ ହତ୍ୟା କଲା ବର

**ଭାବନଗର,୧୬ ।୧୧(ଏଜେନ୍ସି):** ଗୁଜରାଟର ଭାବନଗରରେ ବିଚଳିତ କଲା ଭଳି ଏକ ଘଟଣା ସାମ୍ନାକୁ ଆସିଛି। ବିବାହର କିଛି ଘଣ୍ଟା ପୂର୍ବରୁ ଜଣେ ବର ତାଙ୍କର କନ୍ୟା ତଥା ଭାବି ପତ୍ନୀଙ୍କୁ ହତ୍ୟା କରିଛନ୍ତି। ହଳଦୀ ସମାରୋହର ଗୋଟିଏ ଦିନ ପରେ ସୋନୀ ରାଠୋରଙ୍କୁ ହତ୍ୟା କରାଯାଇଥିଲା। ବର ସାଜନ ବରେୟାଙ୍କୁ ପୁଲିସ ମୁଖ୍ୟ ଅଭିଯୁକ୍ତ ବୋଲି କହିଛି। ସୋନୀ ଓ ସାଜନ ଗତ ଦେଢ଼ବର୍ଷ ହେବ ସାଥି ହୋଇ ଏକାଠି ରହୁଥିଲେ। ଦୁହିଙ୍କର ନିର୍ବନ୍ଧ ହୋଇସାରିଥିଲା। ବିବାହର ସବୁ ପରମ୍ପରା ପାଳନ ହୋଇ ସାରିଥିଲା। ଶନିବାର ରାତିରେ ସେମାନେ ବାହା ହୋଇଥାନ୍ତେ। ତେବେ ଏହାପୂର୍ବରୁ ସବୁ କିଛି ଶେଷ ହୋଇଛି। ସାଢ଼ି ଓ ଟଙ୍କା ପଇସାକୁ ନେଇ ଦୁହିଁଙ୍କ ମଧ୍ୟରେ ଯୁକ୍ତିତର୍କ ହୋଇଥିଲା।



ଏଥିରେ ଉତ୍‌କ୍ଷିପ୍ତ ହୋଇ ସାଜନ ଏକ ଲୁହା ପାଇପ୍‌ରେ ସୋନୀଙ୍କୁ ବାଡେଇଥିଲେ ଓ ସୋନୀଙ୍କ ମୁଣ୍ଡକୁ କାନ୍ଥରେ ପିଟିଥିଲେ। ଫଳରେ ସୋନୀ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିଲେ ବୋଲି ପୁଲିସ କହିଛି। ଫେରାର ହେବା ପୂର୍ବରୁ ସାଜନ ଘରେ ଭଙ୍ଗାରୁଜା ମଧ୍ୟ କରିଥିଲା। ସୂଚନା ପାଇବା ମାତ୍ରେ ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ସୋନୀଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ସାଜନ ଶନିବାର ପଡୋଶୀଙ୍କ ସହ ମଧ୍ୟ ଝଗଡ଼ା କରିଥିଲା ବୋଲି ପୁଲିସ କହିଛି। ସାଜନକୁ ଧରିବା ପାଇଁ ପୁଲିସ ଏକାଧିକ ଟିମ୍ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଛି।

### ପାକିସ୍ତାନରେ ସମ୍ବିଧାନ ସଂଶୋଧନକୁ ବିରୋଧ

# ସୁପ୍ରିମକୋର୍ଟ ପରେ ଲାହୋର ହାଇକୋର୍ଟ ଜଜ୍‌ଙ୍କ ଇସ୍ତଫା

**ଇସ୍‌ଲାମାବାଦ,୧୬ ।୧୧(ଏଜେନ୍ସି):** ପାକିସ୍ତାନରେ ସମ୍ବିଧାନ ସଂଶୋଧନକୁ ବିରୋଧ କରି ଲାହୋର ହାଇକୋର୍ଟର ଜଣେ ବରିଷ୍ଠ ବିଚାରପତି ଇସ୍ତଫା ଦେଇଛନ୍ତି। ଫଳରେ ନ୍ୟାୟ ପାଳିକା ଉପରେ ସଙ୍କଟ ଆହୁରି ବୃଦ୍ଧି ପାଇଛି। ଲାହୋର ହାଇକୋର୍ଟର ଜଜ୍ ଜଷ୍ଟିସ ଶମ୍ସ ମେହମୁଦ ମିର୍ଜା ଇସ୍ତଫା ଦେଇଛନ୍ତି। ସେ ପ୍ରଥମ ଜଜ୍ ଭାବେ ହାଇକୋର୍ଟରୁ ଇସ୍ତଫା ଦେଇଛନ୍ତି। ମିର୍ଜା ୨୦୨୮ ମାର୍ଚ୍ଚ ୬ରେ ଅବସର ନେଇଥାନ୍ତେ। ସେ ଇମ୍ରାନ ଖାନ୍‌ଙ୍କ ପାର୍ଟି ପିଟିଆଇର ବରିଷ୍ଠ ନେତା ସଲମାନ ଆକ୍ରାମ ରାଜାଙ୍କ ଶାଳକ। ଏହା ପୂର୍ବରୁ ନଭେମ୍ବର ୧୩ରେ ସୁପ୍ରିମକୋର୍ଟର ଦୁଇଜଣ ବରିଷ୍ଠ ବିଚାରପତି ସୟଦ ମନସୁର ଅଲି ଶାହ ଓ ଜଷ୍ଟିସ ଅତର ମିନଲ୍ଲାହ ମଧ୍ୟ ସମାନ କାରଣ ଯୋଗୁ ଇସ୍ତଫା ଦେଇଥିଲେ। ୨୭ତମ ସମ୍ବିଧାନ ସଂଶୋଧନକୁ ସମ୍ବିଧାନ ଓ ନ୍ୟାୟପାଳିକା ଉପରେ ଆକ୍ରମଣ ସଦୃଶ ବୋଲି ସେମାନ କହିଥିଲେ। ଏହି ସଂଶୋଧନ ସୁପ୍ରିମକୋର୍ଟକୁ ଶେଷ କରୁଛି ଓ ସରକାର ସ୍ୱାଧୀନତାକୁ ବିପଦରେ ପକାଇଛି ବୋଲି ଜଷ୍ଟିସ ମନସୁର ଅଲି କହିଛନ୍ତି। ନ୍ୟାୟପାଳିକାକୁ ସରକାର ନିଜ ନିୟନ୍ତ୍ରଣକୁ ନେଉଛନ୍ତି ଓ ଏହା ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି କରିଛି। ଫେଡେରାଲ କନ୍‌ଷ୍ଟିଟୁସନାଲ କୋର୍ଟ (ଏଫ୍‌ସିସି) ସୁପ୍ରିମକୋର୍ଟଙ୍କୁ ଦେଶର ଦେଶର ସବୁଠୁ ଉଚ୍ଚତମ ନ୍ୟାୟଳୟ ପଦରୁ ହଟାଇ ଦେଇଛି ବୋଲି ଇସ୍ତଫା ଦେଇଥିବା ଜଜ୍‌ମାନେ କହିଛନ୍ତି।

# ବିହାର ନିର୍ବାଚନରେ ବଣ୍ଟା ହୋଇଛି ବିଶ୍ୱ ବ୍ୟାଙ୍କ ଋଣ: ପ୍ରଶାନ୍ତ କିଶୋର

**ପାଟନା, ୧୬।୧୧ (ଏଜେନ୍ସି):** ନିର୍ବାଚନ ରଣନୀତିକାର ପ୍ରଶାନ୍ତ କିଶୋରଙ୍କ ଜନସୁରାଜ ପାର୍ଟି ପକ୍ଷରୁ ବଡ଼ ଅଭିଯୋଗ କରାଯାଇଛି। ବିଶ୍ୱ ବ୍ୟାଙ୍କ ଦେଇଥିବା ୧୪ ହଜାର କୋଟି ଟଙ୍କାର ଋଣକୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ନେତୃତ୍ୱାଧୀନ ସରକାର ବିଧାନସଭା ନିର୍ବାଚନରେ ଖର୍ଚ୍ଚ କରିଥିବା କୁହାଯାଇଛି। ନିର୍ବାଚନରେ ଗୋଟିଏ ହେଲେ ବି ଆସନ ଜିତିପାରି ନ ଥିବା ଜନସୁରାଜ ପକ୍ଷରୁ ସାମ୍ବାଦିକ ସମ୍ମିଳନୀ କରି କୁହାଯାଇଛି ଯେ ଋଣ ଅର୍ଥକୁ ମାଗଣା ବାଣ୍ଟିବା ପାଇଁ ବ୍ୟବହାର କରାଯାଇଥିଲା। ଗତ ଜୁନ୍ ମାସରୁ ନିର୍ବାଚନ ଘୋଷଣା ହେବା ପର୍ଯ୍ୟନ୍ତ ୪୦ ହଜାର କୋଟି ଟଙ୍କା ବଣ୍ଟା ଯାଇଛି। ଏହି ଟଙ୍କା ବ୍ୟବହାର କରି ନୀତୀଶ କୁମାରଙ୍କ ସରକାର ଭୋଟ କିଣିଛନ୍ତି। ଲୋକଙ୍କ ଟଙ୍କାରେ ଭୋଟ କିଣାଯାଇଛି। ଏହି ପରିମାଣ କଳ୍ପନାଠାରୁ ବାହାରେ ଥିଲା। ବିଶ୍ୱ ବ୍ୟାଙ୍କ ଦେଇଥିବା ୧୪ ହଜାର କୋଟି ଟଙ୍କାର ଋଣକୁ ବି ଛଡ଼ା ଯାଇ ନ ଥିଲା। ଠିକ୍ ନିର୍ବାଚନ ପୂର୍ବରୁ ଏହି ଅର୍ଥରେ ମହିଳାଙ୍କ ବ୍ୟାଙ୍କ ଖାତାକୁ ୧୦ ହଜାର ଟଙ୍କା ଲେଖାଏଁ ଦିଆ ଯାଇଥିଲା।

**● ୧୪୦୦୦ କୋଟି ଟଙ୍କା ମିଳିଥିଲା: ଏହି ଟଙ୍କା ମହିଳାଙ୍କୁ ଦିଆଯାଇଥିଲା**
**● ମତଦାନର ପୂର୍ବ ଦିନ ପର୍ଯ୍ୟନ୍ତ ମହିଳାଙ୍କ ଖାତାକୁ ଯାଉଥିଲା ଟଙ୍କା**



ଜନସୁରାଜର ଜାତୀୟ ଅଧ୍ୟକ୍ଷ ଉଦୟ ସିଂହ କହିଥିଲେ ଯେ ପ୍ରଥମ ଥର ପାଇଁ ବିହାରରେ ମତଦାନ ହେବାର ଦିନେ ପୂର୍ବରୁ ବି ମହିଳାଙ୍କ ଖାତାକୁ ଟଙ୍କା ଯାଇଥିଲା। ନିର୍ବାଚନ ଆଚରଣ ବିଧି ଲାଗିଥିବା ସତ୍ତ୍ୱେ ଏପରି କରାଯାଇଥିଲା। ଅତି କଷ୍ଟରେ ଜୀବନଯାପନ କରୁଥିବା ମହିଳାଙ୍କ ଭୋଟ ହାତେଇବା ପାଇଁ ଏହି ଟଙ୍କା ଯଥେଷ୍ଟ ଥିଲା। ଯଦି ଲୋକଙ୍କ ଟଙ୍କାକୁ ଭୋଟ କିଣିବା ପାଇଁ ବ୍ୟବହାର କରାଯାଇ ନ ଥାଆନ୍ତା ତେବେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ପୁଣି କ୍ଷମତାକୁ ଆସି ନ ଥାଆନ୍ତା। ଜନସୁରାଜ ବୃଦ୍ଧବୃଦ୍ଧାଙ୍କୁ ମାସକୁ ୨ ହଜାର ଟଙ୍କା ଭତ୍ତା ଦେବାକୁ ଘୋଷଣା କରିଥିଲା। କିନ୍ତୁ ପରେ ବିଜେପି ଏହାକୁ ୭୦୦ରୁ ବଢ଼ାଇ ୧୧୦୦ କରିଦେଲା।

ଜନସୁରାଜ ନେତା ପବନ ବର୍ମା କହିଛନ୍ତି ଯେ ଏବେ ବିହାର ଉପରେ ୪, ୦୬, ୦୦୦ କୋଟି ଟଙ୍କାର ଋଣ ରହିଛି। ଏଥିପାଇଁ ଦିନକୁ ୬୩ କୋଟି ଟଙ୍କାର ସୁଧ ଦିଆଯାଉଛି। ଟ୍ରେଜେରି ଖାଲି ଥିବାବେଳେ ମହିଳାଙ୍କୁ ୧୦ ହଜାର ଲେଖାଏଁ ଦିଆଯାଉଛି। ବିଶ୍ୱ ବ୍ୟାଙ୍କ ଦେଇଥିବା ୨୧ ହଜାର କୋଟିର ଋଣରୁ ୧୪ ହଜାର କୋଟି ନେଇ ୧.୨୫ କୋଟି ମହିଳାଙ୍କୁ ଟଙ୍କା ଦିଆଯାଇଛି। ଏହା ଅନୁଚିତ ବୋଲି ସେ କହିଛନ୍ତି। ଏହା ସହିତ ନିର୍ବାଚନ କମିଶନଙ୍କ ନିରବତାକୁ ନେଇ ସେ ପ୍ରଶ୍ନ ଉଠାଇଛନ୍ତି।

# ମେକ୍ସିକୋରେ ମାତିଲେ ଜେନ୍ ଜେଡ୍

**ମେକ୍ସିକୋ, ୧୬।୧୧ (ଏଜେନ୍ସି):** ଶ୍ରୀଲଙ୍କା, ବାଂଲାଦେଶ, ନେପାଳ ପରେ ଏବେ ଆଉ ଏକ ଦେଶରେ ଜେନ୍-ଜେଡ୍ ଆନ୍ଦୋଳନ ଆରମ୍ଭ ହୋଇଛି। ମେକ୍ସିକୋରେ ଶନିବାର ହଜାର ହଜାର ଯୁବଗୋଷ୍ଠୀ ସରକାରଙ୍କ ବିରୋଧରେ ରାସ୍ତାକୁ ଓହ୍ଲାଇଛନ୍ତି। ବର୍ଦ୍ଧିତ ଅପରାଧ, ଦୁର୍ନୀତି, ହିଂସା, ସାର୍ବଜନୀନ ହତ୍ୟା ଏବଂ ସୁରକ୍ଷା ବ୍ୟବସ୍ଥା ଭୁଶୁଡ଼ିଯିବାକୁ ନେଇ ଜେନ-ଜେଡ୍ ଉଗ୍ର ବିକ୍ଷୋଭ କରିଛନ୍ତି। ସାର୍ବଜନୀନ ସ୍ଥାନରେ ମେୟରକୁ ହତ୍ୟା ପରେ ଏହା ଉଗ୍ର ହୋଇ ଉଠିଥିଲା। ପଶ୍ଚିମ ରାଜ୍ୟର ମିଚୋଆକେନରେ ନଭେମ୍ବର ୧ରେ ଅରୁଅପନର ମେୟର କାର୍ଲୋସ ମଞ୍ଜୋଙ୍କୁ ଏକ କାର୍ଯ୍ୟକ୍ରମରେ ଗୁଳି କରି ହତ୍ୟା କରାଯାଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଜେନ୍-ଜେଡ୍ ଗୋଷ୍ଠୀ ରାଷ୍ଟ୍ରପତିଙ୍କ ସରକାରୀ ବାସଭବନର କାନ୍ଥ ଭାଙ୍ଗି ଦେଇଛି। ବିକ୍ଷୋଭକାରୀ ପୁଲିସ ଉପରକୁ ପଥର, ହାତୁଡି, ବାଣ, ଠେଙ୍ଗାବାଡ଼ି ଏବଂ ଶିକୁଳିରେ ଆକ୍ରମଣ କରିଛନ୍ତି। ଏହାକୁ ରୋକିବା ପାଇଁ ପୁଲିସ ଲୁହବୁହା ଗ୍ୟାସ୍ ମାଡ଼ କରିଛି। ଏଥିରେ ୧୦୦ ପୁଲିସ ଅଧିକାରୀଙ୍କ ସମେତ ୧୨୦ ଜଣ ଆହତ ହୋଇଛନ୍ତି। ଏହି ମାମଲାରେ ୨୦ ଜଣଙ୍କୁ ଗିରଫ କରାଯାଇଛି।

**ମେୟରଙ୍କ ମୃତ୍ୟୁକୁ ନେଇ କ୍ଷୁବ୍ଧ ଯୁବଗୋଷ୍ଠୀ**
**ରାଷ୍ଟ୍ରପତି ଭବନର କାନ୍ଥ ଭାଙ୍ଗିଦେଲେ**
**ପୁଲିସ ଉପରେ ହାତୁଡି, ଠେଙ୍ଗାରେ ଆକ୍ରମଣ**

ଚଳିତ ବର୍ଷ ଅନେକ ଦେଶରେ ଯୁବ ଗୋଷ୍ଠୀ ଆନ୍ଦୋଳନ କଲେଣି। ଅସମାନତା, ଗଣତାନ୍ତ୍ରିକ ମୂଲ୍ୟବୋଧ ହ୍ରାସ, ଦୁର୍ନୀତି ବିରୋଧରେ ଯୁବଗୋଷ୍ଠୀ ରାସ୍ତାକୁ ଓହ୍ଲାଇଛନ୍ତି। ଗତ ସେପ୍ଟେମ୍ବରରେ ଜେନ୍-ଜେଡ୍ ଗୋଷ୍ଠୀ ନେପାଳ ସରକାରକୁ ଭୁଶୁଡ଼ାଇ ଦେଇଥିଲେ। ଏବେ ଦୁର୍ନୀତି ଏବଂ ଅପରାଧକୁ ନେଇ ଚିନ୍ତିତ ମେକ୍ସିକୋ ଯୁବୋ ଗୋଷ୍ଠୀ ରାସ୍ତାକୁ ବାହାରିଛନ୍ତି। ୨୯ ବର୍ଷୀୟ ବ୍ୟବସାୟିକ କନସୋଲଟାଣ୍ଟ ଆଣ୍ଡ୍ରେସ ମାସା କହିଛନ୍ତି ଯେ ଆମକୁ ଅଧିକ ସୁରକ୍ଷା ଦରକାର। କେବଳ ଯୁବ ଗୋଷ୍ଠୀ ନୁହେଁ, ବୟସ୍କ ଏବଂ ୪୦ରୁ ୫୦ ବର୍ଷୀୟ ବ୍ୟକ୍ତି ମଧ୍ୟ ଆନ୍ଦୋଳନରେ ସାମିଲ ଅଛନ୍ତି। ଅନ୍ୟ ଜଣେ ଆନ୍ଦୋଳନକାରୀ ୪୩ ବର୍ଷୀୟ ଡାକ୍ତର ଏରିଜବେଥ ଗାର୍ସିଆ କହିଛନ୍ତି ଯେ ସାର୍ବଜନୀନ ସ୍ୱାସ୍ଥ୍ୟ ସେବା ପାଇଁ ଆମେ ଅଧିକ ପାଣ୍ଠି ଚାହୁଁଛୁ। କିନ୍ତୁ ସୁରକ୍ଷା ସବୁଠୁ ବଡ଼ ସମସ୍ୟା ହୋଇ ରହିଛି। ଏବେ ଡାକ୍ତର ବି ଅସୁରକ୍ଷିତ। ଏଠାରେ ଅନେକ ଲୋକଙ୍କ ଜୀବନ ଯାଉଛି।

କିଛିଦିନ ହେଲା ମେକ୍ସିକୋରେ ଘଟିଥିବା ହାଇପ୍ରୋଫାଇଲ ହତ୍ୟାକାଣ୍ଡକୁ ନେଇ ରାଷ୍ଟ୍ରପତି କ୍ଲାଉଡିଆ ସିନବାମ ଜନତାଙ୍କ ଆକ୍ରୋଶର ଶିକାର ହୋଇଥିଲେ। ଏହି ବିକ୍ଷୋଭର କିଛି ଦିନ ପୂର୍ବରୁ ଦକ୍ଷିଣପନ୍ଥୀ ବିରୋଧୀ ଦଳ ବିରୋଧରେ ରାଷ୍ଟ୍ରପତି ଗମ୍ଭୀର ଅଭିଯୋଗ ଲଗାଇ ଥିଲେ। ଏହି ଦଳ ଜେନ-ଜେଡ୍‌କୁ ସମର୍ଥନ ଦେଉଛି। ସାମାଜିକ ଗଣମାଧ୍ୟମକୁ ବ୍ୟବହାର କରି ବିକ୍ଷୋଭକୁ ବଡ଼ ଆକାର ଦେବାକୁ ପ୍ରୟାସ କରୁଛନ୍ତି। ଏହି ବିକ୍ଷୋଭରେ ଜାପାନୀ କମିକ୍ସ 'ୱାନ ପିସ'ର ଚରିତ୍ର ଲୁଫି ଯୁବ ଗୋଷ୍ଠୀଙ୍କ ସଙ୍କେତ ପାଲଟିଛି। ଜେନ-ଜେଡ୍ ଗୋଷ୍ଠୀ ହାତରେ ଖପୁରୀ ଚିତ୍ର ଥିବା ଟୋପି ପିନ୍ଧୁଛନ୍ତି। ଏହା ଲୁଫିର ପରିଚୟ ପାଲଟିଛି।

## ଜମ୍ମୁ-କାଶ୍ମୀରରେ କାର୍- ଡମ୍ଫର ଧକ୍କା ୪ ମୃତ; ୫ ଆହତ

**ବଡ଼ଗାଁଓ,୧୬ ।୧୧(ଏଜେନ୍ସି):** ଜମ୍ମୁ-କାଶ୍ମୀର ବଡ଼ଗାଁଓ ଜିଲ୍ଲାରେ ଶନିବାର ବିଳମ୍ବିତ ରାତିରେ ଏକ ଏସ୍‌ୟୁଭି କାର୍ ଓ ଡମ୍ଫର ଟ୍ରକ୍ ମଧ୍ୟରେ ଧକ୍କା ହୋଇଥିଲା। ଏଥିରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଅନ୍ୟ ୫ ଜଣ ଆହତ ହୋଇଛନ୍ତି। ଦୁର୍ଘଟଣା ପରେ ୯ ଜଣଙ୍କୁ ହସ୍ପିଟାଲ ନିଆଯାଇଥିଲା। ଏମାନଙ୍କ ମଧ୍ୟରୁ ୪ ଜଣଙ୍କୁ ମୃତ ଘୋଷିତ କରାଯାଇଥିଲା ବୋଲି ପୁଲିସ କହିଛି। ଦୁର୍ଘଟଣା ବଡ଼ଗାଁଓର ରିଙ୍ଗରୋଡ୍‌ରେ ଘଟିଥିଲା। ସୂଚନା ମିଳିବା ମାତ୍ରେ ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ଏବେ ମଧ୍ୟ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ପୁଲିସ ଏହି ଘଟଣାରେ ମାମଲା ରୁଜୁ କରିଛି। ଦୁର୍ଘଟଣା ପାଇଁ ଜମ୍ମୁ-କଶ୍ମୀର ମୁଖମନ୍ତ୍ରୀ ଉମର ଅବଦୁଲ୍ଲା ଦୁଃଖ ପ୍ରକାଶ କରିଛନ୍ତି। ପୀଡିତଙ୍କ ସବୁ ପ୍ରକାର ସହାୟତା ପ୍ରଦାନ କରିବାକୁ ସେ ପ୍ରଶାସନକୁ ନିର୍ଦ୍ଦେଶ ଦେଇଛନ୍ତି। ଦୁର୍ଘଟଣାର କାରଣ ଜାଣିବା ପାଇଁ ସେ ଠିକ୍ ଭାବେ ଯାଞ୍ଚ କରିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଛନ୍ତି।

# ଫାରୁକ୍ ଅବଦୁଲ୍ଲା-ଶଶୀ ଥରୁର ମୁହାଁମୁହିଁ

**ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି):** କଂଗ୍ରେସ ସାଂସଦ ଶଶୀ ଥରୁର ବଡ଼ ଟିପ୍ପଣୀ ଦେଇଛନ୍ତି। ସେ ରବିବାର କହିଛନ୍ତି ଯେ ଆତଙ୍କବାଦ ୧୯୮୦-୯୦ରେ କଶ୍ମୀରରେ ଆରମ୍ଭ ହୋଇଥିଲା। ଏହା ଧିରେ ଧିରେ ମୁମ୍ବଇ, ପୁନେ, ଦିଲ୍ଲୀ ପର୍ଯ୍ୟନ୍ତ ବ୍ୟାପିଗଲା। ଗତ ୩୦ ବର୍ଷ ହେଲା ଭାରତ ଆତଙ୍କବାଦ ସମସ୍ୟାର ମୁକାବିଲା କରୁଛି। ଏବେ ଏହା ଉପରେ କଠୋର ଏବଂ ପ୍ରଭାବୀ କାର୍ଯ୍ୟାନୁଷ୍ଠାନ ନେବାର ଆବଶ୍ୟକତା ରହିଛି। ପ୍ରତ୍ୟେକ ଆତଙ୍କବାଦୀ ଘଟଣାରେ ଦୁଇଟ ଦିଗକୁ ଧ୍ୟାନ ଦେବା ଜରୁରୀ। କିଏ ଏହି ଆକ୍ରମଣ କରିଛି ଏବଂ ଯେପରି ପୁଣି ଆକ୍ରମଣ ହେବ ନାହିଁ ତାହାର ବ୍ୟବସ୍ଥା କରିବା ଆବଶ୍ୟକ। ସବୁ ପ୍ରସଙ୍ଗକୁ ଯୁଦ୍ଧ ଏବଂ ଶାନ୍ତିର ଚଷମାରେ ଦେଖିବା ଅନୁଚିତ। ଆତଙ୍କବାଦ ବିରୋଧରେ ଦୃଢ଼ତାର ସହ କାର୍ଯ୍ୟାନୁଷ୍ଠାନ ନେବା ଆବଶ୍ୟକ। କିନ୍ତୁ ଦେଶର ବିକାଶ ଲକ୍ଷ୍ୟକୁ ମଧ୍ୟ ଅଣଦେଖା କରିବା ଅନୁଚିତ। ଦିଲ୍ଲୀ ବିସ୍ଫୋରଣକୁ ନେଇ ଜମ୍ମୁ-କଶ୍ମୀରର ପୂର୍ବତନ ମୁଖ୍ୟ ଫାରୁକ ଅବଦୁଲ୍ଲା ଦେଇଥିବା ମନ୍ତବ୍ୟ ପରେ ଥରୁର ଏହି ଟିପ୍ପଣୀ ଦେଇଛନ୍ତି। ଫାରୁକ କହିଥିଲେ ଯେ ପ୍ରତ୍ୟେକ କାଶ୍ମୀରୀ ଉପରେ ଅଙ୍ଗୁଳି ଉଠାଯାଉଛି। କେବେ ଆମକୁ ହିନ୍ଦୁସ୍ତାନୀ ବୋଲି ମାନିବେ? ଏହି ସମୟ କେବେ ଆସିବ? ଆମ ଏଥିପାଇଁ ଦାୟୀ ନୁହେଁ। ଯିଏ ଦାୟୀଙ୍କୁ ତାଙ୍କୁ ପ୍ରଶ୍ନ କରାଯାଉ। ଡାକ୍ତରମାନଙ୍କୁ ଏହି ରାସ୍ତା କାହିଁକି ଆପଣାଇବାକୁ ପଡ଼ିଲା ପଚରାଯାଉ। ଏହାର ଗଭୀର ଯାଞ୍ଚ ଏବଂ ଅଧ୍ୟୟନ ଜରୁରୀ। ଫାରୁକ ପୁଣି ପାକିସ୍ତାନ ସହ ସମ୍ପର୍କ ସୁଧାରିବାକୁ ପରାମର୍ଶ ଦେଇଛନ୍ତି। ପଡ଼ୋଶୀ ସହ ଭଲ ସମ୍ପର୍କ ରହିଲେ ଭଲରେ ରହିବେ, ନଚେତ ବିକାଶ ଅଟକି ଯିବ। ସେହିପରି 'ଅପରେସନ ସିନ୍ଦୂର'ର କୌଣସି ପ୍ରଭାବ ପଡ଼ି ନାହିଁ ବୋଲି ସେ କହିଛନ୍ତି।

# ମଧ୍ୟପ୍ରଦେଶ, ରାଜସ୍ଥାନରେ ଭୟଙ୍କର ଦୁର୍ଘଟଣା, ଗଲା ୧୧ ଜୀବନ

**ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି):** ମଧ୍ୟପ୍ରଦେଶ ଏବଂ ରାଜସ୍ଥାନରେ ରବିବାର ସକାଳେ ଦୁଇ ଦୁଇଟି ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୧୧ ଜଣ ପ୍ରାଣ ହରାଇଥିବାବେଳେ ୧୨ ଜଣ ଆହତ ହୋଇଛନ୍ତି। ସୂଚନା ଅନୁଯାୟୀ, ମଧ୍ୟପ୍ରଦେଶ ଗ୍ୱାଲିୟର-ଝାନ୍‌ସୀ ରାସ୍ତାରେ ଆଜି ବଡ଼ି ଭୋରରେ ଦ୍ରୁତଗତିରେ ଆସୁଥିବା ଏକ ଫର୍ଚ୍ୟୁନର କାର୍ ବାଲି ନେଇଆସୁଥିବା ଟ୍ରାକ୍ଟର-ଟ୍ରଲିକୁ ପଛ ପଟୁ ଧକ୍କା ଦେଇଥିଲା। ଏହା ଏତେ ଭୟାବହ ଥିଲା ଯେ ଘଟଣାସ୍ଥଳରେ ଫର୍ଚ୍ୟୁନରରେ ଯାତ୍ରା କରୁଥିବା ୫ ଜଣଙ୍କ ମୃତ୍ୟୁ ହୋଇଥିଲା। ଏହା ଟ୍ରଲିର ତଳେ ପଶି ଯାଇଥିଲା। ତେଣୁ କୌଣସି ଯାତ୍ରୀଙ୍କ ଜୀବନ ବଞ୍ଚି ପାରି ନ ଥିଲା। ଗାଡ଼ିକୁ କଟରରେ କାଟି ମୃତଦେହ ବାହାର କରାଯାଇଥିଲା। ସମସ୍ତ ମୃତକ ଗ୍ୱାଲିୟରର ବାସିନ୍ଦା। ଫର୍ଚ୍ୟୁନରଟି ଉତ୍ତର ପ୍ରଦେଶର ଝାନ୍‌ସୀର ଏକ କାର୍ଯ୍ୟକ୍ରମରେ ସାମିଲ ହୋଇ ଗ୍ୱାଲିୟର ଫେରୁଥିଲା। ରାସ୍ତାର ଏକ ବୁଲାଣିରେ ଏହା ନିୟନ୍ତ୍ରଣ ହରାଇ ଥିଲା। ଅନ୍ୟପକ୍ଷରେ ରାଜସ୍ଥାନର ଯୋଧପୁର-ଜୈସାଲମେର ଏନ୍‌ଏଚରେ ଏକ୍ ମିଳେଟ ବୋଝେଇ ଟ୍ରକ ବିପରୀତ ଦିଗରୁ ଆସି ଟେମ୍ପୋକୁ ଧକ୍କା ଦେଇଛି।

**■ ଗ୍ୱାଲିୟରରେ ଟ୍ରଲିରେ ପଶିଲା ଫର୍ଚ୍ୟୁନର; ୫ ମୃତ**
**■ ରାଜସ୍ଥାନରେ ଟେମ୍ପୋକୁ ଧକ୍କାଦେଲା ଟ୍ରକ; ୬ ମୃତ**

# ଆତ୍ମଘାତୀ ଖୋଜୁଥିଲେ ଆତଙ୍କବାଦୀ

**ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି):** ଆତଙ୍କବାଦୀ ଡ. ଉମର ନବି ସହ ସମ୍ପର୍କରେ ରଖିଥିବା କିଛି ଲୋକଙ୍କୁ ଜମ୍ମୁ-କଶ୍ମୀର ପୁଲିସ ଗିରଫ କରିଛି। ସେମାନେ କହିଛନ୍ତି ଯେ ଏହି ଡାକ୍ତରମାନେ ଗତ ବର୍ଷ ଜଣେ ଆତ୍ମଘାତୀ ଖୋଜୁଥିଲେ। ଡ.ଉମରକୁ ଏହି ଦାୟିତ୍ୱ ଦିଆଯାଇଥିଲା। ସେ ୨୦୨୩ ଅକ୍ଟୋବରରେ କାଜିଗୁଣ୍ଡର ଜସିର ଓରଫ ଦାନିଶ ସହ ଯୋଗାଯୋଗ କରିଥିଲା। ପରେ ତାକୁ ଫରିଦାବାଦର ଅଲ-ଫଲାହ ବିଶ୍ୱବିଦ୍ୟାଳୟକୁ ଅଣା ଯାଇଥିଲା। ଏଠାରେ ଭଡ଼ା ଘରେ ତାକୁ ରଖା ଯାଇଥିଲା। ସେ ଓଭରଗ୍ରାଉଣ୍ଡ ୱାର୍କର ହେଉ ବୋଲି ସମସ୍ତେ ଚାହୁଁଥିଲେ। ଏଥିପାଇଁ ଉମର ଅନେକ ମାସ ପର୍ଯ୍ୟନ୍ତ ତାର ମାଇଣ୍ଡ ୱାସ କରିଥିଲା। ଆତ୍ମଘାତୀ ପାଇଁ ରାଜି କରାଇବାକୁ ଚାହିଁଥିଲା। କିନ୍ତୁ ଘରର ଆର୍ଥିକ ସ୍ଥିତି ଖରାପ ଥିବାରୁ ଏବଂ ଇସ୍‌ଲାମରେ ଆତ୍ମହତ୍ୟା ହାରାମ କହି ଦାନିଶ ଆତ୍ମଘାତୀ ହେବାକୁ ମନା କରିଦେଇଥିଲା। ଲାଲକିଲ୍ଲା ବିସ୍ଫୋରଣର ଅନ୍ୟତମ ଅଭିଯୁକ୍ତ ଡ. ସାହିନ ସୈୟିଦକୁ ନେଇ ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି। ସେ ୧୦ ବର୍ଷ ହେଲା ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦ (ଜେଇଏମ) ସହ ଜଡ଼ିତ ଥିଲା। ଏନ୍‌ଆଇଏର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି ଯେ ସାହିନ ୨୦୧୫ରେ ଜୈସରେ ସାମିଲ ହୋଇଥିଲା। ୨୦୨୧ରେ ସାହିନ ଚାକିରି ଛାଡ଼ିବାରୁ ସ୍ୱାମୀ ଅଟକାଇ ଥିଲେ। ଏହାର ଉତ୍ତରରେ ସେ କହିଥିଲା ଯେ ପରିବାର ଏବଂ ଚାକିରିରେ କିଛି ନାହିଁ। ନିଜ ପାଇଁ ବହୁତ ଜିଇଁଲି। ଏବେ ନିଜ ସମ୍ପ୍ରଦାୟର ଲୋକଙ୍କ ଋଣ ସୁଝିବାର ସମୟ ଆସିଛି। ସେହିପରି ଆତଙ୍କବାଦୀ ଡାକ୍ତର ଉମର, ମୁଜାମ୍ମିଲ ଏବଂ ସାହିନକୁ ମିଳିଥିବା ୨୦ ଲକ୍ଷ ଟଙ୍କାର 'ଫଣ୍ଡି ଟ୍ରେଲ' ଉପରୁ ଗୁଇନ୍ଦା ଏଜେନ୍ସି ଗୁଡ଼ିକ ପରଦା ଉଠାଇଛନ୍ତି। ଜୈସର ଆତଙ୍କବାଦୀ ହାୱାଲା ମାଧ୍ୟମରେ ଏହି ଟଙ୍କା ପଠାଇ ଥିବା ଜଣାପଡ଼ିଛି।

**■ ୧୦ ବର୍ଷ ହେଲା ଜୈସ ସହ ସାହିନ୍‌ର ସଂପର୍କ**
**■ ଋଣ ସୁଝିବା ପାଇଁ ଛାଡ଼ିଥିଲା ଚାକିରି**
**■ ହୱାଲା ମାଧ୍ୟମରେ ମିଳିଥିଲା ୨୦ ଲକ୍ଷ**


## ଦିଲ୍ଲୀ ବୋମା ବିସ୍ଫୋରଣ

# ସ୍କାନରରେ ୨୦୦ ସନ୍ଦିଗ୍ଧ, ଧରାପଡ଼ିଲେଣି ୬୦

**ଫରିଦାବାଦ, ୧୬।୧୧ (ଏଜେନ୍ସି):** ଦିଲ୍ଲୀ ବିସ୍ଫୋରଣର ତଦନ୍ତ ପରିସର ବଢ଼ିବା ପରେ ବିଚଳିତ କରିବା ଭଳି ଘଟଣା ସାମ୍‌ନାକୁ ଆସିବାରେ ଲାଗିଛି। ଏବେ ଯାଞ୍ଚ ଏଜେନ୍ସି ଫରିଦାବାଦର ଅଲ-ଫଲାହ ୟୁନିଭର୍ସିଟର ଡ. ମୁଜାମିଲ ଏବଂ ମହିଳା ଡାକ୍ତର ସାହିନର ମୋବାଇଲ କଲ୍ ରେକର୍ଡ ଏବଂ ଡିଜିଟାଲ ଟ୍ରାନ୍ସଫର ପେମେଣ୍ଟକୁ ନେଇ ବିସ୍ମୟକର ତଥ୍ୟ ଆସିଛି। ଏହି ଆତଙ୍କବାଦୀମାନେ ନିଜ ଯୋଜନାରେ ସଫଳତା ପାଇବା ପାଇଁ ସହାୟତା ନାମରେ ଅନେକଙ୍କୁ ଟଙ୍କା ବାଣ୍ଟି ଥିଲେ। ଫରିଦାବାଦର ଧୌଜ, ଫତେହପୁର ତଗା ଗାଁ ଏବଂ ନୁହ ଜିଲ୍ଲା ଏହି ଷଡ଼ଯନ୍ତ୍ରର କେନ୍ଦ୍ର ଥିଲା। ଏହି 'ହ୍ୱାଇଟ-କଲାର ଟେରର ମଡ୍ୟୁଲୋ' ସହ ପ୍ରାୟ ୨୦୦ ଜଣ ସାମିଲ ଥିଲେ। ଏଥିରୁ ପ୍ରାୟ ୬୦ ଜଣଙ୍କୁ ଏନ୍‌ଆଇଏ ଏବଂ ପୁଲିସ ଗିରଫ କଲାଣି। ୪୦ ମୋବାଇଲ ମଧ୍ୟ ଜବତ କରାଯାଇଛି। ଏଥିରୁ ଅନେକ ଫୋନରେ ଥିବା ଏନ୍‌କ୍ରିପଟେଡ ଆପ୍ ସନ୍ଦେହଜନକ ଗୋଷ୍ଠୀରେ ସାମିଲ ରହିଛି। ଅଲଗା ଅଲଗା ଯାଞ୍ଚ ଟିମ୍ ଗଠନ କରି ମାମଲାର ତଦନ୍ତ କରାଯାଉଛି।

**● ସହାୟତା ନାମରେ ଟଙ୍କା ବାଣ୍ଟିଥିଲେ ମୁଜାମିଲ୍, ସାହିନ**
**● ବିସ୍ଫୋରଣ ସ୍ଥଳରୁ ମିଳିଲା ନିଷିଦ୍ଧ ୯ ଏମ୍‌ଏମ୍ କ୍ୟାଟ୍ରିଜ୍**

ଅଲ-ଫଲାହ ବିଶ୍ୱବିଦ୍ୟାଳୟର ୧୭, ୧୩ ଏବଂ ୩୨ ନମ୍ବର ପ୍ରକୋଷ୍ଠରେ ଗୁପ୍ତ ବୈଠକ ହେଉଥିଲା। ଏଠାରୁ ଜବତ ଡାଏରୀରେ ୨୫-୩୦ ନାମ ରହିଛି। ଗତ ୮-୧୨ ତାରିଖ ମଧ୍ୟରେ ହୋଇଥିବା ଯୋଜନାର ନୋଟ୍ ମିଳିଛି। ସୂଚନା ଅନୁଯାୟୀ ଡ. ମୁଜାମିଲ ଅନେକ ଲୋକଙ୍କୁ ଆର୍ଥିକ ସହାୟତା ଦେଇ ଫସାଇ ଥିଲା। ମୌଲବୀଙ୍କ ଜମିରେ କ୍ୟାମ୍ପ ପାଇଁ ୩୫ ହଜାର ଟଙ୍କା ଦିଆଯାଇଥିଲା। ସେହିପରି ବାପାଙ୍କ ଚିକିତ୍ସା ପାଇଁ ୫୦ ହଜାର ଟଙ୍କା ନେଇଥିବା କଶ୍ମୀର ଯୁବକ ପରେ ଆଇଇଡି ଆସେମ୍ବ୍ଲିଂରେ ସହାୟତା କରିଥିଲା। ଏହା ବ୍ୟତୀତ ଜଣେ ଏମ୍‌ବିବିଏସ ଛାତ୍ର ଭାଇ ବାହାଘର ପାଇଁ ଲକ୍ଷେ ଟଙ୍କା ନେଇ ଆତଙ୍କର ରାସ୍ତାରେ ଚାଲିଥିଲା।



ଅନ୍ୟପକ୍ଷରେ ରାଜସ୍ଥାନ ସାଞ୍ଚୌରର ମୌଲବୀ ଓସାମା ଉମର ଆତଙ୍କବାଦୀ ସଂଗଠନ ତେହରିକ-ଇ-ତାଲିବାନ (ଟିଟିପି) ପାଇଁ ସ୍ଲିପର ସେଲ୍ ପ୍ରସ୍ତୁତ କରିଥିଲା। ସେ ଯୁବ ଗୋଷ୍ଠୀଙ୍କୁ ଜିହାଦୀ ପ୍ରଶିକ୍ଷଣ ଦେବା ଆରମ୍ଭ କରିଥିଲା। ଏହି ମୌଲବୀକୁ ଗିରଫ କରାଯାଇଛି। ତା ଫୋନରୁ ୩ ଲକ୍ଷରୁ ଅଧିକ ଆପତ୍ତିଜନକ ଭୋଟ ମିଳିଛି। ସେ ଆଫଗାନିସ୍ତାନ ଯାଇ ପ୍ରଶିକ୍ଷଣ ନେବାକୁ ମଧ୍ୟ ପ୍ରସ୍ତୁତ ହେଉଥିଲା। ଏହା ମଧ୍ୟରେ ଦିଲ୍ଲୀ ବିସ୍ଫୋରଣ ସ୍ଥଳରୁ ନାଗରିକଙ୍କ ବ୍ୟବହାର ପାଇଁ ନିଷିଦ୍ଧ ୯ ଏମଏମ ବୁଲେଟ ଜବତ କରାଯାଇଛି। ସେହିପରି ବିସ୍ଫୋରଣ ପୂର୍ବରୁ ଆତଙ୍କବାଦୀ ଡ. ଉମର ନବି ନୁହର ଏକ ଭଡ଼ାଘରେ ରହିଥିଲା। ଏହାର ସିସିଟିଭି ଫୁଟେଜ ସାମ୍‌ନାକୁ ଆସିଛି। ସେ ବିସ୍ଫୋରଣର ୧୮ ଘଣ୍ଟା ପୂର୍ବରୁ କାର୍ ନେଇ ଏଟିଏମକୁ ଟଙ୍କା ଉଠାଇବାକୁ ଯାଇଥିବା ଦେଖାଯାଉଛି।



▸କ୍ରୀଡ଼ା ପୃଷ୍ଠାରେ...


◆ RNI REGD NO: 42041/83
◆ www.sakalaepaper.com
◆ /sakalanews
◆ /sakalanews
◆ www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-141 ◆MONDAY ◆17 NOVEMBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୪୧ ◆ସୋମବାର ◆୧୭ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଅର୍ଥନୀତି ଉପରେ ଋଣ ଚାପ

ଦେଶର ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳର ଋଣ ୯୪ ଲକ୍ଷ କୋଟି

ମାର୍ଚ୍ଚ ଶେଷ ବେଳକୁ ରାଜ୍ୟଗୁଡ଼ିକର ଋଣ ହେବ ୯୯ ଲକ୍ଷ କୋଟି ଟଙ୍କା

୧୦ ବର୍ଷରେ ରାଜ୍ୟ ସମୂହର ଋଣ ପରିମାଣ ୪ ଗୁଣା ବଢ଼ିଛି

୨୦୦୪ରୁ ୨୦୧୪ ମଧ୍ୟରେ ଋଣ ବଢ଼ିଥିଲା ମାତ୍ର ୩ ଗୁଣା



■ **ନୂଆଦିଲ୍ଲୀ/ଭୁବନେଶ୍ୱର, ୧୬।୧୧ (ସମିସ):** ନିର୍ବାଚନୀ ପ୍ରତିଶ୍ରୁତି ପୂରଣ ନିମନ୍ତେ ନିଜସ୍ୱ ରାଜସ୍ୱ ଓ ଅଣରାଜସ୍ୱ ବୃଦ୍ଧି ପରିବର୍ତ୍ତେ ଦେଶର ବିଭିନ୍ନ ରାଜ୍ୟ କେବଳ ଋଣ ଉପରେ ଭରସା କରୁଛନ୍ତି। ଯାହା ଫଳରେ ବିଭିନ୍ନ ରାଜ୍ୟ ଉପରେ ଋଣ ପରିମାଣ ବଢ଼ିବଢ଼ି ଚାଲିଛି ଏବଂ ଚଳିତ ବର୍ଷ ଶେଷ ବେଳକୁ ଏହି ପରିମାଣ ୯୯ ଲକ୍ଷ କୋଟି ଅତିକ୍ରମ କରିବ ବୋଲି ଆକଳନ କରାଯାଇଛି। ରିଜର୍ଭ ବ୍ୟାଙ୍କର ଏକ ରିପୋର୍ଟ ଅନୁସାରେ ଅକ୍ଟୋବର ୨୦୨୫ ସୁଦ୍ଧା ଦେଶର ବିଭିନ୍ନ ରାଜ୍ୟଗୁଡ଼ିକ ୯୩.୯୩ କୋଟିରେ ପହଞ୍ଚିଛି ଓ ବିଭିନ୍ନ ରାଜ୍ୟଗୁଡ଼ିକ ଆର୍ଥିକ ବର୍ଷରେ ଦେଶ ଦୁଇଟି ତ୍ରୟମାସିକରେ ପ୍ରାୟ ୫ ଲକ୍ଷ କୋଟିରୁ ଊର୍ଦ୍ଧ୍ୱ ଋଣ କରିବାକୁ ପ୍ରସ୍ତାବ ଦେଇଛନ୍ତି।

ରିପୋର୍ଟ ଅନୁସାରେ ଚଳିତ ଆର୍ଥିକ ବର୍ଷର ପ୍ରଥମ ତ୍ରୟମାସିକରେ ଦେଶର ୧୬ଟି ରାଜ୍ୟ ସେମାନଙ୍କ ବାର୍ଷିକ ଋଣରେ ୫୮% ବୃଦ୍ଧି କରିଛନ୍ତି। ଯାହାର ପରିମାଣ ପ୍ରାୟ ୧.୩୬ ଲକ୍ଷ କୋଟି ବୋଲି କୁହାଯାଉଛି। ଋଣ ପରିମାଣ ବୃଦ୍ଧି ଯୋଗୁଁ ସମ୍ପୃକ୍ତ ରାଜ୍ୟଗୁଡ଼ିକର ଆର୍ଥିକ ସ୍ଥିତି ଦୁର୍ବଳ ହେବାରେ ଲାଗିଛି ଏବଂ ରାଜ୍ୟବାସୀଙ୍କ ଉପରେ ଋଣ ବୋଝ ପାଲଟି ଯାଇଛି। କେନ୍ଦ୍ର ସରକାର ବିଭିନ୍ନ ରାଜ୍ୟଗୁଡ଼ିକୁ ସୁଧମୁକ୍ତ ଋଣ ବାବଦରେ ୩.୬ ଲକ୍ଷ କୋଟି ଟଙ୍କା ଆବଣ୍ଟନ କରିବା ସତ୍ତ୍ୱେ ନିର୍ବାଚନୀ ପ୍ରତିଶ୍ରୁତି, ମାଗଣା ବଣ୍ଟନ କାର୍ଯ୍ୟକ୍ରମଗୁଡ଼ିକୁ ପ୍ରାଧାନ୍ୟ ଦିଆଯାଉଥିବାରୁ ରାଜ୍ୟଗୁଡ଼ିକୁ ଅଧିକ ଋଣ କରିବାକୁ ପଡୁଛି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ରାଜସ୍ୱ ସଂଗ୍ରହ (ପ୍ରତ୍ୟକ୍ଷ ଓ ପରୋକ୍ଷ)ରେ ଅଭିବୃଦ୍ଧି ଘଟୁ ନ ଥିବାରୁ ରାଜ୍ୟଗୁଡ଼ିକ ଋଣ ଉପରେ ନିର୍ଭରଶୀଳ ହେଉଛନ୍ତି ବୋଲି କୁହାଯାଉଛି।

୨୦୦୪ ମସିହାରେ ଦେଶର ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳ ଉପରେ ଋଣର ପରିମାଣ ଥିଲା ମାତ୍ର ୮.୮ ଲକ୍ଷ କୋଟି ଟଙ୍କା। ୨୦୧୪ ଜୁନ୍ ମାସ ସୁଦ୍ଧା ଏହା ୨୩.୯୪ ଲକ୍ଷ କୋଟି ଟଙ୍କାରେ ପହଞ୍ଚିଥିଲା। ମାତ୍ର ୨୦୨୮ ଅକ୍ଟୋବର ମାସ ସୁଦ୍ଧା ଏହା ୯୪ ଲକ୍ଷ କୋଟିରେ ପହଞ୍ଚିଛି। ଅର୍ଥାତ୍ ୨୦୧୪ରୁ ୨୦୨୫ ମଧ୍ୟରେ ରାଜ୍ୟଗୁଡ଼ିକ ୭୦ ଲକ୍ଷ କୋଟି ଟଙ୍କା ଋଣ କରିଛନ୍ତି।

ରାଜ୍ୟଗୁଡ଼ିକର ଜିଏସ୍‌ଡ଼ିପି ଓ ଋଣ ଅନୁପାତ ଦୃଷ୍ଟିରୁ ଅରୁଣାଚଳ ପ୍ରଦେଶ, ପଞ୍ଜାବ, ହିମାଚଳ ପ୍ରଦେଶ, ନାଗାଲାଣ୍ଡ ଓ ମେଘାଳୟ ସବୁଠାରୁ ଖରାପ ପ୍ରଦର୍ଶନ କରିଛନ୍ତି। ଅନ୍ୟପକ୍ଷରେ ଗତ ଦଶନ୍ଧିରେ ଉତ୍ତମ ଆର୍ଥିକ ପରିଚାଳନା ନିମନ୍ତେ ଓଡ଼ିଶା, ଗୁଜରାଟ ଓ ମହାରାଷ୍ଟ୍ର ପରି ତିନିଟି ରାଜ୍ୟର ଜିଏସ୍‌ଡ଼ିପି ଓ ଋଣ ଅନୁପାତ ଭଲ ଥିବା କୁହାଯାଇଛି। ଓଡ଼ିଶାର ଋଣ ଓ ଜିଏସ୍‌ଡ଼ିପି ଅନୁପାତ ୧୪% ମଧ୍ୟରେ ଥିବାବେଳେ ଗୁଜରାଟରେ ୧୫.୩% ଓ ମହାରାଷ୍ଟ୍ରରେ ୧୯% ରହିଥିବା କୁହାଯାଇଛି।

ଅନ୍ୟପକ୍ଷରେ ଚଳିତ ଆର୍ଥିକ ବର୍ଷର ତୃତୀୟ ତ୍ରୟମାସିକ (ଅକ୍ଟୋବର-ଡ଼ିସେମ୍ବର) ମଧ୍ୟରେ ଦେଶର ୨୬ଟି ରାଜ୍ୟ ବଜାରରୁ ୨.୮୭ ଲକ୍ଷ କୋଟି ଟଙ୍କା ଓ ଶେଷ ତ୍ରୟମାସିକ ପାଇଁ ପ୍ରାୟ ସମାନ ପରିମାଣର ଋଣ ଉଠାଇବାକୁ ଆଗ୍ରହ ପ୍ରକାଶ କରିଛନ୍ତି। ସମ୍ପ୍ରତି ଦେଶର ରାଜ୍ୟ ସମୂହର ଋଣ ଓ ଜିଏସ୍‌ଡ଼ିପିର ହାରାହାରି ଅନୁପାତ ୨୮.୮% ପହଞ୍ଚିଥିବାବେଳେ ଆର୍ଥିକ ବର୍ଷ ଶେଷ ବେଳକୁ ଏହା ୩୧% ଅତିକ୍ରମ କରିବାର ଆଶଙ୍କା ରହିଛି। ଯାହା ରାଜ୍ୟଗୁଡ଼ିକର ବିକାଶ ହାରକୁ ପ୍ରଭାବିତ କରିବାର ଯଥେଷ୍ଟ ସମ୍ଭାବନା ରହିଛି।

# ଛିଡୁନି ବିହାର ଅଡୁଆ

## ବିଳମ୍ବିତ ହୋଇପାରେ ନୂଆ ସରକାର ଗଠନ



ଦିଲ୍ଲୀରେ ଏନ୍‌ଡିଏ ନେତାଙ୍କ ଘନଘନ ବୈଠକ

୨୦ ତାରିଖ ସୁଦ୍ଧା ନୂଆ ମନ୍ତ୍ରିମଣ୍ଡଳ ଶପଥ

ଆଜି ମୁଖ୍ୟମନ୍ତ୍ରୀ ପଦରୁ ଇସ୍ତଫା ଦେବେ ନୀତୀଶ

■ **ପାଟନା, ୧୬।୧୧ (ଏଜେନ୍ସି):** ବିହାରରେ ନୂଆ ସରକାର କେବେ ଶପଥ ନେବ? ଏସଂପର୍କରେ ବିଜେପି କିମ୍ବା ଜେଡିୟୁ ମୁହଁ ଖୋଲୁ ନାହାନ୍ତି। ତେବେ ଏନ୍‌ଡିଏର ଅନ୍ୟତମ ଅଂଶୀଦାର ଏଲଜେପିର ନେତା ତଥା କେନ୍ଦ୍ର ମନ୍ତ୍ରୀ ଚିରାଗ ପାଶ୍ୱାନ କହିଛନ୍ତି ଯେ ଆସନ୍ତା ୨୨ ତାରିଖ ପୂର୍ବରୁ ନୂଆ ମନ୍ତ୍ରିମଣ୍ଡଳ ଶପଥ ନେବ ଏବଂ ଯାହା ଜଣାପଡୁଛି ନୀତୀଶ କୁମାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବେ। ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ନେଇ ଆଜି ମଧ୍ୟ ସସପେନ୍ସ ରହିଥିଲେ ମଧ୍ୟ ଦୁଇ ଦଳର ନେତା କିଛି କହୁ ନାହାନ୍ତି। ଏହାକୁ ନେଇ ଦିଲ୍ଲୀରେ ରାଜନୈତିକ ଗତିବିଧି ଜୋରଦାର ହୋଇଛି। ଆଜି ସନ୍ଧ୍ୟାରେ ବିଜେପିର ବରିଷ୍ଠ ନେତା ଅମିତ ଶାହଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ହୋଇ ଏହା ଉପରେ ବିଚାରବିମର୍ଶ କରାଯାଇଛି। କିନ୍ତୁ କିଛି ସୂଚନା ଦିଆଯାଇ ନାହିଁ।

ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ବର୍ତ୍ତମାନ ପାଇଁ ନୀତୀଶ କୁମାର ମୁଖ୍ୟମନ୍ତ୍ରୀ ପଦରେ ରହିବେ। ତେବେ ସେ କେତେ ଦିନ ରହିବେ, ସେଥିପାଇଁ ଫର୍ମୁଲା ପ୍ରସ୍ତୁତ କରାଯାଉଛି। ନିର୍ବାଚନରେ ଜେଡିୟୁ ଅପେକ୍ଷା ବିଜେପି ଅଧିକ ଆସନ ପାଇଥିବାରୁ ପରବର୍ତ୍ତୀ ସମୟରେ ଏହାର ନେତାଙ୍କୁ ମୁଖ୍ୟମନ୍ତ୍ରୀ କରାଯିବ। ଏବେ ଯେଉଁ ନୂଆ ମନ୍ତ୍ରିମଣ୍ଡଳ ଶପଥ ଗ୍ରହଣ କରିବ, ସେଥିରେ ଜେଡିୟୁ ଅପେକ୍ଷା ବିଜେପିର ଅଧିକ ବିଧାୟକଙ୍କୁ ମନ୍ତ୍ରିପଦ ମିଳିବ। ଏହା ଉପରେ ଅଧିକ ବିଚାରବିମର୍ଶ ଚାଲିଥିବାରୁ ଶପଥ ଗ୍ରହଣରେ ବିଳମ୍ବ ହୋଇପାରେ ବୋଲି କୁହାଯାଉଛି। ତେବେ ନୀତୀଶ କୁମାର ଆସନ୍ତାକାଲି ରାଜ୍ୟପାଳଙ୍କୁ ଭେଟି ଇସ୍ତଫା ପ୍ରଦାନ କରିବେ।

ମିଳିଥିବା ଖବର ଅନୁଯାୟୀ ଏବେ ମୋଟ୍ ୩୩ରୁ ୩୬ ମନ୍ତ୍ରୀ ଶପଥ ଗ୍ରହଣ କରିବେ। ବିଜେପିରୁ ୧୬ ଏବଂ ନୀତୀଶଙ୍କ ଜେଡିୟୁରୁ ୧୪ ଜଣ ମନ୍ତ୍ରୀ ହେବେ। ଚିରାଗ ପାଶ୍ୱାନଙ୍କ ଦଳରୁ ଦୁଇ ଜଣଙ୍କୁ ମନ୍ତ୍ରୀପଦ ମିଳିବାର ସମ୍ଭାବନା ରହିଛି। ନୂଆ ମନ୍ତ୍ରିମଣ୍ଡଳରେ ତିନି ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ କରାଯିବାର ସମ୍ଭାବନା ରହିଛି। ପାଶ୍ୱାନ ତାଙ୍କ ଦଳରୁ ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ କରିବାକୁ ଦାବି କରିଥିବା ଜଣାପଡ଼ିଛି। ଗତ ମନ୍ତ୍ରିମଣ୍ଡଳରେ ବିଜେପିର ୧୯ ଏବଂ ଜେଡିୟୁର ୧୩ ଜଣ ମନ୍ତ୍ରୀ ଥିଲେ। ତେବେ ଉପମୁଖ୍ୟମନ୍ତ୍ରୀ ଥିବା ବିଜେପିର ଦୁଇ ନେତା ସମ୍ରାଟ ଚୌଧୁରୀ ଏବଂ ବିଜୟ ସିହ୍ନାଙ୍କୁ ଏହି ପଦରେ ରଖାଯିବା ନେଇ କିଛି ନିଶ୍ଚିତ ହୋଇନାହିଁ। ଏନଡିଏ ନେତାମାନଙ୍କ ମଧ୍ୟରେ ଏସଂପର୍କରେ ବିଚାର ଆଲୋଚନା ଚାଲିଛି। ମଙ୍ଗଲ ପାଣ୍ଡେ ଓ ରଜନୀଶ କୁମାରଙ୍କ ମଧ୍ୟରୁ ଜଣଙ୍କୁ ଉପ- ମୁଖ୍ୟମନ୍ତ୍ରୀ ପଦ ମିଳିବା ନେଇ ଚର୍ଚ୍ଚା ହେଉଛି।

ବିହାର ବିଧାନସଭା ନିର୍ବାଚନରେ ବିଜେପିକୁ ସର୍ବାଧିକ ୮୯ ଆସନ ମିଳିଥିବା ବେଳେ ଜେଡିୟୁ ୮୫, ଏଲ୍‌ଜେପି (ଆର) ୧୯, ହାମ୍‌ସ ୫ ଓ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚା ୪ଟି ଆସନ ହାସଲ କରିଛନ୍ତି।

# ୫ ଡିଗ୍ରୀକୁ ଖସିଲା ତାପମାତ୍ରା

## ଦ୍ୱୈତ ନଗରୀରେ ଶୀତ ଲହରୀ

■ **ଭୁବନେଶ୍ୱର,୧୬।୧୧(ସମିସ):** ରାଜ୍ୟର ଅଧିକାଂଶ ସ୍ଥାନରେ ପ୍ରବଳ ଶୀତ ଜାରି ରହିଛି। କ୍ରମାଗତ ଭାବେ ରାଜ୍ୟକୁ ଆସୁଥିବା ଥଣ୍ଡା ଓ ଶୁଷ୍କ ପବନ ତାପମାତ୍ରା ହ୍ରାସରେ ସହାୟକ ହେଉଥିବା ବେଳେ ଥଣ୍ଡା ବଢ଼ି ଚାଲିଛି। ଯାହାଫଳରେ ଚଳିତ ବର୍ଷ ରାଜ୍ୟରେ ପ୍ରଥମ ଥର ପାଇଁ ତାପମାତ୍ରା ୫ ଡିଗ୍ରୀକୁ ଖସିଛି। ଗତ ୨୪ ଘଣ୍ଟାରେ ରାଜ୍ୟର ୧୩ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରହିଥିବା ବେଳେ ଜି ଉଦୟଗିରିରେ ତାପମାତ୍ରା ୫.୮ ଡିଗ୍ରୀ ରେକର୍ଡ ହୋଇଛି। ଏହା



ବ୍ୟତୀତ ଭୁବନେଶ୍ୱର ଓ କଟକରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ୫ ଡିଗ୍ରୀ ତଳକୁ ଖସିଯାଇଥିବା ବେଳେ ଏଠାରେ ଶୀତ ଲହରୀ (କୋଲ୍ଡ ୱେଭ୍) ସ୍ଥିତି ସୃଷ୍ଟି ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗତ ୨୪ ଘଣ୍ଟାରେ ରାଜ୍ୟରେ ଜି.ଉଦୟଗିରି ରେ ତାପମାତ୍ରା ୫.୮ ଡ଼ିଗ୍ରୀ ରେକର୍ଡ ହେବା ସହ ଏହା ରାଜ୍ୟର ସବୁଠୁ ଥଣ୍ଡା ସହର ପାଲଟିଛି। ସେହିପରି କଟକରେ ତାପମାତ୍ରା ୧୩.୬ ଡିଗ୍ରୀ ରହିଥିବା ବେଳେ ଏଠାରେ ସ୍ୱାଭାବିକ ତୁଳନାରେ ତାପମାତ୍ରା ୫.୧ ଡିଗ୍ରୀ କମ୍ ରେକର୍ଡ ହୋଇଛି। ଏହାସହିତ ଭୁବନେଶ୍ୱର ତାପମାତ୍ରା ୧୩ ଡିଗ୍ରୀ ଓ ସ୍ୱାଭାବିକ ତୁଳନାରେ ୬.୪ ଡିଗ୍ରୀ ତଳେ ରହିଥିବାରୁ ଏହି ଦୁଇ ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହୋଇଛି। ଅନ୍ୟ ସହରଗୁଡ଼ିକ ଯଥା ଦାରିଙ୍ଗବାଡ଼ିରେ ତାପମାତ୍ରା ୮ ଡିଗ୍ରୀ, ସେମିଳିଗୁଡ଼ିରେ ୭.୪, ଫୁଲବାଣୀରେ ୯ ଡିଗ୍ରୀ ରେକର୍ଡ ହୋଇଛି। ରାଉରକେଲା ୧୦.୨, ଝାରସୁଗୁଡା ୧୦.୬, କେନ୍ଦୁଝର ୧୦.୮, ସମ୍ବଲପୁର ୧୪.୨, ହୀରାକୁଦ ୧୫.୩, ବାଲେଶ୍ୱର ୧୫.୪, ▸ପୃଷ୍ଠା-୭

## ଚୌଦ୍ୱାର ଜେଲ୍ ଡେଇଁ ବିହାରୀ କଏଦୀ ଚମ୍ପଟ ଘଟଣା

# ୱାର୍ଡର ଫେରି ଆସିଲେ; ଫେରିପାରିଲେନି ଜେଲ୍‌ଡିଆଁ କଏଦୀ




୧୪ ଦିନରେ ନିଲମ୍ବିତ ଜେଲ୍ କର୍ମଚାରୀଙ୍କୁ କରାଗଲା ପୁନଃଥଇଥାନ

■ **ଭୁବନେଶ୍ୱର,୧୫।୧୧(ସମିସ):** ଚୌଦ୍ୱାର ଜେଲ୍‌ରୁ କଏଦୀ ଚମ୍ପଟ ଘଟଣାରେ ସାମ୍ନାକୁ ଆସିଲା ଜେଲ୍ ବିଭାଗର ମିଳି ଭଗତ କାରନାମା। ଜେଲ୍ ଡିଆଁ ହାର୍ଡକୋର୍ ବିହାରୀ କଏଦୀଙ୍କୁ ଗିରଫ କରି ଜେଲ୍‌କୁ ଆଣିବାରେ ପୁଲିସ ଏଯାଏଁ ସଫଳ ହୋଇପାରିନାହିଁ। ହେଲେ ଏହି ଘଟଣାରେ ନିଲମ୍ବିତ ଜେଲ୍ ୱାର୍ଡର କିନ୍ତୁ ଜେଲ୍‌କୁ ଫେରି ଆସିଲେଣି। ନିଲମ୍ବିତ ଜେଲ୍ ୱାର୍ଡର ଭଗତ ଚରଣ ରାମ୍‌ଙ୍କୁ କେନ୍ଦ୍ରାପଡ଼ା ସବ୍‌ଜେଲ୍‌ରେ ୱାର୍ଡର ଭାବେ ନିଯୁକ୍ତି ଦିଆଯାଇଛି। ଏଭଳି ଥଇଥାନକୁ ନେଇ ଏବେ ବିବାଦ ସୃଷ୍ଟି ହୋଇଛି। ନିଲମ୍ବନର ମାତ୍ର ୧୫ ଦିନ ମଧ୍ୟରେ ତାଙ୍କୁ ମିଳିଗଲା ପୁନଃନିଯୁକ୍ତି। ତାହା ପୁଣି ଏଭଳି ଏକ ଜେଲ୍‌ରେ ଯେଉଁଠି ତାଙ୍କ ବିରୋଧରେ କେଳେଙ୍କାରୀ ଅଭିଯୋଗ ଆସିଥିଲା। ଜେଲ୍ ପ୍ରଶାସନର ଏଭଳି ଆଚରଣ ସାଧାରଣରେ ଏକ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଯାଜପୁର ଜିଲ୍ଲାରେ ସୁନା ଦୋକାନୀ ହତ୍ୟା ମାମଲାରେ ଗିରଫ ହୋଇ ଚୌଦ୍ୱାର ଜେଲରେ ବିଚାରଧୀନ କଏଦୀ ଭାବେ ଦୁଇ ବିହାରୀ ଅଭିଯୁକ୍ତ ରାଜା ସାହାନି ଏବଂ ମଧୁକାନ୍ତ କୁମାର ସଜା କାଟୁଥିଲେ। ଏହା ରାଜ୍ୟର ସବୁଠାରୁ ହାଇ ସିକ୍ୟୁରିଟି ଜେଲ୍ ହୋଇଥିଲେ ମଧ୍ୟ ଦୁଇ କଏଦୀ ଜେଲରୁ ପାଚେରି ଡେଇଁ ଚମ୍ପଟ ମାରିଥିଲେ। ଜେଲର ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେବା ପରେ ଜେଲ୍ ବିଭାଗ ମୁଖ୍ୟ ୱାର୍ଡର ଭଗତ ଚରଣ ରାମ୍‌ଙ୍କ ସମେତ ଅନ୍ୟ ଜଣେ ଜେଲ କର୍ମଚାରୀ ଡ୍ୟୁଟି ୱାର୍ଡର ସିଦ୍ଧାନ୍ତ ସାହୁଙ୍କୁ ଗତ ଅକ୍ଟୋବର ୩ ତାରିଖରେ ନିଲମ୍ବିତ କରିଥିଲା। ତେବେ ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି, ପୁନଃ ଅବସ୍ଥାପିତ ହୋଇଥିବା ଚିଫ୍ ୱାର୍ଡର ଭଗତ ପୂର୍ବରୁ ଜଗତସିଂହପୁର ଓ କେନ୍ଦ୍ରାପଡ଼ା ଜେଲ୍‌ରେ ଥିଲା ସମୟରେ ତାଙ୍କ ବିରୋଧରେ ସଙ୍ଗୀନ ଅଭିଯୋଗ ଆସିଥିଲା। ଏପରିକି ତତ୍କାଳୀନ କେନ୍ଦ୍ରାପଡ଼ା ଜେଲ୍ ସୁପରିଣ୍ଟେଣ୍ଡେଣ୍ଟ ଏନେଇ ଚୌଦ୍ୱାର ଜେଲ୍‌ର ବରିଷ୍ଠ ଅଧୀକ୍ଷକଙ୍କୁ ପତ୍ର ଲେଖି ଏସମ୍ପର୍କରେ ଅବଗତ କରାଇଥିଲେ। ଏହିପତ୍ର ପରେ ଭଗତଙ୍କୁ କେନ୍ଦ୍ରାପଡ଼ା ଜେଲ୍‌ରୁ ବଡ଼ମ୍ବା ସବ୍‌ଜେଲ୍‌କୁ ବଦଳି ହୋଇଥିଲା। ବଡ଼ମ୍ବା ଜେଲ୍‌ରେ ରହିବା ସମୟରେ ପୁଣିଥରେ ଚିଫ୍ ୱାର୍ଡର ଭଗତ ବିଭାଗୀୟ ଅଧିକାରୀଙ୍କୁ ହାତବାରିସୀ କରି ଚୌଦ୍ୱାର ଜେଲ୍‌କୁ ଡେପୁଟେସନ୍‌ରେ ଆସିଥିଲେ।

ତାଙ୍କ ହେପାଜତରୁ ବିହାରୀ ଅଭିଯୁକ୍ତମାନେ ଫେରାର୍ ହୋଇଯାଇଥିଲେ। ଯେଉଁଦିନ ଅଭିଯୁକ୍ତଦ୍ୱୟ ଫେରାର୍ ହେଲେ, ଉକ୍ତ ଦିନ ଭଗତ ଚିଫ୍ ୱାର୍ଡର ଡ୍ୟୁଟିରେ ଥିଲେ। ରାତି ସମୟରେ ସେ ଡ୍ୟୁଟି ନ କରି ଜେଲ୍‌ର ମେଡିକାଲ ରୁମ୍‌ରେ ଶୋଇଥିବା ସଙ୍ଗୀନ ଅଭିଯୋଗ ତାଙ୍କ ବିରୋଧରେ ଆସିଥିଲା। ଏହାପରେ ତାଙ୍କୁ ନିଲମ୍ବନ କରାଗଲା। ଏଭଳି ଦାୟିତ୍ୱହିନତା ସତ୍ତ୍ୱେ ବି ଜେଲ୍ ବିଭାଗ ତାଙ୍କୁ ମାତ୍ର ୧୪ ଦିନରେ ପୁନଃ ଅବସ୍ଥାପିତ କରାଯିବାକୁ ନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

# ଭତ୍ତା ଟଙ୍କା ପାଇଁ ବାପାକୁ ମାରିଦେଲା

■ **କବିସୂର୍ଯ୍ୟନଗର, ୧୬।୧୧(ସମିସ):** ଭତ୍ତା ଟଙ୍କା ପାଇଁ ବାପାକୁ ପିଟିପିଟି ମାରିଦେଲା ପୁଅ। ଏଭଳି ଏକ ଅଭାବନୀୟ ଘଟଣା ଘଟିଛି କବିସୂର୍ଯ୍ୟନଗର ଥାନା ଏ-ବରିଡ଼ା ଗୋପାଳ ନଗରରେ। ମୃତକ ହେଲେ, ପଦ୍ମନାଭ ସାହୁ (୮୫)। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଚଳାଇଛି। ଏହି ଘଟଣାରେ ପୁଲିସ ପଦ୍ମଙ୍କ ପୁଅ ରମେଶ ସାହୁ (୪୦)କୁ ଗିରଫ କରି କୋର୍ଟଚାଲାଣ କରିଛି।

ସୂଚନାନୁଯାୟୀ, ପଦ୍ମନାଭଙ୍କ ମଝିଆ ପୁଅ ରମେଶ ପ୍ରତିଦିନ ମଦ ପିଇବାକୁ ବାପା-ମା’ଙ୍କୁ ଟଙ୍କା ମାଗିବା ସହ ମାରଧର କରୁଥିଲା। ଶନିବାର ପଦ୍ମନାଭ ବାର୍ଦ୍ଧକ୍ୟ ଭତ୍ତା ପାଇଥିବା ଜାଣି ରମେଶ ତାଙ୍କୁ ମଦ ପିଇବାକୁ ଟଙ୍କା ମାଗିଥିଲା। କିନ୍ତୁ ସେ ଟଙ୍କା ଦେବାକୁ ମନା କରିବାରୁ ବାପ-ପୁଅଙ୍କ ମଧ୍ୟରେ ବଚସା ହୋଇଥିଲା। ଏହା ଦେଖି ପାଖରେ ଥିବା ବଡ଼ଭାଇ ପ୍ରକାଶ ଓ ତପନ ବିରୋଧ କରିବାରୁ ରମେଶ ସେମାନଙ୍କୁ ଆକ୍ରମଣ କରିଥିଲା। ଏ ସଂପର୍କରେ ମା’ ହେମ ସାହୁ ଓ ଅନ୍ୟ ୩ ଭାଇ ଘଟଣା ସମ୍ପର୍କରେ ଥାନାରେ ଜଣାଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଆପୋଷ ସମାଧାନ କରି ଫେରିଥିଲା। କିନ୍ତୁ ଏହାକୁ ନେଇ ମନେମନେ ରମେଶ ଭୀଷଣ ରାଗି ଯାଇଥିଲା। ତେଣୁ ବିଳମ୍ବିତ ରାତିରେ ସେ ପ୍ରଚୁର ମଦ ପିଇ ଘରକୁ ଫେରିଥିଲା। ପଦ୍ମନାଭ ଏକୁଟିଆ ଶୋଇଥିବା ଦେଖି ତାଙ୍କ ପେଟରେ ଛୁରି ଭୁସି ଦେଇଥିଲା। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା। କିନ୍ତୁ ଏ ସଂପର୍କରେ ପରିବାରଲୋକେ ଟେର୍ ପାଇନଥିଲେ। ସକାଳୁ ପରିବାରଲୋକ ଏ ସଂପର୍କରେ ଜାଣିବା ପରେ ଥାନାରେ ଏତଲା ଦେଇଥିଲେ। ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରିବା ସହ ରମେଶକୁ ଅଟକ ରଖି ତଦନ୍ତ କରୁଛି।

## ପୁଲିସ ଏସ୍ଆଇ କେଳେଙ୍କାରୀ ମାମଲା

# ଆଜି ବ୍ରହ୍ମପୁର ଆସି ତଦନ୍ତ କରିବ ସିବିଆଇ !

■ **ବ୍ରହ୍ମପୁର, ୧୬।୧୧ (ସମିସ):** ପୁଲିସ ଏସ୍ଆଇ ନିଯୁକ୍ତି କେଳେଙ୍କାରୀ ମାମଲାରେ ସିବିଆଇ ଟିମ୍‌ର ତଦନ୍ତ ଆଗେଇଛି। ସୋମବାର ସିବିଆଇର ଏକ ତଦନ୍ତକାରୀ ଦଳ ବ୍ରହ୍ମପୁର ଆସିବ ବୋଲି ସୂଚନା ମିଳିଛି। ଏଠାରେ ପହଞ୍ଚିବା ପରେ ପୂର୍ବରୁ ମାମଲାର ତଦନ୍ତ କରୁଥିବା ପୁଲିସ ଅଧିକାରୀଙ୍କ ସହ ଆଲୋଚନା କରିବେ। ଦୁର୍ନୀତିରେ ସମ୍ପୃକ୍ତ ଦଲାଲମାନଙ୍କ ରିମାଣ୍ଡ ପାଇଁ ଅଦାଲତରେ ଆବେଦନ କରିବେ ବୋଲି ଜଣାପଡ଼ିଛି। ତଦନ୍ତକାରୀ ଦଳ ଗତ ଶନିବାର ଦିନତମାମ ମାମଲା ସଂକ୍ରାନ୍ତୀୟ କାଗଜପତ୍ର ଯାଞ୍ଚ କରିଥିଲେ। ଆଗାମୀ ଦିନରେ କେଉଁମାନଙ୍କୁ ଜେରା ପାଇଁ ଡକାଯିବ, ତାହାର ଏକ ତାଲିକା ପ୍ରସ୍ତୁତ କରିଥିଲେ। ୭ଜଣ ଦଲାଲଙ୍କୁ ଜେରା କରିବାକୁ ସିବିଆଇ ପୂର୍ବରୁ ଯୋଜନା ରଖିଥିଲା। ବର୍ତ୍ତମାନ ମାମଲାର ତଦନ୍ତ ପ୍ରାରମ୍ଭରୁ କରିବାକୁ ନିଷ୍ପତ୍ତି ନେଇଛି ସିବିଆଇ। କିଛି ଗିରଫ ଚାକିରୀ ଆଶାୟୀମାନଙ୍କୁ ମଧ୍ୟ ପଚରାଉଚରା କରିବାକୁ ପାଇଁ ଯୋଜନା କରିଛି।

ଆଶାୟୀମାନେ ସିଧାସଳଖ କାହାକୁ ଲାଞ୍ଚ ଟଙ୍କା ଦେଇଥିଲେ? କେଉଁ ଦଲାଲ ସହ ସେମାନେ ଡିଲ୍ କରିଥିଲେ? ଏସବୁର ସ୍ପଷ୍ଟ ତଥ୍ୟ ଆଶାୟୀଙ୍କଠାରୁ ସିବିଆଇ ଓଗାଳିବ ବୋଲି ଜଣାଯାଇଛି।

ସୋମବାର ଦିନ ସିବିଆଇ ଟିମ ବ୍ରହ୍ମପୁରରେ ପହଞ୍ଚିବା ପରେ ମାମଲାର ଅଭିଯୋଗକାରୀ ଥିବା ଡିଏସ୍‌ପିଙ୍କ ସହ ଆଲୋଚନା କରିବେ। ଆଶାୟୀମାନେ ଯାଉଥିବା ବସ୍‌କୁ ପିଛା କରି ଆନ୍ଧ୍ରପ୍ରଦେଶ ଯାଇଥିବା ପୁଲିସ ଅଧିକାରୀମାନଙ୍କୁ ମଧ୍ୟ ପଚରାଉଚରା କରିପାରେ। ଏହାପରେ ସିଲିକନ୍ ଟେକ୍ ଲ୍ୟାବ୍ ସଂସ୍ଥାର ସିଇଓ ସୁରେଶ ନାୟକ ଓ ପଞ୍ଚସପ୍ଟ ଟେକ୍ନୋଲୋଜି/ଫ୍ରଣ୍ଟଟେକ୍‌ର ନିର୍ଦ୍ଦେଶକ ତଥା ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟି ଓ ଅନ୍ୟତମ କାର୍ପଟଦାର ମୁନା ମହାନ୍ତି ସହ ମୋଟ ୭ ଜଣଙ୍କୁ ରିମାଣ୍ଡରେ ନେବାକୁ ସିବିଆଇ କୋର୍ଟରେ ଆବେଦନ କରିବ ବୋଲି ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି।

# ଓୟୁଏଟିରେ ୨ କୋଟି ଆତ୍ମସାତ୍

ଧରା ପକାଇଦେଲା ଲୋକାଲ୍ ଫଣ୍ଡ ଅଡିଟ୍ ରିପୋର୍ଟ

୨୦୧୮-୧୯ରେ ସର୍ବାଧିକ ୧ କୋଟିରୁ ଅଧିକ ହେରଫେର୍



■ **ଭୁବନେଶ୍ୱର, ୧୬।୧୧ (ସମିସ):** ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ (ଓୟୁଏଟି)ରେ ବ୍ୟାପକ ସରକାରୀ ଅର୍ଥ ହେରଫେର କରାଯାଇଛି। ବିଶ୍ୱବିଦ୍ୟାଳୟର ଅଧିକାରୀ ଓ କର୍ମଚାରୀମାନେ ୨୦୧୬-୧୭ ରୁ ୨୦୧୯-୨୦ ଶିକ୍ଷାବର୍ଷ ଅର୍ଥାତ୍ ପ୍ରାୟ ୪ ବର୍ଷରେ ପ୍ରାୟ ୨ କୋଟି ଟଙ୍କା ଆତ୍ମସାତ୍ କରିଛନ୍ତି। ବହୁ ଅଧିକାରୀ ଲକ୍ଷାଧିକ ଟଙ୍କା ହଡ଼ପ କରିଥିଲେ ମଧ୍ୟ ଟଙ୍କା ଫେରସ୍ତ କରିବାର ନା ଧରୁ ନାହାନ୍ତି। ଶିକ୍ଷା ଓ ଗବେଷଣା ପାଇଁ ଆସୁଥିବା ଅନୁଦାନକୁ ଆତ୍ମସାତ୍ କରିଥିବା ଅଧିକାରୀଙ୍କୁ ଲୋକାଲ୍ ଫଣ୍ଡ ଅଡିଟ୍ ଧରିଛି।

୨୦୧୬-୧୭ ଶିକ୍ଷା ବର୍ଷରେ ପ୍ରାୟ ୯୭ ଲକ୍ଷରୁ ଅଧିକ ଟଙ୍କା ହେରଫେର୍ କରାଯାଇଥିଲା। ଅଡିଟ୍‌ରେ ଧରା ପଡ଼ିବା ପରେ ପ୍ରାୟ ୨୧ ଲକ୍ଷ ଟଙ୍କା ଭରଣା କରାଯାଇଛି। ଆହୁରି ପ୍ରାୟ ୭୬ ଲକ୍ଷ ଟଙ୍କା ଅନାଦେୟ ଭାବେ ପଡ଼ି ରହିଛି। ସେହିପରି ୨୦୧୭-୧୮ରେ ପ୍ରାୟ ୧୦ଲକ୍ଷରୁ ଅଧିକ ଟଙ୍କା ହେରଫେର କରାଯାଇଥିବାବେଳେ ମାତ୍ର ୬୩ ହଜାର ଟଙ୍କା ଭରଣା କରାଯାଇଛି। ଆହୁରି ୯ଲକ୍ଷରୁ ଅଧିକ ଟଙ୍କା ଆଦାୟ କରାଯାଇ ନାହିଁ। ୨୦୧୮-୧୯ରେ ସର୍ବାଧିକ ୧ କୋଟିରୁ ଅଧିକ ଟଙ୍କା ଆତ୍ମସାତ୍ କରାଯାଇଛି। ତନ୍ମଧ୍ୟରୁ ମାତ୍ର ୧୬ ଲକ୍ଷ ଆଦାୟ ହୋଇଥିବାବେଳେ ଆହୁରି ପ୍ରାୟ ୮୪ ଲକ୍ଷ ଟଙ୍କା ଆଦାୟ କରାଯାଇ ନାହିଁ। ୨୦୧୯-୨୦ରେ ପ୍ରାୟ ୨୯ ଲକ୍ଷରୁ ଅଧିକ ଟଙ୍କା ହେରଫେର କରାଯାଇଥିବାବେଳେ ମାତ୍ର ୫ ଲକ୍ଷ ଆଦାୟ ହୋଇଛି ଏବଂ ପ୍ରାୟ ୨୪ ଲକ୍ଷ ଅନାଦେୟ ପଡ଼ି ରହିଛି। ଅର୍ଥାତ୍ ଏହି ୪ଟି ଶିକ୍ଷାବର୍ଷରେ ମୋଟ୍ ୨ କୋଟି ୩୭ ଲକ୍ଷ ଟଙ୍କା ହେରଫେର କରାଯାଇଥିବା ଅଡିଟ୍ ରିପୋର୍ଟରେ ଧରା ପଡ଼ିଛି। ତନ୍ମଧ୍ୟରୁ ପ୍ରାୟ ସାଢ଼େ ୪୪ ଲକ୍ଷ ଟଙ୍କା ଭରଣା ହୋଇଥିବାବେଳେ ଆହୁରି ୧ କୋଟି ୯୩ ଲକ୍ଷରୁ ଅଧିକ ଟଙ୍କା ଅଧିକାରୀ ଓ କର୍ମଚାରୀମାନେ ଆତ୍ମସାତ୍ କରିଛନ୍ତି। ମାତ୍ର ୪ ବର୍ଷରେ ଏହି ଅର୍ଥ ହଡ଼ପ୍ ହୋଇଥିବାବେଳେ ଚଳିତ ଶିକ୍ଷାବର୍ଷ ପର୍ଯ୍ୟନ୍ତ ଅଡିଟ୍ ହେଲେ ଏହି ହେର୍‌ଫେର୍ ଅର୍ଥ ପରିମାଣ ଦ୍ୱିଗୁଣା ହେବାର ସମ୍ଭାବନା ରହିଛି। ▸ପୃଷ୍ଠା-୭

# ରୋଗୀସେବା ବେଳେ ଟଳିପଡ଼ିଲେ ଡାକ୍ତର

■ **ନୀଳଗିରି, ୧୬।୧୧(ସମିସ):** ରୋଗୀସେବା ବେଳେ ଟଳି ପଡ଼ିଲେ ଡାକ୍ତର। ନୀଳଗିରି ଉପଖଣ୍ଡ ହସ୍ପିଟାଲରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତ ଡାକ୍ତରଜଣଙ୍କ ହେଲେ, ନୀଳଗିରି ଉପଖଣ୍ଡ ଡାକ୍ତରଖାନାର ସ୍ତ୍ରୀ ଓ ପ୍ରସୂତି ବିଭାଗ ଡାକ୍ତର ତଥା ବ୍ଲଡ୍ ବ୍ୟାଙ୍କ ଇନ୍‌ଚାର୍ଜ ଡାକ୍ତର ତ୍ରିନାଥ ପାଲ(୫୪)। ଆଜି ସକାଳେ ଡାକ୍ତର ପାଲ ଓପିଡିରେ ରୋଗୀ ଦେଖୁଥିଲେ। ଏହି ସମୟରେ ସେ ଅସୁସ୍ଥ ଅନୁଭବ କରିବାରୁ ବାଥରୁମ୍ ଯାଇଥିଲେ। କିନ୍ତୁ କିଛି ସମୟ ଧରି ନ ଫେରିବାରୁ ଅନ୍ୟ ଡାକ୍ତର ତାଙ୍କୁ ଫୋନ କରିଥିଲେ। ଡା. ପାଲ ଫୋନ ଉଠାଇନଥିଲେ। ବହୁ କଷ୍ଟରେ ସେ ବାଥରୁମ୍ କବାଟ ▸ପୃଷ୍ଠା-୭



## ବାଲି ଚୋରାଚାଲାଣକାରୀଙ୍କ ପ୍ରତି ଉଦାସୀନତା

# ଗାଁ ଗାଁରେ ବେସରକାରୀ ଭାବେ ସୈରାତ ନିଲାମ

**ବାରିପଦା, ୧୬।୧୧(ସମିସ)**



ମୟୂରଭଞ୍ଜ ଜିଲ୍ଲାରେ ଲଘୁଖଣିଜ ସମ୍ପଦ ଚୋରାଚାଲାଣକାରୀଙ୍କ ପ୍ରତି ସରକାରୀ ଉଦାସୀନତା ପାଇଁ ବିଗୁଡ଼ୁଛି ବ୍ୟବସ୍ଥା। ସରକାରୀ ନିଲାମ ପରିବର୍ତ୍ତେ ବେସରକାରୀ ଭାବେ ନଦୀ ସଂଲଗ୍ନ ଗ୍ରାମଗୁଡିକରେ ବାଲି ସୈରାତ ନିଲାମ ନେଇ ମାଫିଆ ଗୋଷ୍ଠୀ ମେସିନ ସାହାଯ୍ୟରେ ବାଲି ଉତ୍ତୋଳନ ପୂର୍ବକ ହାଇୱା ଯୋଗେ ବାହାରକୁ ଚୋରାଚାଲାଣ କରାଯାଉଛି। ଫଳରେ ପରିବେଶ ଅସନ୍ତୁଳନ ବୃଦ୍ଧି ପାଇବା ସହିତ ଲକ୍ଷଲକ୍ଷ ଟଙ୍କାର ରାଜସ୍ୱ ହାନୀ ଘଟୁଛି। ଉଦାହରଣ ସ୍ୱରୂପ ବଡ଼ସାହି ତହସିଲଅଧୀନ ବାଘୁଲିସ୍ଥିତ ବୁଢ଼ାବଳଙ୍ଗ ନଦୀରୁ ବେଆଇନ ବାଲି ଉତ୍ତୋଳନକୁ ନେଇ ଖଣି ବିଭାଗ ପକ୍ଷରୁ ମାମଲା ରୁଜୁ କରାଯାଇଛି। ଏ ନେଇ ଲଘୁ ଖଣିଜ ବିଭାଗର କନିଷ୍ଠ ଅଫିସର ଭବାନୀଶଙ୍କର ପାତ୍ରଙ୍କ ଅଭିଯୋଗକୁ ଭିତ୍ତିକରି ବଡ଼ସାହି ପୁଲିସ ଏକ ମାମଲା ରୁଜୁକରି ତଦନ୍ତ ଆରମ୍ଭ କରିଛି। ତେବେ ବେଆଇନ ଭାବେ ବାଲି ଉତ୍ତୋଳନ କରୁଥିବା ଏକ୍ସାଭେଟର(ଜେସିବି) ମାଲିକ କମ୍ପାଉଣ୍ଡ ଜରିମାନା ଦେଇ ନ ଥିବାରୁ ବିଭାଗ ପକ୍ଷରୁ ଅଭିଯୋଗ ହୋଇଛି। ଲଘୁଖଣିଜ ଚୋରିକୁ ନେଇ ଅଭିଯୋଗ କରିବା ପରିବର୍ତ୍ତେ ଚୋରାଚାଲାଣକାରୀଙ୍କ ପ୍ରତି ବିଭାଗୀୟ ଉଦାସୀନତା ମନୋଭାବ ପୋଷଣ କରାଯାଉଛି। ଯାହାକୁ ନେଇ କୋର୍ଟରେ ମାମଲାକୁ ରଫାଦଫା କରିବାକୁ ଯୋଜନା କରାଯାଉଛି ବୋଲି ଗ୍ରାମବାସୀଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଉଛି। ଏହି ଘଟଣାରେ ମାଫିଆ ମାନେ ନଦୀରେ ୩କିମି ବନ୍ଧ ବାନ୍ଧି ଜଳସ୍ରୋତ ରୋକିବା ସହିତ ଗୋଟିଏ ଏକର ଜମିରେ ବାଲି ଜମା ରଖି ଭାରୀଯାନ ଦ୍ୱାରା ବାହାର ଜିଲ୍ଲାକୁ ଚୋରା ଚାଲାଣ କରୁଥିଲେ ବିଭାଗ ଅଭିଯୋଗରେ ସେ ସମସ୍ତ ତଥ୍ୟ ଲୁଚାଇଛି। ତତ୍ସହିତ ଘଟଣାର ୫ଦିନ ପରେ ମଧ୍ୟ ନଦୀ ବନ୍ଧ ଭଙ୍ଗାଯାଇ ନାହିଁ। ୧୧ନଭେମ୍ବରରେ ଗ୍ରାମବାସୀଙ୍କ ଅଭିଯୋଗକୁ ନେଇ ଲଘୁ ଖଣିଜ ବିଭାଗ ପକ୍ଷରୁ ଚଢ଼ଉ କରି ଏକ ଏକ୍ସଭେଟର ଓ ଗୋଟିଏ ଟ୍ରାକ୍ଟରକୁ ଜବତ କରିଥିଲା। ଯାହାକୁ ନେଇ ବିଭାଗ ପକ୍ଷରୁ ଜରିମାନା କିମ୍ବା କମ୍ପାଉଣ୍ଡ ଜରିମାନା କରି ଛାଡ଼ିବାକୁ ହାନ ପ୍ରୟାସ କରାଯାଉଥିଲା। ଏହାକୁ ନେଇ ଗ୍ରାମବାସୀ ଜିଲ୍ଲାପାଳଙ୍କ ଗେଟି ଘଟଣା ସମ୍ପର୍କରେ ଅଭିଯୋଗ କରିବା ପରେ ବିଭାଗୀୟ ଅଧିକାରୀଙ୍କ ଟାଣିଦ କରିଥିଲେ। ସେହିପରି ରାସଗୋବିନ୍ଦପୁର ତହସିଲ

### ବିଗୁଡ଼ୁଛି ପରିବେଶ ସନ୍ତୁଳନ; ବ୍ୟାପକ ରାଜସ୍ୱ ହାନି


ଅଧୀନ ନାକିଚୁଆ ସରକାରୀ ଗୋଚର ଜମିରୁ ବେଆଇନ ଭାବେ ମାଟି ଖନନ ଓ ପରିବହନ କରି ବାହାର ଜିଲା ଏବଂ ରାଜ୍ୟକୁ ଚାଲାଣ ହେଉଥିବା ୬ଟି ଡମ୍ପର ଓ ୨ଟି ଜେସିବି ମେସିନକୁ ଲଘୁ ଖଣିଜ ବିଭାଗ ଶନିବାର ଜବତ କରି ଥାନାରେ ଜିମା ଦେଇଛି। ଏହିପରି ଭାବେ ନଦୀ, ନାଳ, ଜଙ୍ଗଲ ଆଦି ସ୍ଥାନରୁ ପ୍ରତିଦିନ ଶହ ଶହ ଟ୍ରକ ବାଲି, ମାଟି, ମୋରମ ଓ ପଥର ଚୋରା ଚାଲାଣ ହେଉଥିବା ବେଳେ ଅଧିକାରୀମାନେ ଜାଣିଶୁଣି ନୀରବଦ୍ରଷ୍ଟା ସାଜିଛନ୍ତି। ଲଘୁ ଖଣିଜ ଦ୍ରବ୍ୟ ଚୋରା ଚାଲାଣକୁ ରୋକିବା ପାଇଁ ଲଘୁ ଖଣିଜ ବିଭାଗ ସହିତ ପୁଲିସ, ରାଜସ୍ୱ, ବନବିଭାଗ, ଜଳସମ୍ପଦ, ପରିବହନ, ଜଳବାୟୁ ଓ ପରିବେଶ ନିୟନ୍ତ୍ରଣ ବିଭାଗର ଦାୟିତ୍ୱ ରହିଥିବା ବେଳେ ଏପରିକି ଚୋରା ଚାଲାଣକାରୀମାନେ ଦିନରେ ଲୁଟପାଟ କରିବା ପରିବର୍ତ୍ତେ ରାତି ତମାମ ଅପରେସନ ଜାରି ରଖୁଛନ୍ତି। ଯାହାଦ୍ୱାରା ପରିବେଶ ପ୍ରତି କ୍ଷତି ପହଞ୍ଚାଉଥିବା ବେଳେ ନଦୀ ସଂଲଗ୍ନ ଗ୍ରାମ ଗୁଡିକ ବିପଦସଙ୍କୁଳ ହେବାକୁ ବସିଛି। ଏହାକୁ ରୋକନଗଲେ ଆଗାମୀ ଦିନରେ ରାଜସ୍ୱ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବା ସୁନିଶ୍ଚିତ ବୋଲି ଗ୍ରାମବାସୀ ଦାବି କରିଛନ୍ତି। ଏ ସଂକ୍ରାନ୍ତରେ ଲଘୁ ଖଣିଜ ବିଭାଗ ଅଧିକାରୀ ଉଦୟଭାନୁ ସାହୁ କହନ୍ତି, ଜବତ ଯନ୍ତ୍ରାଂଶର ମାଲିକ କମ୍ପାଉଣ୍ଡ ଜରିମାନା ଦେବାରେ ଅରାଜି ହେଲେ ନିୟମ ଅନୁଯାୟୀ ମାମଲା ରୁଜୁ କରାଯିବ। ଏହି ଘଟଣାରେ ଓଏମ୍‌ଏମ୍‌ସି ନିୟମ ୨୦୧୬ ଅନୁଯାୟୀ ୫୧(୧)ଆଇଡି ଅନୁଯାୟୀ ଖଣି ଚୋରି, ଚୋରା ଚାଲାଣ ଏବଂ ଅନ୍ୟାନ୍ୟ ବେଆଇନ କାର୍ଯ୍ୟକଳାପକୁ ନେଇ ବିଭାଗ ପକ୍ଷରୁ ମାମଲା ରୁଜୁ ହୋଇଛି। ତେବେ ରାସଗୋବିନ୍ଦପୁର ତହସିଲ ଅଞ୍ଚଳରୁ ଜବତ ଡମ୍ପର ଓ ଜେସିବି ବାବଦରେ କୌଣସି ନିଷ୍ପତ୍ତି ଗ୍ରହଣ କରାଯାଇ ନାହିଁ। ଏହାର ସମୟ ଅବଧି ୩୦ଦିନ ରହୁଥିବାରୁ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏହାକୁ ନେଇ ଏନଜିଟିର ଆଇନଜୀବୀ ଶଙ୍କରପ୍ରସାଦ ପାଣି କହନ୍ତି, ଓଏମ୍‌ଏମ୍‌ସି ନିୟମ ସହିତ ରାଜସ୍ୱ ଚୋରିକୁ ନେଇ ସ୍ୱତନ୍ତ୍ର ଦଫା ଲଗାଇବାର ବ୍ୟବସ୍ଥା ରହିଛି। ଏପରିକି ବେଆଇନ କାର୍ଯ୍ୟରେ ଲିପ୍ତ ରହୁଥିବା ଅଭିଯୁକ୍ତକୁ ଗିରଫକରି କୋର୍ଟ ଚାଲାଣ କରିବାର ବ୍ୟବସ୍ଥା ରହିଛି। ମାତ୍ର ଏହାକୁ ଅଣଦେଖା କରାଯାଉଥିବାରୁ ରାଜସ୍ୱ ଲୁଟକୁ ରୋକିବା ଅସମ୍ଭବ ବୋଲି କହିଛନ୍ତି। ଖୁବ୍‌ଶୀଘ୍ର ଘଟଣାକୁ ନେଇ ପରିବେଶବିତ ଉଚ୍ଚ ନ୍ୟାୟାଳୟର ଦ୍ୱାରସ୍ଥ ହେବାକୁ ନିଷ୍ପତ୍ତି ନେଇଛନ୍ତି।

## ମୁଣ୍ଡାରୀ ଚଳଚ୍ଚିତ୍ର 'ହାସା କୋନେୟା'ର ଶୁଭ ମହୁରତ

**ବାରିପଦା, ୧୬।୧୧(ସମିସ):** ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଅବସରରେ ଶାମାଖୁଣ୍ଟା ବ୍ଲକର ଜାନୁଡାହି ଛକଠାରେ ମୁଣ୍ଡାରୀ ଚଳଚ୍ଚିତ୍ର 'ହାସା କୋନେୟା'ର ମହୁରତ ହୋଇଯାଇଛି। ମୁଣ୍ଡାରୀ ଭାଷା ଓ କଳା ସଂସ୍କୃତିକୁ ଚଳଚ୍ଚିତ୍ର ମାଧ୍ୟମରେ ଉନ୍ନତି କରିବାରେ ଗୁରୁତ୍ୱପୂର୍ଣ୍ଣ ଯୋଗଦାନ ଥିବା ରଞ୍ଜିତ ସିଂ ମୁଖ୍ୟଅତିଥି ଭାବେ ଯୋଗଦେଇ ଉଦଘାଟନ କରିଥିଲେ। ଅପୂର୍ବ ତାମାରିଆ (ଆସାମ) ଓ ଶଙ୍କର ସିଂ (ମୟୂରଭଞ୍ଜ)) ମିଳିତ ଭାବେ ଚଳଚ୍ଚିତ୍ର ପ୍ରଯୋଜନା କରିଥିବାବେଳେ ରସାନନ୍ଦ ସିଂ ସଙ୍ଗୀତ ଓ ନିର୍ଦ୍ଦେଶକ ଦାୟିତ୍ୱ ତୁଲାଇଛନ୍ତି। ବିଭିନ୍ନ ଭୂମିକାରେ ସାଧୁ ସିଂ, ସଙ୍ଗୀତା ସିଂ, ଯୋଶଦା, ବାପିରାଜ, ମାମାଲି, ଶ୍ୟାମସୁନ୍ଦର ସିଂ, ତୁଳସି, ଲିପୁଣ, ଶଙ୍କର, ଅନୀତା ପ୍ରମୁଖ ଅଭିନୟ କରୁଥିବା ଜଣାଯାଇଛି।

### ଭଞ୍ଜପୁର ଜଗଦ୍ଧାତ୍ରୀ ମେଳା

## ଜାଭେଦ ଅଲ୍ଲୀଙ୍କ ଗୀତରେ ଝୁମିଲେ ଦର୍ଶକ



**ବାରିପଦା, ୧୬।୧୧(ସମିସ):** ସ୍ଥାନୀୟ ଭଞ୍ଜପୁରଠାରେ ଉତ୍ତର ଓଡ଼ିଶାର ପ୍ରସିଦ୍ଧ ଜଗଦ୍ଧାତ୍ରୀ ମେଳାର ୧୩ଶ ସନ୍ଧ୍ୟାରେ ବଲିଉଡ ନାଇଟ କାର୍ଯ୍ୟକ୍ରମରେ ହଜାର ହଜାର ଦର୍ଶକଙ୍କ ଉପସ୍ଥିତିରେ ହିନ୍ଦୀ ସିନେମା ଜଗତର ଚର୍ଚ୍ଚିତ କଣ୍ଠଶିଳ୍ପୀ ଜାଭେଦ ଅଲ୍ଲୀ ଦର୍ଶକଙ୍କ ମନପସନ୍ଦର ଗୀତ ଗାଇ ସମସ୍ତଙ୍କୁ ମନ୍ତ୍ରମୁଗ୍ଧ କରିଥିଲେ। ହିନ୍ଦୀ ସମେତ ଭାରତର ବିଭିନ୍ନ ଭାଷାରେ ଗୀତ ଗାଇ ସେ ଦର୍ଶକଙ୍କ ହୃଦୟରେ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିପାରିଛନ୍ତି। ତତସହିତ ଜାତୀୟ ଟେଲିଭିଜନରେ ଅନେକ ରିଏଲିଟି ସୋ'ରେ ବିଚାରକ ଭାବେ ମଧ୍ୟ ସେ ବେଶ ଲୋକପ୍ରିୟତା ହାସଲ କରିଛନ୍ତି। ସେହିପରି ପରବର୍ତ୍ତୀ ସନ୍ଧ୍ୟାରେ ବଲିଉଡ ନାଇଟରେ କାଜିବାର ରହମନ ଓ ସାନଙ୍କ କାର୍ଯ୍ୟକ୍ରମ ରହିଛି ବୋଲି ଗଣମାଧ୍ୟମ ସଂଯୋଜକ ଜଣାଇଛନ୍ତି।

## ଶିଶୁ ଅଧିକାର ସପ୍ତାହରେ ବିଦ୍ୟାଳୟସ୍ତରୀୟ ପ୍ରତିଯୋଗିତା

**ବାରିପଦା/ବାଙ୍ଗିରିପୋଷି, ୧୬।୧୧(ସମିସ):** ଶିଶୁ ଅଧିକାର ସପ୍ତାହ ଅବସରରେ ବିଦ୍ୟାଳୟସ୍ତରୀୟ ପ୍ରତିଯୋଗିତା ବାଙ୍ଗିରିପୋଷି ବ୍ଲକର ମା' ଶୀତଳା ହାଇସ୍କୁଲରେ ଅନୁଷ୍ଠିତ ହୋଇଯାଇଛି। ଛାତ୍ରଛାତ୍ରୀଙ୍କ ମଧ୍ୟରେ ବକ୍ତୃତା, ନିବନ୍ଧ, ଚିତ୍ରାଙ୍କନ ଓ ନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ ବାଙ୍ଗିରିପୋଷି ବିଡିଓ ପରମାନନ୍ଦ ଖଣ୍ଡେଇ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ବଣ୍ଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମୟୂରଭଞ୍ଜ ଲୋକସଭା ସାଂସଦଙ୍କ ପ୍ରତିନିଧି ସୁଗଦା ମୁର୍ମୁ ଯୋଗଦେଇ ଶିଶୁ ଅଧିକାର ଆଇନର ଦିଗ ଓ ବାଲ୍ୟବିବାହ ସମ୍ପୂର୍ଣ୍ଣ ବନ୍ଦ ପାଇଁ ବକ୍ତବ୍ୟ ରଖିଥିଲେ। 'ସିଏସିଏଲ'ର ଜିଲ୍ଲା ସଂଯୋଜକ ଉତ୍ତମ ସାହୁ ସପ୍ତାହ ବ୍ୟାପି ଅନୁଷ୍ଠିତ କାର୍ଯ୍ୟକ୍ରମ ଉପରେ ଆଲୋକପାତ କରିଥିଲେ। ପ୍ରଧାନଶିକ୍ଷକ ରମେଶ ଚନ୍ଦ୍ର ମହାନ୍ତ ସଭାପତିତ୍ୱରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବାବେଳେ 'ମାର୍ଗ'ର କାର୍ଯ୍ୟକର୍ତ୍ତା ଚନ୍ଦନ ଦାସ, ପ୍ରଦୀପ୍ତ ସାମଲ, ସତ୍ୟଜିତ ମିଶ୍ର, ବିପ୍ଳବ ସିଂହ, କୁଥୁ ସିଂ, ମଲ୍ଲିକ ସାହୁ ଓ ମୁନିରାମ ହେମ୍ବ୍ରମ ସହଯୋଗ କରିଥିଲେ। 'ଏଡୁକୋ' ସହାୟତାରେ 'ମାର୍ଗ' ଓ 'ସିଏସିଏଲ'ର ମିଳିତ ଉଦ୍ୟମରେ ଅନୁଷ୍ଠିତ ହୋଇଥିଲା।

## ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ



**ବହଳଦା, ୧୬।୧୧(ସମିସ):** ମୟୁରଭଞ୍ଜ ଜିଲ୍ଲା ତିରିଂବ୍ଲକ ଅଧୀନ ମାଙ୍କଡ଼ିଘାଟି ଏବଂ ଡିଏଲ କଲେଜ ନିକଟସ୍ଥ ବାଘା ଛକରେ ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ତିରିଂବ୍ଲକ ଅଧ୍ୟକ୍ଷ ପରମେଶ୍ୱର ସାମାଡ଼ ଏବଂ ଜିଲ୍ଲା ପରିଷଦ ପରେଶ ଚନ୍ଦ୍ର ମୁଣ୍ଡାଙ୍କ ନେତୃତ୍ୱରେ ଉପସ୍ଥିତ ଥିବା ସମାଜସେବୀ କୁସନୁ ବୋଦ୍ରା, ବାବଲୁ ପୂର୍ତ୍ତି, ବଡସାଦମ ମାଝୀବାବା ଦୁର୍ଗା ମାର୍ଣ୍ଡି, ପୂର୍ବତନ ସରପଞ୍ଚ ଛଟରାୟ ଟୁଡୁ, ଗିରିଶ ଗୋଡସରା ପ୍ରମୁଖ ଉପସ୍ଥିତ ଥିଲେ। ଏହାପରେ ବହଳଦା ଧିରଲାଲ କଲେଜ ନିକଟସ୍ଥ ବାଘା ଛକରେ ବିଭିନ୍ନ ଗ୍ରାମରୁ ପାରମ୍ପାରିକ ବେଶରେ ଉପସ୍ଥିତ ଆଦିବାସୀ ମହିଳା ଓ ପୁରୁଷ ମାନେ ଭଗବାନ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ସ୍ୱତନ୍ତ୍ର ଅତିଥି ଭାବେ ରାଇରଙ୍ଗପୁର ବିଧାୟକ ଜଲେନ ନାଏକ ଯୋଗ ଦେଇଥିବାବେଳେ ମୁଖ୍ୟ ଅତିଥି ଭାବେ ତିରିଂବ୍ଲକ ଅଧ୍ୟକ୍ଷ ପରମେଶ୍ୱର ସାମାଡ, ମୁଖ୍ୟବକ୍ତା ଭାବେ ତିରିଂ ଜିଲ୍ଲାପରିଷଦ ପରେଶଚନ୍ଦ୍ର ମୁଣ୍ଡା ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ବ୍ଲକ ଅଧ୍ୟକ୍ଷା ଜେମାମଣୀ ସୁଣ୍ଡି, ପୂର୍ବତନ ସରପଞ୍ଚ ଛଟରାୟ ଟୁଡୁ ଓ ବାବଲୁ ପୂର୍ତ୍ତି ପ୍ରମୁଖଙ୍କ ସହ ନିର୍ବାଚିତ ଜନ ପ୍ରତିନିଧି ଓ ବିଭିନ୍ନ ଗ୍ରାମର ମାଝୀବାବାମାନେ ମାଲ୍ୟାର୍ପଣ କରିଥିଲେ।

## ରୋଟାରି ହେରିଟେଜ୍ ତରଫରୁ ଜାତି ନିର୍ମାତା ପୁରସ୍କାର ପ୍ରଦାନ

**ବାରିପଦା, ୧୬।୧୧(ସମିସ):** ରୋଟାରୀ କ୍ଲବ ଅଫ ବାରିପଦା ହେରିଟଜ ତରଫରୁ ପାଲବଣିସ୍ଥିତ ସେଣ୍ଟ ଜାଭିଆର ହାଇସ୍କୁଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସେଥିପାଇଁ ଆୟୋଜିତ ଉଦଘାଟନୀ ଉତ୍ସବରେ କ୍ଲବର ସଭାପତି ରୋଟାରୀଆନ ବ୍ରହ୍ମାନନ୍ଦ ପ୍ରଧାନ ସଭାପତିତ୍ୱ କରିଥିଲେ। ରୋଟାରୀଆନ ସନ୍ତୋଷ କୁମାର କାସ୍ତଙ୍କ ପରିଚାଳନାରେ ମୁଖ୍ୟଅତିଥି ଭାବେ ସ୍ୱାମୀ ସୁଧାନନ୍ଦ ଜି ଉତ୍ସବକୁ ଉଦଘାଟନ କରିଥିଲେ। ରୋଟାରୀୟାନ ନଳିନ କୁମାର ଚୌଧୁରୀ ରୋଟାରିର ଲକ୍ଷ୍ୟ ଓ ଉଦେଶ୍ୟ ସମ୍ବନ୍ଧରେ ଆଲୋକପାତ କରିଥିଲେ। ସଭାପତି ପ୍ରଧାନ ଏବଂ ସମ୍ପାଦକ ଦେବଦତ୍ତ ମହାନ୍ତି କାର୍ଯ୍ୟକ୍ରମ ସମ୍ବନ୍ଧରେ ସୂଚନା ଦେଇଥିଲେ। ବାରିପଦା, ମୋରଡା ଏବଂ କୁଳିଅଣା ବ୍ଲକରୁ ଆସିଥିବା ୩୨ ଜଣ ଶିକ୍ଷକ ଶିକ୍ଷୟିତ୍ରୀ, ବୁଦ୍ଧିଜୀବୀ ଏବଂ କ୍ଲବର ସଦସ୍ୟ ସଦସ୍ୟାଙ୍କୁ ନୈତିକ, ବୌଦ୍ଧିକ ଏବଂ ଆଧାତ୍ମିକ ପ୍ରବଚନ ପ୍ରଦାନ କରିଥିଲେ। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ମୋରଡା ଗୋଷ୍ଠୀ ଶିକ୍ଷାଧିକାରୀ ବିଜୟକୁମାର ପାଣିଗ୍ରାହୀ, ମୁଖ୍ୟବକ୍ତା ରୋଟାରୀ ଜୋନାଲ ଚେୟାର ରାକେଶ ସିଂ, ସମ୍ମାନିତ ଅତିଥି ମହାନ ସମାଜସେବୀ ପୂର୍ଣ୍ଣଚନ୍ଦ୍ର ବୁଗୁଡେଇ, ସ୍ୱାମୀଜୀ, ସଭାପତି ଏବଂ ସମ୍ପାଦକ ଉପସ୍ଥିତ ଥିଲେ। ତପ୍ରରେ ବିଶିଷ୍ଟ ସମାଜସେବୀ ସେକ କୋହିନୁର ଇସଲାମ ଏବଂ ନୁଡଡିହା ହାଇସ୍କୁଲର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଗଣନାଥ ମହାନ୍ତିଙ୍କୁ ମାନପତ୍ର, ଉପଢୌକନ ଏବଂ ଚାରାଗଛ ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। ତାପରେ ୩ଟି ବ୍ଲକରୁ ୭ ଜଣ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ଜାତି ନିର୍ମାତା ପୁରସ୍କାର ପ୍ରମାଣପତ୍ର, ଉପଢୌକନ ଓ ଚାରାଗଛ ପ୍ରଦାନ କରାଯାଇଥିଲା।

## ଜାତୀୟ ସମବାୟ ସପ୍ତାହ ଉପଲକ୍ଷେ ଜିଲ୍ଲାସ୍ତରୀୟ ଗଣଦୌଡ଼

**ବାରିପଦା, ୧୬।୧୧(ସମିସ):** ୭୨ତମ ସମବାୟ ସପ୍ତାହର ମୂଳ ବାର୍ତ୍ତା 'ଆତ୍ମନିର୍ଭର ଭରତ ପାଇଁ ସମବାୟ ଏକ ମାଧ୍ୟମ'କୁ ପ୍ରଚାର ଓ ପ୍ରସାର କରିବା ପାଇଁ ରବିବାର ସକାଳ ୮ଟାରେ ମୟୂରଭଞ୍ଜ ଜିଲ୍ଲା ସଦର ମହକୁମା ବାରିପଦାରେ ଏକ ଗଣଦୌଡ଼ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପ୍ରାଙ୍ଗଣରୁ ଆରମ୍ଭ ହୋଇଥିବା ଏହି କାର୍ଯ୍ୟକ୍ରମକୁ ଜିଲ୍ଲା ସମବାୟ ଉପନିବନ୍ଧକ ଅଶୋକ ପାଣି ଉଦ୍‌ଘାଟନ କରିଥିଲେ। କାର୍ଯ୍ୟକ୍ରମରେ ବାରିପଦା ଓ ରାଇରଙ୍ଗପୁର ମଣ୍ଡଳର ବରିଷ୍ଠ ସହକାରୀ ନିବନ୍ଧକ ତୁଷାରକାନ୍ତି ମହାନ୍ତି, ମୟୂରଭଞ୍ଜ କେନ୍ଦ୍ର ସମବାୟ ବ୍ୟାଙ୍କ ସଭାପତି ସୁବ୍ରମଣ୍ୟମ ମହାନ୍ତି, କପ୍ତିପଦା ମଣ୍ଡଳର ଭାରପ୍ରାପ୍ତ ସହକାରୀ ନିବନ୍ଧକ ସୁକୁରାମ ସିଂ, ଆରସିଏମଏସ ଲିମିଟେଡର ସଭାପତି ଦେବୀଦତ୍ତ ଦାଶ ଓ ମୟୂରଭଞ୍ଜ କେନ୍ଦ୍ରୀୟ ସମବାୟ ବ୍ୟାଙ୍କର ଡିଜିଏମ୍ ପ୍ରକାଶ ଚନ୍ଦ୍ର ବାରିକ, ଜିଲ୍ଲା ସମବାୟ ସଂଘ ସଭାପତି ପ୍ରଦୀପ୍ତ କିଶୋର ଉପାଧ୍ୟାୟଙ୍କ ସହ ଅନେକ ବିଶିଷ୍ଟ ସମବାୟବିତମାନେ ଉପସ୍ଥିତ ଥିଲେ। ଏଥିସହ ମଳୟ ଜେନା, ମନୋରମା ପାଣିଗ୍ରାହୀ, ଅଭିନ୍ନ ପାତ୍ର, ରବୀନ୍ଦ୍ର ନାଥ ବସା, ଆମର ପ୍ରସାଦ ସେଠୀ, ଉପସହକାରୀ ନିବନ୍ଧକ ବିଜୟ ଟୁଡୁ, ସତ୍ୟଜିତ ବାରିକ, ଦିଲ୍ଲୀପ ପାତ୍ର, ସମବାୟ ବିଭାଗ ଓ ସମବାୟ ବ୍ୟାଙ୍କର ବହୁ କର୍ମଚାରୀ, ଲ୍ୟାମ୍ପର କର୍ମଚାରୀ ଓ ସମବାୟ କର୍ମୀ ଗଣଦୌଡ଼ରେ ଯୋଗ ଦେଇଥିଲେ। ସମବାୟ ମାଧ୍ୟମରେ ଆତ୍ମନିର୍ଭରତା, ସହଯୋଗ ଓ ସାମୂହିକ ଉନ୍ନୟନର ବାର୍ତ୍ତାକୁ ଲୋକଙ୍କ ପାଖରେ ପହଞ୍ଚାଇବା କାର୍ଯ୍ୟକ୍ରମର ମୁଖ୍ୟ ଲକ୍ଷ୍ୟ ଥିଲା।

## କରଞ୍ଜିଆ ପ୍ରେସ୍‌କ୍ଲବ୍ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ




**କରଞ୍ଜିଆ, ୧୬।୧୧(ସମିସ):** କରଞ୍ଜିଆ ପ୍ରେସ୍ କ୍ଲବ୍ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ ସୂଚନା କେନ୍ଦ୍ର ଓ ପାଠାଗାର ପରିସରରେ ସୂଚନା କେନ୍ଦ୍ର ଓ ପାଠାଗାରର ଭାରପ୍ରାପ୍ତ ଅଧିକାରୀ ତଥା ସହକାରୀ ଜିଲ୍ଲାପାଳ ନିହାର ରଞ୍ଜନ ସେଠୀଙ୍କ ଅଧ୍ୟକ୍ଷତାରେ ପାଳିତ ହୋଇଯାଇଛି। ଏଥିରେ ମୁଖ୍ୟତିଥି ଭାବେ କରଞ୍ଜିଆ ବିଧାୟକ ପଦ୍ମଚରଣ ହାଇବୁରୁ ଯୋଗଦେଇ ଉଦ୍‌ଘାଟନ କରିଥିଲେ। ବିଶିଷ୍ଟ ଅତିଥିଭାବେ ଉପଖଣ୍ଡ ପୁଲିସ ଅଧିକାରୀ ନବକ୍ରିଷ୍ଣ ନାୟକ ଯୋଗଦେଇ ଗଣତନ୍ତ୍ରର ଚତୁର୍ଥ ପ୍ରହରୀ ସାମ୍ବାଦିକଙ୍କ ଯୋଗୁଁ ଆମେ ରାତି ୧୧ଟାରେ ଘୋଟୁଥିବା ଖବର ଜାଣିପାରୁଛୁ। ତେଣୁ ସେମାନେ ଧନ୍ୟବାଦ୍‌ର ପାତ୍ର ବୋଲି କହିଥିଲେ। ସମ୍ମାନିତ ବକ୍ତାଭାବେ କରଞ୍ଜିଆ ବିଡ଼ିଓ ପ୍ରଦ୍ୟୁମ୍ନ କୁମାର ନାଏକ ଯୋଗ ଦେଇ ସାମ୍ବାଦିକ ଙ୍କ ଦୁ ସାହସିକ କାର୍ୟ୍ୟ ସମ୍ପର୍କରେ କହି କରଞ୍ଜିଆ ଉପଖଣ୍ଡ ସାମ୍ବାଦିକ ସର୍ବାଗ୍ରେ ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ତନ୍ମୟ କୁମାର ଦାସ, ଲଲାଟେନ୍ଦୁ ପାତ୍ର, ହରେକୃଷ୍ଣ ମହନ୍ତ, ଦୁର୍ଗାପ୍ରସାଦ ଦାସ ପ୍ରମୁଖ ଯୋଗ ଦେଇ ମତ ରଖିଥିଲେ। ଏହି ଅବସରରେ ପ୍ରେସ୍‌କ୍ଲବ ପକ୍ଷରୁ ଖବରକାଗଜ ବିତରକ ମାନଙ୍କୁ କମ୍ବଳ ପ୍ରଦାନ କରଯାଇଥିଲା। କରଞ୍ଜିଆର ବରିଷ୍ଠ ସାମ୍ବାଦିକ ଗୌରୀଶଙ୍କର ସିନାଙ୍କୁ ସମ୍ବର୍ଦ୍ଧିତ କରିଥିଲ। ପ୍ରେସ୍‌କ୍ଲବ ସମ୍ପାଦକ କର୍ଣ୍ଣାର୍ଜୁନ ସାହା ଅତିଥି ପରିଚୟ ଦେଇଥିଲେ। ପ୍ରେସ୍ କ୍ଲବର ଭାଗବତ ଚନ୍ଦ୍ର ଦାସ, ଅରୁଣ କୁମାର ବେହେରା, ଦିନେଶ କୁମାର ଦାସଙ୍କ ସହିତ ମନୋଜ କୁମାର ମହାନ୍ତି, ସୂଚନାକେନ୍ଦ୍ର କର୍ମଚାରୀ ମଧୁସୂଦନ ନାଏକ ସହଯୋଗ କରିଥିଲେ। ସଭାପତି ନିହାର ରଞ୍ଜନ ସେଠୀ ସଭାପତିତ୍ୱ ଅଭିଭାଷଣ ଦେବା ସହିତ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

### ଜାତୀୟ ନାଟ୍ୟ ମହୋତ୍ସବର ତୃତୀୟ ସନ୍ଧ୍ୟା

## ଦର୍ଶକଙ୍କ ମନ ମୋହିଲା ନାଟକ 'ବେହୁଲା ଆଜୋ'



**ବାରିପଦା, ୧୬।୧୧(ସମିସ):** ସ୍ଥାନୀୟ ସହିଦ ସ୍ମୃତି ଭବନରେ ଓମ ନାଟ୍ୟ ସଂସ୍ଥାର ରୌପ୍ୟ ଜୟନ୍ତୀ ପାଳନ ଅବସରରେ ଆୟୋଜିତ ଜାତୀୟ ନାଟ୍ୟ ମହୋତ୍ସବର ତୃତୀୟ ସନ୍ଧ୍ୟାରେ ତିଲଜାଲା କଳ୍ପନ ନାଟ୍ୟଗୋଷ୍ଠୀ, କୋଲକାତା ପ୍ରଯୋଜିତ ବେଙ୍ଗଲୀ ନାଟକ 'ବେହୁଲା ଆଜୋ' ମଞ୍ଚସ୍ଥ ହୋଇଯାଇଛି। କଳ୍ପନା ବାରୁଆଙ୍କ ନିର୍ଦ୍ଦେଶିତ ନାଟକରେ ଶର୍ମିଳା ଚାଟାର୍ଜୀ, ଜବା ଶର୍ମା, ଚନ୍ଦ୍ରାଣୀ ନନ୍ଦୀ, ଦୀପାରାଣୀ ନେଓଗୀ, ପିୟାଶ୍ରୀ ବୋଷ, ପୌଲୋମି ଦାସ, ସାଇକତ ରୟ, ସୌରଭ ମିସ୍ତ୍ରୀ, ସୁମନ ଘୋଷ, ସାୟନ୍ତନ ଜାନା, କୃଷ୍ଣପ୍ରିୟ ଲାହା, ଅର୍ଣ୍ଣବ ଦାସ, ସାୟନ୍ତନ ମଜୁମଦାର ଓ କଳ୍ପନା ବାରୁଆ ଅଭିନୟ କରିଥିଲେ। ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ ଓ ମୁଖ୍ୟବକ୍ତା ଭାବେ ନଗରପାଳ କୃଷ୍ଣାନନ୍ଦ ମହାନ୍ତି ନାଟକର ଉଦ୍‌ଘାଟନ କରିବା ସହ ବାରିପଦାରେ ଜାତୀୟ ନାଟ୍ୟ ମହୋତ୍ସବର ପରିକଳ୍ପନା କରିଥିବା ଓମ ନାଟ୍ୟ ସଂସ୍ଥାର ପ୍ରୟାସ ପାଇଁ ପ୍ରଶଂସା କରିଥିଲେ। ସଂସ୍ଥାର ସମ୍ପାଦକ ଜ୍ଞାନରଞ୍ଜନ ପଣ୍ଡା ମଞ୍ଚ ପରିଚାଳନା କରିଥିବାବେଳେ ପ୍ରତିଷ୍ଠାତା ବିଶିଷ୍ଟ ଅଭିନେତା ନିର୍ଦ୍ଦେଶକ ଧୀର ବଶା ଧନ୍ୟବାଦ ଅର୍ପଣ କରିଥିଲେ। ଅଭିନେତାଙ୍କ ଜୀବନ୍ତ ଅଭିନୟ ଦର୍ଶକଙ୍କୁ ବିମୋହିତ କରିଥିଲା। ଏହି ମହୋତ୍ସବ ଚଳିତ ମାସ ୧୮ ତାରିଖ ପର୍ଯ୍ୟନ୍ତ ଚାଲିବ। ପରବର୍ତ୍ତୀ ସନ୍ଧ୍ୟାରେ ଜୀବନରେଖା, ଭୁବନେଶ୍ୱର ପ୍ରଯୋଜିତ ଓଡ଼ିଆ ନାଟକ 'କମଳା' ମଞ୍ଚସ୍ଥ ହେବ ବୋଲି ଗଣମାଧ୍ୟମ ସଂଯୋଜକ ସୋମନାଥ ସିଂହ ଜଣାଇଛନ୍ତି।

## ସାଇ ଆଦର୍ଶ ଗ୍ରୁପ୍ ଅଫ୍ ଇନିଷ୍ଟିଚ୍ୟୁସନ୍‌ରେ ମେଧାବୃତ୍ତି ପରୀକ୍ଷା

**ବାରିପଦା, ୧୬।୧୧(ସମିସ):** ବାରିପଦାର ରଘୁନାଥପୁରସ୍ଥିତ ବୀଣାପାଣି ଏଜୁକେସନାଲ ଟ୍ରଷ୍ଟ ଆନୁକୂଲ୍ୟରେ ସାଇ ଆଦର୍ଶ ବିଦ୍ୟାମନ୍ଦିର, ସାଇଆଦର୍ଶ ଇଣ୍ଟରନେସନ୍ୟାଲ ସ୍କୁଲ, ସାଇଆଦର୍ଶ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଓ ସାଇ ଆଦର୍ଶ ଡିଗ୍ରୀ କଲେଜ ଅନୁଷ୍ଠାନରେ ଯଥାକ୍ରମେ ପଞ୍ଚମ, ଷଷ୍ଠ, ସପ୍ତମ ଓ ଅଷ୍ଟମ ଶ୍ରେଣୀ ଛାତ୍ର ଛାତ୍ରୀଙ୍କର ଏକ ମେଧାବୃତ୍ତି ପରୀକ୍ଷା ଅନୁଷ୍ଠିତ ହୋଇଛି। ପଞ୍ଚମରେ ୪୦୫ ଜଣ, ଷଷ୍ଠରେ ୪୯୭ ଜଣ, ସପ୍ତମରେ ୪୪୬ ଜଣ ଓ ଅଷ୍ଟମ ଶ୍ରେଣୀରେ ୫୨୦ ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେଇଛନ୍ତି। ସର୍ବମୋଟ୍ ୧୮୬୮ ଛାତ୍ରଛାତ୍ରୀ ପରୀକ୍ଷା ଦେଇଛନ୍ତି। କୃତକାର୍ଯ୍ୟ ହେଲେ ପ୍ରତି ଶ୍ରେଣୀରେ ତିନିଜଣ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଥିବା ଛାତ୍ରଛାତ୍ରୀଙ୍କୁ ଯଥାକ୍ରମେ ଟ ୧୦, ୦୦୦, ଟ ୫, ୦୦୦ ଓ ଟ ୩, ୦୦୦ ପୁରସ୍କାର ସହିତ ମେଡେଲ ଓ ପ୍ରମାଣ ପତ୍ର ଦିଆଯିବା ସହିତ ପ୍ରତି ଶ୍ରେଣୀର ଅନ୍ୟ ସାତଜଣଙ୍କୁ ଟ ୧, ୦୦୦ /- ଲେଖାଏଁ ସାନ୍ତ୍ୱନାମୂଳକ ପୁରସ୍କାର ରହିଛି। ଏହି ପରୀକ୍ଷା ସମ୍ପାଦନ ସୁରୁଖୁରୁରେ ହୋଇଥିବାବେଳେ ଆଶାନୁରୂପକ ସଫଳ ହୋଇପାରିଥିବାରୁ ଟ୍ରଷ୍ଟର ସଭାପତି ମିନାରାଣୀ ସାହୁ ଶିକ୍ଷା ଅନୁଷ୍ଠାନ ଗୁଡିକର ସମସ୍ତ କର୍ମଚାରୀ, ଛାତ୍ରଛାତ୍ରୀ, ଅଭିଭାବକ ଓ ଅଭିଭାବିକାମାନଙ୍କୁ ସାଧୁବାଦ ଜ୍ଞାପନ କରିଛନ୍ତି।

### ରାଜ୍ୟସ୍ତରୀୟ ଦୌଡ଼କୁଦ ପ୍ରତିଯୋଗିତା

## ମୟୂରଭଞ୍ଜକୁ ୨ଟି ସ୍ୱର୍ଣ୍ଣ, ୨ ରୌପ୍ୟ ଓ ଗୋଟିଏ ବ୍ରୋଞ୍ଜ



**ବାରିପଦା, ୧୬।୧୧(ସମିସ):** ଓଡ଼ିଶା ରାଜ୍ୟସ୍ତରୀୟ ଦୌଡ଼କୁଦ ପ୍ରତିଯୋଗିତା ବାଲେଶ୍ୱରର ଖ୍ରୀଷ୍ଟିଆନ ଉଚ୍ଚବିଦ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି। ମୟୂରଭଞ୍ଜ ଜିଲ୍ଲା ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କ ମାର୍ଗଦର୍ଶନରେ ଓ ଜିଲ୍ଲା ଶାରୀରିକ ଶିକ୍ଷା ପରିଦର୍ଶକ ଭାଗୀରଥି ମଲ୍ଲିକଙ୍କ ତତ୍ତ୍ୱାଧାନରେ ଜେନେରାଲ ମ୍ୟାନେଜର ଭାବେ ପିଇଟି ସନ୍ତୋଷ କୁମାର ମହାନ୍ତ, ବାଳକ ଟିମ ମ୍ୟାନେଜର ଭାବେ ପିଇଟି ପ୍ରଦୀପ କୁମାର ନାୟକ, ବାଳିକା ଟିମ ମ୍ୟାନେଜର ଭାବେ ପିଇଟି କ୍ଷଣପ୍ରଭା ବାରିକଙ୍କ ନେତୃତ୍ୱରେ ଦୌଡ଼କୁଦ ଖେଳାଳି ଯୋଗ ଦେଇଥିଲେ। ଏହି ପ୍ରତିଯୋଗିତାରେ ୧୭ ବର୍ଷରୁ କମ୍ ବାଳକ ବିଭାଗରେ ରାଇରଙ୍ଗପୁର ସରକାରୀ ଉଚ୍ଚ ବିଦ୍ୟାଳୟର ରାଜଶେଖର ଠାକୁର ୩ହଜାର ମିଟର ଦୌଡ଼ ପ୍ରତିଯୋଗିତାରେ ଦ୍ୱିତୀୟ ସ୍ଥାନ ଅଧିକାର କରି ରୌପ୍ୟପଦକ ୧୭ ବର୍ଷରୁ କମ୍ ବାଳିକା ବିଭାଗରେ ବାରିପଦା ବ୍ଲକ ଅଧୀନ ଖଡ଼ିଶୋଳ ଗ୍ରାମ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟର ବିନ୍ଦି ସିଂ ଡିସକସ୍ ଥ୍ରୋରେ ପ୍ରଥମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣପଦକ ଓ ସର୍ଟପୁଟ ଥ୍ରୋରେ ତୃତୀୟସ୍ଥାନ ଅଧିକାର କରି ବ୍ରଞ୍ଜ ପଦକ, ସେହି ୧୭ ବର୍ଷରୁ କମ ବାଳିକା ବିଭାଗରେ ରରୁଆଁ ବ୍ଲକ ଅଧୀନ ଅଙ୍ଗାରପଡ଼ା ପଞ୍ଚାୟତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଲିଜାରାଣୀ ଗିରି ଟ୍ରିପୁଲ ଜାମ୍ପ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣପଦକ, ୧୪ ବର୍ଷରୁ କମ୍ ବାଳକ ବିଭାଗରେ ଖୁଣ୍ଟା ବ୍ଲକ ଅଧୀନ ବଡ଼ଫେଣୀ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟର ଯୋଶବନ୍ତ ବେହେରା ଲମ୍ବଡିଆଁ ପ୍ରତିଯୋଗିତାରେ ଦ୍ୱିତୀୟ ସ୍ଥାନ ଅଧିକାର କରି ରୌପ୍ୟ ପଦକ ହାସଲ କରିଛନ୍ତି। ଏମାନଙ୍କୁ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ତରଫରୁ ଶୁଭେଚ୍ଛା ଜଣାଯାଇଛି।

## ଗୋପବନ୍ଧୁ ନଗର ପ୍ରେସ୍‌କ୍ଲବ୍ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ

**କୁଆମରା/ ପୁରୁଣାବାରିପଦା, ୧୬।୧୧(ସମିସ:** ଗୋପବନ୍ଧୁ ନଗର ପ୍ରେସ୍‌କ୍ଲବ ପକ୍ଷରୁ ରବିବାର ପୁରୁଣା ବାରିପଦାଠାରେ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଯାଇଛି। ପ୍ରେସ୍ କ୍ଲବର ସଭାପତି ନିମାଇଁ ପ୍ରସାଦ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ବଡ଼ସାହି ବ୍ଲକ ତହସିଲଦାର କରୁଣାକର ଧିନ୍ଦା, ମୁଖ୍ୟବକ୍ତା ଖୁଣ୍ଟା ବ୍ଲକ ସହକାରୀ ଯନ୍ତ୍ରୀ ବିନୟ ଜ୍ୟୋତି ଲେଙ୍କା, ସମ୍ମାନିତ ଅତିଥି ଟିକାୟତପୁର ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ଭବାନୀଶଙ୍କର ବେହେରା, ପୁରୁଣା ବାରିପଦା ପଞ୍ଚାୟତର ସରପଞ୍ଚ ଭୋଳାନାଥ ସିଂ ଯୋଗଦେଇ ଗଣମାଧ୍ୟମ ମୁକ୍ତ ହେଲେ ଗଣତନ୍ତ୍ର ସୁଦୃଢ ହେବ ବୋଲି ମତବ୍ୟକ୍ତ କରିଥିଲେ। ପ୍ରେସ୍ କ୍ଲବର ସମ୍ପାଦକ ଡ. କୁମାର ବାବୁଲି ଧନ୍ୟବାଦ ଦେଇଥିଲେ। ଶିକ୍ଷକ ବଙ୍କିମ ଚନ୍ଦ୍ର ବାରିକ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। ଏହି ଅବସରରେ ଚଳିତବର୍ଷ ପ୍ରେସ୍ କ୍ଲବ ପକ୍ଷରୁ ଅବସରପ୍ରାପ୍ତ ସୈନିକ ଆଶିଷ କୁମାର ରଥ, ଦିଲୀପ କୁମାର ମଢୁଆଳ, ଶଶିଧର ନାୟକ ଓ ମନମୋହନ ଚୌଧୁରୀଙ୍କୁ ସମ୍ମାନିତ କରାଯାଇଥିଲା। ସଭା ପ୍ରାରମ୍ଭରେ ବିଗତ ଏକମାସ ତଳେ ଉଦଳା ଉପଖଣ୍ଡର ବରିଷ୍ଠ ସାମ୍ବାଦିକ ଅରୁଣ କୁମାର ମହାନ୍ତିଙ୍କ ବିୟୋଗରେ ନିରବ ପ୍ରାର୍ଥନା କରାଯାଇଥିଲା। ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ନୀଳକଣ୍ଠ ବିନ୍ଧାଣୀ, ପ୍ରେସ୍ କ୍ଲବର ସଦସ୍ୟ ଶାନ୍ତନୁ କୁମାର ମଢୁଆଳ, ଚିତ୍ତରଞ୍ଜନ ଦଳେଇ, ସମ୍ବିତ କୁମାର ରାଉତ, ବିଶ୍ୱଜିତ ଦାଶ, ଦୀପକ କୁମାର ଚୌଧୁରୀ, ରଞ୍ଜନ କୁମାର ମଢୁଆଳ, ଯୋଗେଶ୍ୱର ସାହୁ, ସୂର୍ଯ୍ୟକାନ୍ତି ପୁହାଣ, ଜୟନ୍ତ କୁମାର ସ ପ୍ରମୁଖ ପରିଚାଳନା ରେ ସହଯୋଗ କରିଥିଲେ।

## ସଡ଼କ ଦୁର୍ଘଟଣାରେ ନାବାଳକ ମୃତ

**ବିଶୋଇ, ୧୬।୧୧(ସମିସ):** ବିଶୋଇ ଥାନା ଅଧୀନ ବାଡୁଣିଆ ଗ୍ରାମରେ ଜଣେ ନାବାଳକର ସଡ଼କ ଦୁର୍ଘଟଣାରେ ମୃତ୍ୟୁ ଘଟିଛି। ମୃତ ନାହାଳକ ହେଲେ ବାଡୁଣିଆ ଗ୍ରାମ କଲୋନୀସାହିର ରାମଦାସ ମାହାଲି ଓ ମାୟାବତୀଙ୍କ ନାବାଳକ ପୁଅ ଚୈତନ ମାହାଲି (୧୫)। ରବିବାର ସକାଳେ ଚୈତନ ନିଜ ଗାଁ ରାସ୍ତାରେ ଏକ ସ୍କୁଟିରେ ଯାଉଥିବାବେଳେ ଭରାସାମ୍ୟ ହରାଇ ରାସ୍ତା କଡ଼କୁ ଖସି ଦୁର୍ଘଟଣାଗ୍ରସ୍ତ ହୋଇଥିଲେ। ସ୍ଥାନୀୟ ଲୋକେ ଚୈତନକୁ ଉଦ୍ଧାର କରି ବିଶୋଇ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ଚୈତନଙ୍କ ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ ରାଇରଙ୍ଗପୁର ଉପଖଣ୍ଡ ଚିକିତ୍ସାଳୟକୁ ପଠା ଯାଇଥିଲା। ମେଡିକାଲରେ ଚିକିତ୍ସାଧୀନ ସମୟରେ ଚୈତନ୍ୟର ମୃତ୍ୟୁ ଘଟିଥିଲା।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

# ବିଭିନ୍ନ ସ୍ଥାନରେ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳିତ


ବିଶୋଇ


ଶୁଳିଆପଦା


ବାରିପଦା


ବାରିପଦା


ବଡ଼ସାହି

**ବିଶୋଇ,୧୬ ।୧୧ (ସମିସ):** ମହାନ ଆଦିବାସୀ ସ୍ୱାଧୀନତା ସଂଗ୍ରାମୀ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜୟନ୍ତୀ ପାଳିତ ହୋଇଯାଇଛି । ସ୍ମୃତି କମିଟିର ସଭାପତି ସୁବାଷ ପାତ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଜୟନ୍ତୀ ସମାରୋହରେ ଜଗନ୍ନାଥ ମନ୍ଦିରରୁ ଏକ ମଶାଲ ଯାତ୍ରା ବାହାରି ବିଶୋଇ ବଜାର ଦେଇ ବିର୍ସା ମୁଣ୍ଡା ଛକଠାରେ ପହଞ୍ଚିଥିଲା । ପରେ ଦେହୁରୀ ରଜତ କୁମାର ସିଂ ଓ ଯଦୁନାଥ ମୁର୍ମୁ ପାରମ୍ପରିକ ରୀତିନୀତିରେ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ପୂଜାର୍ଚ୍ଚନା କରିଥିଲେ । ମୁଖ୍ୟଅତିଥି ଭାବରେ ପ୍ରାକ୍ତନ ସାଂସଦ ଇଂ ରାମଚନ୍ଦ୍ର ହାଁସଦା ଯୋଗଦେଇ ଆଦିବାସୀଙ୍କ ଜଙ୍ଗଲ, ଜଳ ଓ ଜମି ଅଧିକାରକୁ ନେଇ ବ୍ରିଟିଶ ସରକାର ବିରୋଧରେ ସଂଗ୍ରାମ କରିଥିବା ବିର୍ସା ମୁଣ୍ଡାଙ୍କ ଭଳି ମହାନ ନେତାଙ୍କ ଗୁଣଗାନ କରିଥିଲେ । ସମ୍ମାନିତ ଅତିଥି ଭାବରେ ସାରସକଣା ବିଧାୟକ ଭାଦବ୍ ଚନ୍ଦ୍ର ହାଁସଦା, ଜିଲ୍ଲା ପରିଷଦ ସଦସ୍ୟା ବିଦ୍ୟୁସ୍ମିତା ଦେଓ, ବିଶୋଇ ସରପଞ୍ଚ କରୁଣା ସାଗର ମାର୍ଣ୍ଡି, ଖଡ଼ମବେଡ଼ା ସରପଞ୍ଚ ସୋମବାରି ସିଂ, ବିଶୋଇ ପଞ୍ଚାୟତ ସମିତି ସଦସ୍ୟ କାଶୁ ମାଝୀ, ଖଡ଼ମବେଡ଼ା ପଞ୍ଚାୟତ ସମିତି ସଭ୍ୟା ବାସନ୍ତୀ ହାଁସଦା, ସମାଜସେବୀ ସୁରାଇ ହାଁସଦା ପ୍ରମୁଖ ଯୋଗଦେଇ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହିତ ତାଙ୍କ ଜୀବନୀ ଉପରେ ବ୍ୟକ୍ତବ୍ୟ ରଖିଥିଲେ ।

## ■ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତି ଉନ୍ମୋଚିତ

**ଶୁଳିଆପଦା:** ଶୁଳିଆପଦା ବ୍ଲକ୍ ବାଘଡା ପଞ୍ଚାୟତ ଡିମିଆରେ ଶନିବାର ସହିଦ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତି ଉନ୍ମୋଚନ ହୋଇଯାଇଛି । ଏଥିରେ ମୁଖ୍ୟଅତିଥି ଗୃହ ଓ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ପ୍ରତିମୂର୍ତ୍ତି ଉନ୍ମୋଚନ କରିଥିଲେ । ବିଜେପି ନେତା କାନ୍ଦ୍ରା ସୋରେନ୍, ବାଘଡା ସରପଞ୍ଚ ଝାଡେଶ୍ୱର ମାର୍ଣ୍ଡି, ସମିତି ସଭ୍ୟ ଗୌର ମୋହନ ବେସ୍ରା, ମୁଣ୍ଡାରି ସମାଜର ସଭାପତି ତପନ ସିଂ, ଧର୍ମପଦ ସିଂ, କୁଶଧର ସୋରେନ୍ ପ୍ରମୁଖ ଯୋଗ ଦେଇ ସହିଦ୍‌ଙ୍କ ସ୍ମୃତିଚାରଣ କରିଥିଲେ । ତାଙ୍କ ପୁତ୍ର ଶଙ୍କର୍ଷଣ ସୋରେନ୍ ଧନ୍ୟବାଦ ଅର୍ପଣ କରିଥିଲେ ।

**ବାରିପଦା:** ମହାନ ଆଦିବାସୀ ସ୍ୱାଧୀନତା ସଂଗ୍ରାମୀ ଭଗବାନ ବିର୍ସା ମୁଣ୍ଡାଙ୍କ ପବିତ୍ର ୧୫୦ତମ ଜନ୍ମ ବାର୍ଷିକୀ ଅବସରରେ ବାରିପଦାରେ ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା । ଶନିବାର ପୂର୍ବାହ୍ନରେ, ପୋଡ଼ାଅସ୍ତିଆ ଛକଠାରେ ଏହି ସଭା ଅନୁଷ୍ଠିତ ହୋଇଥିଲା । ଅନ୍ୟମାନଙ୍କ ମଧ୍ୟରେ ବାରିପଦା ବିଧାୟକ ପ୍ରକାଶ ଚନ୍ଦ୍ର ସୋରେନ, ସାରସକଣା ବିଧାୟକ ଭାଦବ ଚନ୍ଦ୍ର ହାଁସଦା, ମୟୂରଭଞ୍ଜ ଜିଲ୍ଲା ପରିଷଦ ଅଧକ୍ଷା ଭାରତୀ ହାଁସଦା, ପୂର୍ବତନ କେନ୍ଦ୍ର ମନ୍ତ୍ରୀ ବିଶ୍ୱେଶ୍ୱର ଟୁଡୁ, ପୂର୍ବତନ ରାଜ୍ୟ ମନ୍ତ୍ରୀ ସୁଦାମ ମାରଣ୍ଡି, ବିଜେପି ରାଜ୍ୟ ପ୍ରବକ୍ତା କବିବିଷ୍ଣୁ ଶତପଥୀ, ବରିଷ୍ଠ ନେତା ଫାଗୁ ହାଁସଦା, ଫକୀର ସିଂ, ଅତିରିକ୍ତ ଜିଲ୍ଲାପାଳ ଈଶ୍ୱର ନାଏକ ଯୋଗଦେଇ ବିର୍ସା ମୁଣ୍ଡାଙ୍କ ସ୍ମୃତିଚାରଣ କରିଥିଲେ ।

## ■ ଆଦିବାସୀ ଛାତ୍ର ସଂଗଠନ ମାସାଆର୍ମୀ

**ବାରିପଦା:** ମୟୂରଭଞ୍ଜ ଆଦିବାସୀ ଛାତ୍ର ସଂଗଠନ ମାସାଆର୍ମୀ ପକ୍ଷରୁ ରାଜ୍ୟ ସଭାପତି ସୁକୁଲାଲ ମାରାଣ୍ଡିଙ୍କ ନେତୃତ୍ୱରେ ଧର୍ତ୍ତି ଆବା ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳିତ ହୋଇଯାଇଛି । ଶାମାଖୁଣ୍ଟା ବ୍ଲକ ଅସ୍ତିଆ ଛକ ଠାରେ ଥିବା ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇ ଶ୍ରଦ୍ଧାସୁମନ ଅର୍ପଣ କରାଯାଇ ବିର୍ସା ମୁଣ୍ଡାଙ୍କ ଜୀବନୀ ଉପରେ ଆଲୋକପାତ କରାଯାଇଥିଲା । ଏହି ଅବସରରେ ବିର୍ସା ମୁଣ୍ଡା ଯେମିତି ଜଳ, ଜଙ୍ଗଲ, ଜମିନ ପାଇଁ ଇଂରେଜ ସରକାର ବିରୋଧରେ ଲଢେଇ କରି ଦେଶ ପାଇଁ ସହିଦ ହୋଇ ଦେଶ ସ୍ୱାଧୀନ ପାଇଁ ପ୍ରମୁଖ ଭୂମିକା ନିର୍ବାହ କରିଥିଲେ । ଏଥିସହିତ ଶାମାଖୁଣ୍ଟା ବ୍ଲକ ଅନ୍ତର୍ଗତ ଅସ୍ତିଆ ଛକ ଠାରେ ଥିବା ବିର୍ସା ମୁଣ୍ଡାଙ୍କ ପ୍ରତିମୁର୍ତ୍ତି ଠାରୁ ଲୁଲୁଙ୍ଗକୁ ଯାଇଥିବା ରାସ୍ତାକୁ ବିର୍ସା ମୁଣ୍ଡା ମାର୍ଗ ନାମରେ ଉକ୍ତ ରାସ୍ତାକୁ ନାମକରଣ କରିବା ପାଇଁ ଜିଲା ପ୍ରଶାସନ ଓ ରାଜ୍ୟ ସରକାରଙ୍କ ପାଖରେ ଦାବି କରାଯାଇଛି ।

## ■ କେନ୍ଦୁଆସାହି ବିର୍ସା ମୁଣ୍ଡା ଛକ

**ବଡ଼ସାହି:** ବଡସାହି କେନ୍ଦୁଆସାହି ବିର୍ସାମୁଣ୍ଡା ଛକରେ ଧରତୀଆବା ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜୟନ୍ତୀ ବୁରୁବଙ୍ଗା ସାସାଂକିର କମିଟି ଓ ବୁରୁବଙ୍ଗା ଯୁବକ ସଂଘ ଆନୁକୂଲ୍ୟରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ମୁଖ୍ୟଅତିଥି ଭାବେ ଶାଭାକର ସିଂ ଯୋଗ ଦେଇ ବିର୍ସାମୁଣ୍ଡାଙ୍କ ଜୀବନ ଓ ଦର୍ଶନ ଉପରେ ଆଲୋକପାତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ବୁରୁବଙ୍ଗା ଯୁବକ ସଂଘର ସଭାପତି ବିରେନ୍ଦ୍ର ସିଂ, ଉପ ସଭାପତି ସୁରେନ୍ଦ୍ର ସିଂ, ଗୌତମ ସିଂ ଓ ରବୀନ୍ଦ୍ର ସିଂ ପ୍ରମୁଖ ଯୋଗ ଦେଇ ବିର୍ସାମୁଣ୍ଡାଙ୍କ ସଂଗ୍ରାମୀ ଜୀବନ ଉପରେ ବକ୍ତବ୍ୟ ରଖିଥିଲେ । ବୁରୁବଙ୍ଗା ମୁଣ୍ଡାରୀ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁକୁରାମ ସିଂ ଏହି ସଭାରେ ସଭାପତିତ୍ୱ କରି ବିର୍ସାମୁଣ୍ଡାଙ୍କ ଜୀବନୀ ଉପରେ ଉଲଗୁଲାନ ଅଭିଭାଷଣ ଦେଇଥିଲେ । ଶେଷରେ ମନେରଂଜନ ସିଂ ଧନ୍ୟବାଦ ଅର୍ପଣ କରିଥିଲେ । ଭୀମଦା ପଞ୍ଚାୟତ ଟେଙ୍ଗୁଆମଙ୍ଗଳପୁର ଗ୍ରାମରେ ମଧ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଧୂମଧାମରେ ପାଳିତ ହୋଇଛି । ଏଥିରେ ବାପି ସିଂ ସୁରିନ ମୁଖ୍ୟଅତିଥି ଭାବେ ଯୋଗ ଦେଇ ବିର୍ସାମୁଣ୍ଡାଙ୍କ ସ୍ମୃତିଚାରଣ କରିଥିଲେ । ଗଣେଶ୍ୱର ରାଗାଡା ଧନ୍ୟବାଦ ଅର୍ପଣ କରିଥିଲେ ।

## ସାଇବର ସୁରକ୍ଷା ସଚେତନତା ଶିବିର

**ବିଶୋଇ,୧୬ ।୧୧ (ସମିସ):** ବିଶୋଇ ଥାନା ପକ୍ଷରୁ ଅଶନା ପଞ୍ଚାୟତ ଖଡ଼ିଆଶୋଳ ଗୌରୀଶଙ୍କର ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ସାଇବର ସୁରକ୍ଷା ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି । ଥାନ ଅଧିକାରୀ ଶରତ ଚନ୍ଦ୍ର ଦାସଙ୍କ ନେତୃତ୍ୱରେ ଥାନାର ସମସ୍ତ କର୍ମଚାରୀ ଏବଂ ବିଦ୍ୟାଳୟର କର୍ମଚାରୀ ସମେତ ସମସ୍ତ ଛାତ୍ରଛାତ୍ରୀ ପ୍ରଥମେ ସାଇବର ସୁରକ୍ଷା ସଚେତନତା ବାର୍ତ୍ତା ଦେଇ ଏକ ପଦଯାତ୍ରାରେ ବାହାରିଥିଲେ । ପରେ ବିଦ୍ୟାଳୟର ଅଧ୍ୟକ୍ଷ ରାମକୃଷ୍ଣ ଦାସଙ୍କ ସଭାପତିତ୍ୱରେ ସଚେତନତା ବୈଠକ ଅନୁଷ୍ଠିତ ହୋଇଯାଇଥିଲା । ଏଥିରେ ମୁଖ୍ୟଅତିଥି ଭାବେ ବାରିପଦା ସାଇବର ସେଲ ଥାନା ଅଧିକାରୀ ସଦାନ୍ଦନ ନାଏକ ଯୋଗଦେଇ ମୋବାଇଲ ଭଡ଼ିଓ କଲ, ଅନଲାଇନ ଗେମ, ଅନଲାଇନ ପେମେଣ୍ଟ ଆପ, ଫେକ ଫୋନ କଲ, ସୋସିଆଲ ମିଡିଆ ଆପରୁ ନିବୃତ୍ତ ହୋଇ କିପରି ସାଇବର କ୍ରାଇମରୁ ରକ୍ଷା ପାଇହେବ ସେନେଇ ବିଭିନ୍ନ ଦିଗ ଉପରେ ଛାତ୍ରଛାତ୍ରୀଙ୍କୁ ସୂଚନା ଦେଇଥିଲେ । ଅଧ୍ୟକ୍ଷ ରାମକୃଷ୍ଣ ଦାସ ଏବଂ ସାଇବର ଏକ୍ସପର୍ଟ ଶ୍ୟାମସୁନ୍ଦର ମଣ୍ଡଳ ଉପସ୍ଥିତ ରହି ସାଇବର ସୁରକ୍ଷା କଣ ଓ ଏହାକୁ କିପରି ରୋକାଯାଇ ପାରିବ ସନେଇ ଆଲୋଚନା କରିଥିଲେ । ଅଧାପକ ଯଶୋବନ୍ତ ନାରାୟଣ ନନ୍ଦ, ସୁବ୍ରତ ବାରିକ, ରଘୁନାଥ ମହାପାତ୍ର, ବିଶ୍ୱନାଥ ରାଉତ ପ୍ରମୁଖ ଉପସ୍ଥିତ ଥିଲେ ।

## ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଉଦ୍‌ଯାପିତ

**ବହଳଦା, ୧୬।୧୧ (ସମିସ):** ଶନିବାର ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଉଦ୍‌ଯାପିତ ହୋଇଯାଇଛି । ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସାଧିକାରୀ ଡା. ରମଣୀରଞ୍ଜନ ବିଶ୍ୱଳଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଇରଙ୍ଗପୁର ବିଧାୟକ ଜଲେନ ନାଏକ, ମୁଖ୍ୟବକ୍ତା ଭାବେ ତିରିଂ ବ୍ଲକ୍ ଅଧ୍ୟକ୍ଷ ପରମେଶ୍ୱର ସାମାଡ, ସମ୍ମାନିତ ଅତିଥି ଭାବେ ପୂର୍ବତନ ବିଜେପି ରାଜ୍ୟ ସମ୍ପାଦକ ନବୀନ ରାମ ଯୋଗଦେଇଥିଲେ । ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନାରେ ଗୋଟିଏରୁ ପାଞ୍ଚଟି ଗାଇ ରଖିଥିବା ବ୍ୟକ୍ତି ଅନଲାଇନ ୱେବସାଇଟ ମାଧ୍ୟମରେ ଆବେଦନ କରିପାରିବେ । ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନାରେ ଯୋଗ୍ୟ ଆବେଦନକାରୀଙ୍କୁ ୨ଟି ଲେଖାଏଁ ଗାଇ ସବସିଡି ମାଧ୍ୟମରେ ଯୋଗାଇ ଦିଆଯାଇଥାଏ ବୋଲି ସୂଚନା ଦେଇଥିଲେ । ଅନ୍ୟ ଅତିଥିଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲା ପ୍ରାଣୀ ସମ୍ପଦ ଅଧିକାରୀ ବିଶ୍ୱ ରଞ୍ଜନ ପ୍ରଧାନ, ତିରିଂ ବ୍ଲକ ପ୍ରାଣୀ ଚିକିତ୍ସାଧିକାରୀ ଡା. ତାପସ ରଞ୍ଜନ ମହାପାତ୍ର, ଡା. ଅବନୀ କୁମାର ଲେଙ୍କା, ବହଳଦା ବିଭିଓ ଡା. ଲକ୍ଷ୍ମୀରାଣୀ ମୁଣ୍ଡା, କୁସୁମୀ ବିଭିଓ ଡା. ପ୍ରେମାନନ୍ଦ ସତପଥୀ, ଜାମଦା ବିଭିଓ ଡା. ସମ୍ୟରଞ୍ଜନ ମିଶ୍ର, ମତ୍ସ୍ୟ ପ୍ରାଣୀ ଅଧିକାରୀ ଜ୍ୟୋତିଶ୍ରୀ ଜ୍ୟୋତିରଞ୍ଜନ ପ୍ରମୁଖ ଯୋଗଦେଇ କୃଷି ତଥା ମତ୍ସ୍ୟ ଓ ପ୍ରାଣୀ ସଂପଦ ବିକାଶ ଦିଗରେ ବକ୍ତବ୍ୟ ରଖିଥିଲେ । ସଫଳ ଚାଷୀ ଭାବେ ଗୋ ପାଳନରେ କନକଲତା ଗିରି, ବତକ ପାଳନରେ ଲକ୍ଷ୍ମୀଧର ମୁର୍ମୁ, ଘୁଷୁରୀ ପାଳନରେ ଛଟରାୟ ସୋରେନ୍, ମତ୍ସ୍ୟ ପୋଖରୀରେ ଯୋଗନ୍ଦ୍ରନାଥ ପାଲାୟା, ବାୟୋଫ୍ଲକ ରେ ଫାଗୁ ମୁର୍ମୁ ଓ ଯାଆଁଳ ଉତ୍ପାଦନରେ ସରୋଜିନୀ ଧିର ପ୍ରମୁଖଙ୍କ ସମ୍ମାନିତ କରାଯାଇଥିଲା । ସେହିପରି ମା' ଦୁର୍ଗା ଏସଏଚଜି ଗ୍ରୁପ କୁ ମତ୍ସ୍ୟ ଚାଷ, ମା' ବିରଜା ଗ୍ରୁପ କୁ ବ୍ରୋଏଲର ପାଳନ ଏବଂ ସେଭେନ ଷ୍ଟାର ଏସଏଚଜି ଗ୍ରୁପକୁ ମାଛ ଚାଷ ପାଇଁ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି ଅବସରରେ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ ତମ ଜୟନ୍ତୀ ପାଳିତ ହୋଇଛି ।

## ମାଇଁ ଡିବି ଟେକ୍ ଷ୍ଟୋରି ୱାଲ୍ ଉନ୍ମୋଚିତ

**ମହୁଲଡିହା,୧୬।୧୧(ସମିସ):** ଠାକୁରମୁଣ୍ଡା ଡନ୍ ବସ୍କୋ ଟେକ୍ ସୋସାଇଟି କେନ୍ଦ୍ରରେ ସମ୍ପ୍ରତି ମାଇଁ ଡିବି.ଟେକ୍ ଷ୍ଟୋରି ୱାଲ୍ ଉନ୍ମୋଚିତ ହୋଇଯାଇଛି । ଏହି ବିଶେଷ ପ୍ରୟାସରେ ଶିକ୍ଷାର୍ଥୀ, ତାଲିମଦାତା ଓ ପୂର୍ବତନ ଶିକ୍ଷାର୍ଥୀ ମାନେ ସ୍ୱହସ୍ତାକ୍ଷରରେ ସେମାନଙ୍କ ଜୀବନରେ ଡି.ବି. ଟେକ୍ କିପରି ସକାରାତ୍ମକ ପରିବର୍ତ୍ତନ ଆଣିପାରିଛି । ତାହାକୁ ରଙ୍ଗୀନ ଚାର୍ଟ ପେପର୍‌ରେ ଲେଖି ପ୍ରଦର୍ଶିତ କରିଛନ୍ତି । ବିକାଶ, ଦକ୍ଷତା ବୃଦ୍ଧି, ଆତ୍ମବିଶ୍ୱାସ ଓ ନୂଆ ଚାକିରି ସୁଯୋଗର ସଫଳତାର କାହାଣୀଗୁଡ଼ିକ ଏହି ୱାଲ୍‌କୁ ଅଧିକ ପ୍ରେରଣାଦାୟୀ କରିଛି । ସେହିପରି ସମ୍ବଲପୁର କେନ୍ଦ୍ରରେ ମଧ୍ୟ ସମାନ ଢାଞ୍ଚାରେ ଆରମ୍ଭ କରାଯାଇଥିବା ଓଡିଶା ମୁଖ୍ୟ ସରୋଜ କୁମାର ପଲେଇ ପ୍ରକାଶ କରିଥିଲେ । ଷ୍ଟୋରି ୱାଲ୍ ଦୁଇଟି ସେଣ୍ଟରର ଶିକ୍ଷାର୍ଥୀମାନଙ୍କ ପାଇଁ ପ୍ରେରଣାର ଏକ ଶକ୍ତିଶାଳୀ ଅଙ୍ଗ ରୂପେ ଉପସ୍ଥାପନା କରାଯାଇଛି ଯାହା ଯୁବ ବର୍ଗଙ୍କ ଦକ୍ଷତା, ସ୍ୱପ୍ନ ଓ ଭବିଷ୍ୟତକୁ ଗଢ଼ି ତୋଳିବାରେ ଡି.ବି. ଟେକ୍‌ର ସକାରାକ ପ୍ରଭାବକୁ ସ୍ପଷ୍ଟଭାବେ ପ୍ରଦର୍ଶିତ କରୁଛି ବୋଲି କେନ୍ଦ୍ର ମୁଖ୍ୟ ଶରତ ତ୍ରିପାଠୀ ସୂଚନା ଦେଇଥିଲେ ।

## ପୂର୍ବତନ ସରପଞ୍ଚଙ୍କ ଅକାଳ ବିୟୋଗ

**ରାସଗୋବିନ୍ଦପୁର,୧୬।୧୧(ସମିସ):** ସାରୁମଳା ପଞ୍ଚାୟତର ପ୍ରାକ୍ତନ ସରପଞ୍ଚ ତଥା ରାସଗୋବିନ୍ଦପୁର ବ୍ଲକର ଜେଏମଏମ ବ୍ଲକ ସଭାପତି ଜଗନ୍ନାଥ ମାର୍ଣ୍ଡିଙ୍କ ଶୁକ୍ରବାର ରାତିରେ ପରଲୋକ ହୋଇଯାଇଛି । ସେ ରାତିରେ ଖାଇସାରିବା ପରେ ଛାତିରେ ଯନ୍ତ୍ରଣା ଅନୁଭବ କରିଥିଲେ । ପରିବାର ଲୋକେ ବସ୍ତା ଡାକ୍ତରଖାନାକୁ ନେଇଥିଲେ; ହେଲେ ସେଠାରେ ତାଙ୍କର ମୃତ୍ୟୁ ଘଟିଛି । ଏହି ଖବର ଜଣା ପଡିବା ପରେ ବିଭିନ୍ନ ରାଜନୈତିକ ଦଳର ନେତୃ ସ୍ଥାନୀୟ ବ୍ୟକ୍ତି ତାଙ୍କ ପାରୁଳିଆ ସ୍ଥିତ ବାସଭବନକୁ ଯାଇ ଅନ୍ତିମ ଦର୍ଶନ କରିବା ସହିତ ଶୋକସନ୍ତପ୍ତ ପରିବାରକୁ ସାନ୍ତ୍ୱନା ଦେଇଥିଲ । ସେ ଜଣେ ସରଳ, ପରୋପକାରୀ ବ୍ୟକ୍ତି ଭାବେ ଅଞ୍ଚଳରେ ବେଶ ପରିଚିତ ଥିଲେ ।

## ଶ୍ରୀଦାମଚନ୍ଦ୍ରପୁରରେ ଜନଜାତି ଗୌରବ ଦିବସ ପାଳିତ

**ଗୋପବନ୍ଧୁନଗର/ଉଦଳା, ୧୬।୧୧(ସମିସ):** ଉଦଳା ବ୍ଲକ ଅନ୍ତର୍ଗତ ଶ୍ରୀଦାମଚନ୍ଦ୍ରପୁର ଗ୍ରାମରେ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜୟନ୍ତୀ ପାଳିତ ହୋଇଛି । ଲୋକ ସଂଗଠନ ଜନଜାଗୃତି ମଞ୍ଚର କର୍ମୀମାନେ ନେତୃତ୍ୱ ନେଇଥିଲେ । ମଞ୍ଚର ସଦସ୍ୟ ରାମଚନ୍ଦ୍ର ସିଂଙ୍କ ଅଧ୍ୟକ୍ଷତାରେ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା । ଏଥିରେ ଗଦାଧର ଦାଶ, ସୁବ୍ରତ ମହାନ୍ତି, ରୁପାଏ ବାସ୍କେ, ଗୌତମ ମହାପାତ୍ର, ସସ୍ମିତା ମଢ଼େଇ, ମଂଜୁଲତା ବାରିକ, ମୋନାଲି ମୁର୍ମୁ, ଉପେନ୍ଦ୍ର ମହାନ୍ତ, ବ୍ରଜମୋହନ ମହାନ୍ତ, ଜଙ୍ଗଲ ବିଭାଗର ଅଧିକାରୀ ବିଦ୍ୟାଧର ପୁଷ୍ଟି ଓ ମଂଜୁଲତା ପାତ୍ର ପ୍ରମୁଖ ଅଂଶ ଗ୍ରହଣ କରି ଦେଶକୁ ସ୍ୱାଧିନ କରିବା ପାଇଁ ବିର୍ସା ମୁଣ୍ଡା ଚଳାଇଥିବା ଆନ୍ଦୋଳନର ରୂପରେଖ କିପରି ଥିଲା ବିସ୍ତୃତ ବର୍ଣ୍ଣନା କରିଥିଲେ । କାରୁକର ମୁର୍ମୁ ଧନ୍ୟବାଦ ଅର୍ପଣ କରିଥିଲେ ।



## 'ଆମେ ଜାଣିବା, ଆମେ ଜାଣିବା' କାର୍ଯ୍ୟକ୍ରମ



**କପ୍ତିପଦା,୧୬।୧୧(ସମିସ):** କଟୁରିଆ ସରକାରୀ ବାଳିକା ଉଚ୍ଚବିଦ୍ୟାଳୟରେ ସହଭାଗିତାରେ ପିତାମାତା, ଆମେ ଜାଣିବା, ଆମେ ଜାଣିବା କାର୍ଯ୍ୟକ୍ରମ, ଜନଜାତି ଗୌରବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏଥିରେ ମୁଖ୍ୟଅତିଥିରୂପେ ପଣ୍ଡିତ ରଘୁନାଥ ମୁର୍ମୁ ମହାବିଦ୍ୟାଳୟର ଅଧ୍ୟକ୍ଷ ଡକ୍ଟର ଭଗବାନ ପଣ୍ଡା, ସମ୍ମାନିତ ଅତିଥି ରୂପେ ସମାଜସେବୀ ଜୟ ମୁର୍ମୁ, ଅନ୍ତ୍ୟୋଦୟ ଚେତନା ମଣ୍ଡଳୀର ସଂଯୋଜକ ପୀତାମ୍ବର ସାହୁ, ବିଦ୍ୟାଳୟ ପରିଚାଳନା କମିଟିର ଅଧ୍ୟକ୍ଷ ଭଞ୍ଜ ସିଂ ତଥା କପ୍ତିପଦା ବ୍ଲକର ଗ୍ରାମ୍ୟ କୃଷି ଅଧିକାରୀ ଅଜିତ କୁମାର ମହୁରିଆ ଯୋଗଦାନ କରିଥିଲେ । ସହଭାଗିତାରେ ପିତାମାତା ଶୀର୍ଷକ ଏହି କାର୍ଯ୍ୟକ୍ରମରେ ସରକାରଙ୍କ ପ୍ରଦତ୍ତ ନିର୍ଦ୍ଦେଶନାମା ଅନୁସାରେ ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ପ୍ରଗତି, ବିଦ୍ୟାଳୟରେ ଉନ୍ନତି ତଥା ଶୋଷଣ ତଥା ସ୍ୱାସ୍ଥ୍ୟର ଉନ୍ନତି ସମ୍ପର୍କରେ ଆଲୋଚନା କରାଯାଇଥିଲା । ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ପ୍ରଧାନ ଶିକ୍ଷକ ଡମ୍ବରୁଧର ମାର୍ଣ୍ଡି ବିଦ୍ୟାଳୟ ପରିଚାଳନା ମନିଟରିଂ, ବିବିଧ ସମସ୍ୟା ଆଦି ଉପସ୍ଥାପନା କରିଥିଲେ ।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣିସମ୍ପଦ ମେଳା



**କୁଆମରା,୧୬।୧୧(ସମିସ):** ଖୁଣ୍ଟା ବ୍ଲକ ସ୍ଥିତ ବଡଫେଣୀ ପଞ୍ଚାୟତ ପଡ଼ିଆରେ ବ୍ଲକ ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଶନିବାର ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟ ଅତିଥି ଭାବେ ବାରିପଦା ବିଧାୟକ ପ୍ରକାଶ ସୋରେନ ଯୋଗଦେଇ କାର୍ଯ୍ୟକ୍ରମ କୁ ଉଦଘାଟନ କରିଥିଲେ । ଅନ୍ୟତମ ଅତିଥି ଭାବେ ବିଡ଼ିଓ ସତ୍ୟଜିତ ରାଉତ, ସରପଞ୍ଚ ଆରତୀ ନାଏକ, ବ୍ଲକ ଉପାଧ୍ୟକ୍ଷା ଜବା କିସ୍କୁ, ବିଭିଓ ଦୁର୍ଯୋଧନ ବେହେରା, ଉପଖଣ୍ଡ ପଶୁ ଚିକିତ୍ସା ଅଧିକାରୀ କୁନ୍ଦନ କୁମାର ପଣ୍ଡା, ଶାମାଖୁଣ୍ଟା ଏ ଏଫ୍ ଓ ସୁବଳ ଘୋଷ ପ୍ରମୁଖ ଯୋଗ ଦେଇ ସରକାରୀ ଯୋଜନା ରୁ ଚାଷୀ କିପରି ଲାଭ ଉଠାଇ ପାରିବେ ସେ ଉପରେ ଅବଗତ କରାଇଥିଲେ ।

## ଶ୍ରୀଜଗନ୍ନାଥ କଳା ଏକାଡେମୀ ପକ୍ଷରୁ ଶିଶୁଦିବସ ପାଳିତ

**ବାରିପଦା, ୧୬ ।୧୧(ସମିସ):** ବାରିପଦା ପାଲବଣି ଶ୍ରୀଜଗନ୍ନାଥ କଳା ଏକାଡେମୀ ଆନୁକୂଲ୍ୟରେ ଶିଶୁ ଦିବସ ପାଳିତ ହୋଇଛି । ପ୍ରତିଷ୍ଠାନର ମୁଖ୍ୟ ଶୁଭସ୍ମିତା ଭାରତୀ ହୋତାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିକ୍ଷକ ତପନ ବେହେରା, ସୁଜିତ କୁମାର ଧଳ, ସାଇରା ପ୍ରଧାନ, ଚନ୍ଦନ ମିଶ୍ର, ପ୍ରକାଶିନୀ ସାହୁ, ଚିରଞ୍ଜୀବ ସାହୁ ପ୍ରମୁଖ ଯୋଗଦେଇ ଶିଶୁଙ୍କୁ ଉତ୍ସାହିତ କରିଥିଲେ ।




## ଜିଲ୍ଲାସ୍ତରୀୟ ଜନଜାତୀୟ ଗୌରବ ଦିବସ



**ବାରିପଦା, ୧୬ ।୧୧(ସମିସ):** ମହାନାୟକ ଧରତୀ ଆବା ଭଗବାନ ବିର୍ସା ମୁଣ୍ଡାଙ୍କ ଜନ୍ମ ବାର୍ଷିକୀ ଅବସରରେ ସମଗ୍ର ଦେଶରେ ଜନଜାତୀୟ ଗୌରବ ଦିବସ ପାଳିତ ହୋଇଛି । ଏହି ପରିପ୍ରେକ୍ଷୀରେ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି, ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗ ଓ ଜିଲ୍ଲା ପ୍ରଶାସନ ଅନୁକୁଲ୍ୟରେ ବାରିପଦା ଛଉ ପଡିଆଠାରେ ଜିଲ୍ଲା ସ୍ତରୀୟ ଧର୍ତି ଆବା ଭଗବାନ ବିର୍ସା ମୁଣ୍ଡାଙ୍କ ଜନ୍ମବାର୍ଷିକୀ ସମାରୋହରେ ପାଳିତ ହୋଇଛି । ଏଥିରେ ମୁଖ୍ୟ ଅତିଥି ଭାବେ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡା କୃଷ୍ଣ ଚନ୍ଦ୍ର ମହାପାତ୍ର ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ ।

ସମ୍ମାନିତ ଅତିଥି ଭାବେ ରାଜ୍ୟସଭା ସାଂସଦ ମମତା ମହାନ୍ତ, ବାରିପଦା ବିଧାୟକ ପ୍ରକାଶ ସୋରେନ, ଜିଲ୍ଲା ପରିଷଦ ଅଧକ୍ଷା ଭାରତୀ ହାଁସଦା, ଜିଲ୍ଲାପାଳ ହେମକାନ୍ତ ସଏ, ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକ, ଈଶ୍ୱର ଚନ୍ଦ୍ର ନାଏକ ଓ ଜିଲ୍ଲା ମଙ୍ଗଳ ଅଧିକାରୀ ଗୁରୁ ଚରଣ ମଲ୍ଲିକ ପ୍ରମୁଖ ମଞ୍ଚାସୀନ ଥିଲେ । ଆଦିବାସୀ ସ୍ୱାଧୀନତା ସଂଗ୍ରାମୀଙ୍କ ଅବଦାନକୁ ସ୍ମରଣ କରିବା ପାଇଁ ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ନଭେମ୍ବର ୧୫କୁ 'ଜନଜାତୀୟ ଗୌରବ ଦିବସ' ଭାବରେ ପାଳନ କରିବା ନିମନ୍ତେ ସରକାର ନିଷ୍ପତ୍ତି ଗ୍ରହଣ କରିବା ଦ୍ୱାରା ଆଦିବାସୀ ସଂଗ୍ରାମୀଙ୍କ ଅମର ଇତିହାସ ପୂର୍ବାପେକ୍ଷା ବୃଦ୍ଧି ପାଇଛି । ଭଗବାନ ବିର୍ସା ମୁଣ୍ଡାଙ୍କ ଅବଦାନ ପ୍ରତି ସମ୍ମାନ ପ୍ରଦର୍ଶନ ଦ୍ୱାରା ସ୍ୱଳ୍ପାଲୋଚିତ ଆଦିବାସୀ ଇତିହାସ ଭାରତ ଇତିହାସର କେନ୍ଦ୍ରବିନ୍ଦୁ ପାଲଟିଛି ବୋଲି କହିଥିଲେ । ଏହି ଅବସରରେ ଅତିଥି ବୃନ୍ଦ ଜଙ୍ଗଲ ଜମି ଅଧିକାର ଆଇନ ଅଧୀନରେ ୧୫ ଜଣ ଭୂମିହୀନ ହିତାଧିକାରୀଙ୍କୁ ଜମି ପଟ୍ଟା ପ୍ରଦାନ କରିଥିଲେ । ପରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା ।

# ସହଭାଗୀ ରୂପେ ଅଭିଭାବକ ଓ ଜନଜାତୀୟ ଗୌରବ ଦିବସ

**କରଞ୍ଜିଆ, ୧୬।୧୧(ସମିସ):** କରଞ୍ଜିଆ ଏନଏସିର ୧୫ନଂ. ୱାର୍ଡ ସ୍ଥିତ ସହରାଞ୍ଚଳ ଶିକ୍ଷା ଯୋଜନା (ଅନ୍ୱେଷା) ହଷ୍ଟେଲ ପରିସରରେ ସୁପରିଣ୍ଟେଣ୍ଡେଣ୍ଟ ଦେବଦର୍ଶନୀ ପ୍ରୀତିରେଖାଙ୍କ ଅଧ୍ୟକ୍ଷତାରେ ସହଭାଗୀ ରୂପେ ଅଭିଭାବକ ଓ ଜନଜାତି ଗୌରବ ଦିବସ ପାଳିତ ହୋଇଛି । ଏଥିରେ ମୁଖ୍ୟଅତିଥି ଭାବେ କରଞ୍ଜିଆ ଆଇଟିଡିଏର ଏଡିଡବ୍ଲ୍ୟୁଓ ଆଲୋକ କୁମାର ମାଝୀ, ମୁଖ୍ୟବକ୍ତା ଭାବେ ପ୍ରେସ କ୍ଲବ୍ ସମ୍ପାଦନ କର୍ଣ୍ଣାର୍ଜୁନ ସାହା, ସମ୍ମାନିତ ଅତିଥିଭାବେ ଏବିଡିଓ ଦଳେଇ ସିଂ, ବିବେକାନନ୍ଦ ପବ୍ଲିକ ସ୍କୁଲର ଉପଦେଷ୍ଟା ବିପିନ ବିହାରୀ ବାରିକ୍, ସେଣ୍ଟ ଜାଭିଅର ପବ୍ଲିକ ସ୍କୁଲର ଅଧ୍ୟାପକ ଲାଲ ମୋହନ ମାରାଣ୍ଡି, ଅଭିଷେକ ଅଧିକାରୀ, ବିକାଶ କନଭେଣ୍ଟ ସ୍କୁଲର ଚନ୍ଦ୍ର ଶେଖର ବେହେରା, ବିବେକାନନ୍ଦ ପବ୍ଲିକ ସ୍କୁଲର ଅଧ୍ୟାପକ ପ୍ରମୋଦ କୁମାର ସାମଲ, ଡିଏମ ପବ୍ଲିକ ସ୍କୁଲର ଅଧ୍ୟକ୍ଷ ଅରୁଣ କୁମାର ମହନ୍ତ ଓ ଲକ୍ଷ୍ମୀଧର ମୁଣ୍ଡା ପ୍ରମୁଖ ଯୋଗଦେଇ ସରକାରଙ୍କ ବିଭିନ୍ନ ଯୋଜନା ସଂପର୍କରେ ଅଭିଭାବକଙ୍କୁ ଅବଗତ କରିଥିଲେ । ଏହି ଅବସରରେ ଅନ୍ତେବାସୀଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ପରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା । ସେହିପରି ଚଳିତ ଶିକ୍ଷାବର୍ଷରେ ଶ୍ରେଷ୍ଠ ଛାତ୍ର ଭାବେ ଗୋବିନ୍ଦ ମୁଣ୍ଡା, ଶ୍ରେଷ୍ଠ ଛାତ୍ରୀଭାବେ ବିଶ୍ୱପ୍ରିୟା ପାତ୍ର ଓ ଶ୍ରେଷ୍ଠ ଶୃଙ୍ଖଳିତ ଛାତ୍ର ସୁବ୍ରତ କୁମାର ବେହେରା, ରୋଙ୍ଗଲିରେ ରାଜଲକ୍ଷ୍ମୀ ନାୟକ ଓ ଏସଏମ୍ ସ୍ୱପ୍ନା ଗାଇପାଇଙ୍କୁ ପୁରସ୍କୃତ କରଯାଇଥିଲା । ଶିକ୍ଷକ ପ୍ରଣବ କିଶୋର ସାହୁ ଧନ୍ୟବାଦ ଦେଇଥିଲେ ।




## ଜନଜାତୀୟ ଗୌରବ ଦିବସ ପାଳିତ

**ରାଇରଙ୍ଗପୁର/ବିଜାତଳା,୧୬।୧୧(ସମିସ):** ବିଜାତଳା ବ୍ଲକ ଅନ୍ତର୍ଗତ ଲୁହାଶିଳା ଆରକେ କନିଷ୍ଠ ମହାବିଦ୍ୟାଳୟରେ ଶହୀଦ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଅବସରରେ ଜନଜାତୀୟ ଗୌରବ ଦିବସ ପାଳିତ ହୋଇଯାଇଛି । ଅଧ୍ୟକ୍ଷ କବି ସଂଗ୍ରାମ ଶତପଥୀଙ୍କ ସଭାପତିତ୍ୱରେ ଆୟୋଜିତ ଏକ ସଭାରେ କଲେଜର ଅଧ୍ୟାପକ ଅଜୟ କୁମାର ଗିରି, ଶଶିକାନ୍ତ ନନ୍ଦ, ରୂପ ନାରାୟଣ ମାଝୀ, ରମାକାନ୍ତ ପତ୍ର, ପ୍ରହ୍ଲାଦ ସ୍ୱାଇଁ ପ୍ରମୁଖ ଯୋଗ ଦେଇ ପିଲାଙ୍କୁ ଶହୀଦ ବିର୍ସା ମୁଣ୍ଡାଙ୍କ ଜୀବନ ଆଦର୍ଶରେ ଅନୁପ୍ରାଣିତ ହେବା ପାଇଁ ପରାମର୍ଶ ଦେଇଥିଲେ । ଛାତ୍ରଛାତ୍ରୀ ଏକ ଶୋଭାଯାତ୍ରାରେ ବାହାରି ସ୍ଲୋଗାନ ମାନ ଦେଇ ପରିକ୍ରମା କରିଥିଲେ ।




## ଜନଜାତୀୟ ଗୌରବ ଦିବସ ପାଳନ

**ବୈଶିଙ୍ଗା,୧୬।୧୧(ସମିସ):** ବେତନଟୀ ବ୍ଲକ ଲାଖବିନ୍ଧା ଗଡଦେଉଳିଆରେ ବୀର ବିର୍ସା କ୍ଲବ ଓ ମେରା ଯୁବ ଭାରତ ଆନୁକୂଲ୍ୟରେ ଜନ ଜାତୀୟ ଗୌରବ ଦିବସ ପାଳିତ ହୋଇଯାଇଛି । କ୍ଲବର ସମ୍ପାଦକ ଶଙ୍କର ଚୋପେୟାର ସ୍ୱାଗତ ଭାଷଣ ଓ ଅତିଥି ପରିଚୟପ୍ରଦାନ କରିଥିଲେ । ଅବସରପ୍ରାପ୍ତ ଶିକ୍ଷକ ଗଦାଧର ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ସମାଜସେବୀ ବୁଦ୍ଧିୟା ସିଂ, ମୁଖ୍ୟବକ୍ତା ସନ୍ତୋଷ ଖଣ୍ଡା, ସମ୍ପାଦକ ଫୋଡର୍ ଓ ସମ୍ମାନିତ ଅତିଥି ଦୁଃଖିଶ୍ୟାମ ମାଝୀ ଯୋଗଦେଇ ଜନ ଜାତୀୟ ଗୌରବ ଦିବସରେ ବିର୍ସା ମୁଣ୍ଡାଙ୍କ ଆତ୍ମଜୀବନୀ ସମ୍ପର୍କରେ ଆଲୋକପାତ କରିଥିଲେ । ଏହି ଅବସରରେ କୁଇଜ ଓ ପତ୍ର ଲିଖନ ପ୍ରତିଯୋଗିତା ମଧ୍ୟ ହୋଇଥିଲା । ପ୍ରତିଯୋଗୀଙ୍କୁ ସମ୍ମାନିତ କରାଯାଇଥିଲା । ଶେଷରେ ସାଉନା ଟୁଡୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ସମ୍ପାଦକୀୟ



ସ୍ୱାଧୀନ ଭାରତର ଅନନ୍ୟ ଉପଲବ୍ଧି ମଧ୍ୟରୁ ମୁକ୍ତ ଗଣମାଧ୍ୟମ ଅନ୍ୟତମ।
-ସବାନା ଆଜ୍‌ମୀ

ସକାଳ
THE SAKALA

## ଅର୍ଥନୀତି ଉପରେ ରାଜନୀତି ବୋଝ

କ୍ଷମତା ହାସଲ ପାଇଁ ନିର୍ବାଚନ ରଣନୀତିର ଏକ ଅପରିହାର୍ଯ୍ୟ ଅଙ୍ଗ ପାଲଟିଥିବା ଫ୍ରିବିଜ୍’ବା ‘ମାଗଣା’ ନାମକ ଅସ୍ତ୍ରଟିର ସୁଦୂରପ୍ରସାରୀ ପ୍ରଭାବ ସାମଗ୍ରିକ ଭାବେ ଦେଶର ଅର୍ଥନୀତି ଉପରେ ପଡୁଥିବା ଜାଣି ମଧ୍ୟ ରାଜନୈତିକ ଦଳମାନଙ୍କର ସେଥିପ୍ରତି ଭ୍ରୂକ୍ଷେପ ନାହିଁ। ଦେଶର ସର୍ବୋଚ୍ଚ ନ୍ୟାୟାଳୟ ଏକାଧିକ ଥର ଏ ବିଷୟରେ ରାଜନୈତିକ ଦଳମାନଙ୍କୁ ସଚେତନ କରିବା ସହିତ ଅସନ୍ତୋଷ ପ୍ରକାଶ କରିଛନ୍ତି। କିନ୍ତୁ ଭାରତୀୟ ରାଜନୀତିରେ ଏଭଳି ଅବାଞ୍ଛିତ ଧାରା ହ୍ରାସ ପାଇବା ବଦଳରେ ବଢ଼ି ଚାଲିଛି। ସଦ୍ୟସମାପ୍ତ ବିହାର ନିର୍ବାଚନରେ ମଧ୍ୟ ମହିଳା ଉଦ୍ୟୋଗୀଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ଅଗ୍ରୀମ ହସ୍ତାନ୍ତର ନିର୍ବାଚନ ଫଳକୁ ନିର୍ଣ୍ଣାୟକ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ରାଜନୈତିକ ବିଶାରଦମାନେ ମତ ଦେଇଛନ୍ତି। ଏହାର ବୋଝକୁ ଗରିବ ରାଜ୍ୟ ବିହାରର ଅର୍ଥନୀତି କେତେ ସହିପାରିବ ତାହା ଭିନ୍ନ କଥା।

ବିଭିନ୍ନ ନାମରେ ନଗଦ ପ୍ରତ୍ୟକ୍ଷ ହସ୍ତାନ୍ତର ରଣକୌଶଳଟି ମଧ୍ୟପ୍ରଦେଶରେ ସଫଳ ସାବ୍ୟସ୍ତ ହେବା ପରେ ଓଡ଼ିଶା, ମହାରାଷ୍ଟ୍ର, ବିହାର ସମେତ ଅନ୍ୟ କେତେକ ରାଜ୍ୟରେ ପ୍ରୟୋଗ କରି ଶାସକ ଦଳ ଆଶାତୀତ ସଫଳତା ହାସଲ କରିଚାଲିଛନ୍ତି। ଯୋଗ୍ୟ ମହିଳା ହିତାଧିକାରୀମାନଙ୍କୁ ଏଭଳି ନଗଦ ହସ୍ତାନ୍ତର ଯୋଜନା ମାଧ୍ୟମରେ ଜାମ୍ମୁକାଶ୍ମୀରରେ ସର୍ବାଧିକ ମାସିକ ୫ ହଜାର ଟଙ୍କା ଲେଖାଏଁ ମିଳୁଥିବା ବେଳେ ହିମାଚଳ ପ୍ରଦେଶ ଓ ଆନ୍ଧ୍ରପ୍ରଦେଶରେ ମାସିକ ୧୫୦୦ ଟଙ୍କା, ପଞ୍ଜାବରେ ୧୧୦୦ ଟଙ୍କା, ଛତିଶଗଡ଼ ଓ ପଶ୍ଚିମବଙ୍ଗ ଓ ତାମିଲନାଡୁରେ ୧୦୦୦ ଟଙ୍କା, ଦିଲ୍ଲୀ, ମହାରାଷ୍ଟ୍ର ଓ ହରିଆଣାରେ ୨୧୦୦ ଟଙ୍କା, ଝାଡ଼ଖଣ୍ଡ ଓ ତେଲଙ୍ଗାନାରେ ୨୫୦୦ ଟଙ୍କା, ମଧ୍ୟପ୍ରଦେଶ ଓ ଆସାମରେ ୧୨୫୦ ଟଙ୍କା, କର୍ଣ୍ଣାଟକରେ ୨୦୦୦ ଟଙ୍କା ଓ ଓଡ଼ିଶାରେ ସର୍ବନିମ୍ନ ୮୩୩ ଟଙ୍କା ମିଳୁଛି। ଅପରପକ୍ଷରେ ଦେଶର ଜିଡିପିରେ ୯୦% ଅବଦାନ ରଖୁଥିବା ଉପରୋକ୍ତ ରାଜ୍ୟଗୁଡ଼ିକର ଋଣ ବୋଝ ସାମଗ୍ରିକ ଭାବେ ୨୮ ଲକ୍ଷ କୋଟି ଟଙ୍କାରୁ ଅଧିକ। ସେମାନଙ୍କର ମୋଟ ବିତ୍ତୀୟ ନିଅଣ୍ଟ ପରିମାଣ ୨୦୨୪-୨୫ ଆର୍ଥିକ ବର୍ଷ ସୁଦ୍ଧା ୯.୫ ଲକ୍ଷ କୋଟି ଏବଂ ରାଜସ୍ୱ ନିଅଣ୍ଟ ୨.୧ ଲକ୍ଷ କୋଟି ଟଙ୍କାରୁ ଅଧିକ।

ଋଣଂ କୃତ୍ୱା ଘୃତଂ ପିବେତ୍ ନୀତି ହିଁ ଏବେ ରାଜନୀତିର ମୂଳମନ୍ତ୍ର ହୋଇଥିବାରୁ ‘ନୋଟ୍ ବଦଳରେ ଭୋଟ’ର ଏହି ପରିବର୍ତ୍ତିତ ଧାରା ବିଭିନ୍ନ ଯୋଜନାର ମୁଖା ପିନ୍ଧି ଏକପ୍ରକାର ବୈଧ ହୋଇସାରିଛି। ତେଣୁ ବିନା ଫ୍ରିବିଜ୍ ଘୋଷଣାରେ କେହି ନିର୍ବାଚନ ଜିତିପାରିବେ ନାହିଁ କି କ୍ଷମତାକୁ ଆସିବା ପରେ ଏଭଳି ଅବାଞ୍ଛିତ ପରମ୍ପରାର ସମ୍ପୂର୍ଣ୍ଣ ବିଲୋପ ପାଇଁ ସଂସ୍କାର ଆଣିପାରିବେ ନାହିଁ। ଭାରତୀୟ ଗଣତନ୍ତ୍ର ଏହି ଫ୍ରିବିଜ୍ ରୂପକ ଅସ୍ତ୍ରରେ କ୍ଷତାକ୍ତ ହୋଇଚାଲିଥିବ ଏବଂ ଭାରତୀୟ ଅର୍ଥନୀତି ଏହି ବୋଝ ମୁଣ୍ଡାଇ ଚାଲିଥିବ। ଏଥିରୁ ନିସ୍ତାର ସମ୍ଭାବନା ସୁଦୂର ଭବିଷ୍ୟତରେ ମଧ୍ୟ ଦେଖାଯାଉନାହିଁ।

## ଯକ୍ଷ୍ମା-ସମସ୍ୟା ଜଟିଳ

ଯକ୍ଷ୍ମା ଭଳି ଧୀର ଅଥଚ ପ୍ରାଣଘାତୀ ସଂକ୍ରମଣରେ ପ୍ରତିବର୍ଷ ଯେତିକି ଲୋକ ଭାରତରେ ମୃତ୍ୟୁମୁଖରେ ପଡୁଛନ୍ତି ତାହା କରୋନା ମହାମାରୀ ଜନିତ ମୃତ୍ୟୁ ସଂଖ୍ୟାଠାରୁ ମଧ୍ୟ ଅଧିକ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଦ୍ୱାରା ପ୍ରକାଶିତ ସଦ୍ୟତମ(ଗତ ୧୨ ତାରିଖ) ବିଶ୍ୱ ଯକ୍ଷ୍ମା ରିପୋର୍ଟ ୨୦୨୫ର ତଥ୍ୟାନୁଯାୟୀ ଗତବର୍ଷ ଭାରତରେ ୨୭ ଲକ୍ଷ ୧୦ ହଜାର ରୋଗୀ ଥିବା ବେଳେ ୩ ଲକ୍ଷ ରୋଗୀ ପ୍ରାଣ ହରାଇଛନ୍ତି। ରିପୋର୍ଟ ଅନୁଯାୟୀ ଏବେ ବିଶ୍ୱର ଏକ-ଚତୁର୍ଥାଂଶରୁ ଅଧିକ ଯକ୍ଷ୍ମା ରୋଗୀ ଭାରତରେ ଅଛନ୍ତି, ଯାହା ଦେଶର ଜନସ୍ୱାସ୍ଥ୍ୟ ପରିଚାଳନାରେ ବ୍ୟାପକ ପ୍ରତିବନ୍ଧକ ସୃଷ୍ଟି କରୁଛି।

ପ୍ରତିବର୍ଷ ମାର୍ଚ୍ଚ ମାସରେ କେନ୍ଦ୍ର ସରକାର ଯକ୍ଷ୍ମା ରୋଗ ସମ୍ପର୍କିତ ତଥ୍ୟ ଜାରି କରୁଥିଲେ ମଧ୍ୟ ଚଳିତ ବର୍ଷ ଏଥିରୁ ଦୂରେଇ ରହିବାର କାରଣ ଜଣାପଡ଼ିନାହିଁ। ୨୦୩୦ସୁଦ୍ଧା ବିଶ୍ୱରେ ଯକ୍ଷ୍ମାକୁ ସମ୍ପୂର୍ଣ୍ଣ ବିଲୋପ ପାଇଁ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଲକ୍ଷ୍ୟ ଧାର୍ଯ୍ୟ କରିଥିବା ବେଳେ ୨୦୨୫ ସୁଦ୍ଧା ‘ଯକ୍ଷ୍ମାମୁକ୍ତ ଭାରତ’ ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ‘ଯକ୍ଷ୍ମାମୁକ୍ତ ଭାରତ’ ପାଇଁ ଗଠିତ ଆଇପିସି ପ୍ରକଳ୍ପ ୧୦ଟି ରାଜ୍ୟର ୬୩ଟି ଜିଲ୍ଲାର ୧୮ ୯ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପରିବ୍ୟାପ୍ତ ହୋଇଛି। ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ଗତବର୍ଷ ସେପ୍ଟେମ୍ବର ମାସରେ ବିପିଏଏଲ୍ଏମ୍ ନାମରେ ଏକ ଅଭିଯାନ ଆରମ୍ଭ କରିଛି, ଯାହା ଏମ୍‌ଡିଆର-ଟିବି ଉପଚାର ପାଇଁ ଉଦ୍ଦିଷ୍ଟ। ଏ ସବୁ ପ୍ରୟାସ ସତ୍ତ୍ୱେ ପ୍ରାଥମିକସ୍ତରରେ ଯକ୍ଷ୍ମାର ଚିହ୍ନଟ ବ୍ୟବସ୍ଥା ପ୍ରଭାବଶାଳୀ ଓ କ୍ରିୟାଶୀଳ ହେଉ ନ ଥିବା କାରଣରୁ ଆଉ ମାତ୍ର ମାସେ ଭିତରେ ଏହି ଲକ୍ଷ୍ୟ ହାସଲକୁ ନେଇ ସନ୍ଦେହ ସୃଷ୍ଟି ହେଉଛି। ବିଶ୍ୱ ଯକ୍ଷ୍ମା ରିପୋର୍ଟ ୨୦୨୫ ଅନୁଯାୟୀ ଭାରତରେ ୨୦୧୫ରୁ ୨୦୨୪ ମଧ୍ୟରେ ଯକ୍ଷ୍ମା ସଂକ୍ରମିତଙ୍କ ସଂଖ୍ୟା ହ୍ରାସ ଧାର୍ଯ୍ୟ ଲକ୍ଷ୍ୟ ୫୦% ବଦଳରେ ମାତ୍ର ୨୧% ହୋଇପାରିଛି। ସେହିପରି ଯକ୍ଷ୍ମା ସଂକ୍ରମିତ ମୃତକଙ୍କ ସଂଖ୍ୟା ଏହି ସମୟ ମଧ୍ୟରେ ଧାର୍ଯ୍ୟ ଲକ୍ଷ୍ୟ ୭୫% ବଦଳରେ ମାତ୍ର ୨୮% କମିଛି। ଏମ୍‌ଡିଆର-ଟିବି(ବହୁଔଷଧ ପ୍ରତିରୋଧକାରୀ ଯକ୍ଷ୍ମାରୋଗୀ)ଙ୍କ ସଂଖ୍ୟା ଭାରତରେ ବିଶ୍ୱର ସର୍ବାଧିକ ୨୭% ଥିବା ବେଳେ ବିଶ୍ୱର ମୋଟ ମୃତକଙ୍କ ମଧ୍ୟରେ ୨୯% ଭାରତରେ ରହିଛନ୍ତି।

ବିଡ଼ମ୍ବନା ହେଉଛି ଯକ୍ଷ୍ମା ସଂକ୍ରମଣ ହ୍ରାସ ହାର ଆଶାନୁରୂପ ହୋଇପାରୁନଥିବା ବେଳେ ଏହାର ନିରାକରଣ ବା ସମ୍ପୂର୍ଣ୍ଣ ବିଲୋପ ସାଧନ ପାଇଁ ପାଣ୍ଠି ବଢ଼ିବା ବଦଳରେ କମିବାରେ ଲାଗିଛି। ଘରୋଇ ସହଭାଗିତା ମଧ୍ୟ ହ୍ରାସ ପାଇଛି। ବିଶ୍ୱର ଦ୍ରୁତ ଅଭିବୃଦ୍ଧିଶୀଳ ଭାରତରେ ଜନସ୍ୱାସ୍ଥ୍ୟ ପରିଚାଳନା ଓ ବଜେଟ୍ ବ୍ୟବସ୍ଥା ସେତେ ସୁଦୃଢ଼ ନୁହେଁ କି ଜନସଚେତନତା ମଧ୍ୟ ପର୍ଯ୍ୟାପ୍ତ ନୁହେଁ। ଏଣୁ ଭାରତରେ ଯକ୍ଷ୍ମା ବ୍ୟାପିବା ପାଇଁ ଅନୁକୂଳ ପରିବେଶ ରହିଛି। ତେଣୁ ଲକ୍ଷ୍ୟ ହାସଲ ପାଇଁ ତୃଣମୂଳସ୍ତରରେ ମୌଳିକ ଚିକିତ୍ସା ସେବାକୁ ଯୁଦ୍ଧକାଳୀନ ଭିତ୍ତିରେ ତ୍ୱରାନ୍ୱିତ କରିବାକୁ ହେବ।

# ଆଜିର ସାମ୍ବାଦିକତା: ସମ୍ମାନ, ସମସ୍ୟା ଓ ସମାଧାନ

ବିଭୂତି ଭୂଷଣ କର

ଯେଉଁ ମହାନ ବୃତ୍ତି ସମାଜର ଦର୍ପଣ ତଥା ଲୋକତନ୍ତ୍ରର ଚତୁର୍ଥ ସ୍ତମ୍ଭ ଭାବେ ପରିଚିତ, ତାହାର ବର୍ତ୍ତମାନ ଅବସ୍ଥା, ସମ୍ମୁଖୀନ ହେଉଥିବା ଆହ୍ୱାନ ଓ ଭବିଷ୍ୟତର ଗତିପଥ ଆଲୋଚନାସାପେକ୍ଷ। ସାମ୍ବାଦିକତା ହେଉଛି ସତ୍ୟ ଓ ନ୍ୟାୟର ପ୍ରତିନିଧି। ସଜାଗ ସାମ୍ବାଦିକ ସମାଜକୁ ସଚେତନ ରଖେ, କ୍ଷମତା କେନ୍ଦ୍ରଗୁଡ଼ିକ ସହ ଉତ୍ତରଦାୟିତ୍ୱର ମଧ୍ୟସ୍ଥତା କରେ ଏବଂ ସାଧାରଣ ଲୋକଙ୍କ ସ୍ୱରକୁ ସଶକ୍ତ କରେ। ଏକ ଗଠନମୂଳକ ସାମ୍ବାଦିକତା ସମାଜରେ ବିଶ୍ୱାସ, ସହିଷ୍ଣୁତା ଓ ପାରସ୍ପରିକ ଆଲୋଚନାକୁ ବଢ଼ାଇଥାଏ।

ବର୍ତ୍ତମାନ ସମୟର ସାମ୍ବାଦିକମାନେ ଅନେକ ଜଟିଳ ଆହ୍ୱାନର ସମ୍ମୁଖୀନ ହେଉଛନ୍ତି। ସମୟକ୍ରମେ ଗଣମାଧ୍ୟମ ସଂସ୍ଥା ଉପରେ ଆର୍ଥିକ ଚାପ ବଢ଼ିବା ଫଳରେ ପରୋକ୍ଷରେ ସଂପୃକ୍ତ ସଂସ୍ଥାର ସ୍ୱାଧୀନତା ଉପରେ ତାହାର ପ୍ରଭାବ ପରିଲକ୍ଷିତ ହେଉଛି। ବିଜ୍ଞାପନ ଓ ବଜାର ଚାପ ଯୋଗୁଁ ଗୁଣବତ୍ତାପୂର୍ଣ୍ଣ ସାମ୍ବାଦିକତା ବାଧାଗ୍ରସ୍ତ ହେଉଛି। କ୍ଷମତାଶାଳୀ ଶକ୍ତିଙ୍କ ତରଫରୁ ପ୍ରତ୍ୟକ୍ଷ ଓ ପରୋକ୍ଷ ହସ୍ତକ୍ଷେପ ସାମ୍ବାଦିକତାର ମୁକ୍ତ ପ୍ରବାହରେ ବାଧା ସୃଷ୍ଟି କରୁଛି। ଅସତ୍ୟ ଖବର(ଫେକ୍ ନ୍ୟୁଜ୍), ଦ୍ରୁତଗାମୀ ଖବର(ବ୍ରେକିଂ ନ୍ୟୁଜ୍)ର ଚାପ, ଟ୍ରୋଲ୍ ବାହିନୀ ଓ ଅତିମାତ୍ରାରେ ସାମାଜିକ ଗଣମାଧ୍ୟମ ପ୍ରତିକ୍ରିୟା ଯୋଗୁଁ ଭୁଲ୍ ଖବର ପ୍ରସାରିତ ହେବାର ଆଶଙ୍କା ବଢ଼ିଛି। ଅନ୍ୟପକ୍ଷରେ ସ୍ଥାନୀୟ ସ୍ତରରେ, ସାମ୍ବାଦିକମାନେ ହିଂସ୍ର ଆକ୍ରମଣ ଓ ମାନସିକ ଉତ୍ପୀଡ଼ନର ଶିକାର ହେଉଛନ୍ତି। ନିର୍ଭୀକ ଓ ନିରପେକ୍ଷ ସାମ୍ବାଦିକତା ପାଇଁ ବାତାବରଣ ସତେଯେପରି ସଂକୁଚିତ ହୋଇଯାଉଛି। ଆମ ଦେଶ ସମେତ ଅନେକ ରାଷ୍ଟ୍ରରେ ସାମ୍ବାଦିକତା ଉପରେ ରାଜନୈତିକ ଚାପ ବଢ଼ିଛି। ସ୍ୱଚ୍ଛନ୍ଦତା ଓ ସ୍ୱାଧୀନତା ଉପରେ ଆଘାତ କରୁଥିବା ଆଇନ ପ୍ରଣୟନ, ସାମ୍ବାଦିକତା ଅନୁସନ୍ଧାନରେ ବାଧା ଓ ସାମ୍ବାଦିକଙ୍କୁ ଭୟଭୀତ କରିବାର ଚେଷ୍ଟା କରାଯାଉଛି। ଜନସାଧାରଣଙ୍କ ମଧ୍ୟରେ ଗଣମାଧ୍ୟମ ପ୍ରତି ବିଶ୍ୱାସ କ୍ରମଶଃ ହ୍ରାସ ପାଇବାରେ ଲାଗିଛି।

ଏହିସବୁ ଆହ୍ୱାନକୁ ସଫଳତାର ସହ ସମ୍ମୁଖୀନ ହୋଇ ସାମ୍ବାଦିକତାର ଭବିଷ୍ୟତ ଉଜ୍ଜ୍ୱଳ କରିବା ପାଇଁ କେତେକ ମୌଳିକ ପଦକ୍ଷେପ ଆବଶ୍ୟକ। ସାମ୍ବାଦିକତାର ମୂଳଦୁଆ ହେଉଛି ନୈତିକତା। ପ୍ରମାଣିକତା, ସଠିକତା, ନିଷ୍ପକ୍ଷତା ଓ ଦାୟିତ୍ୱଶୀଳତାକୁ ପ୍ରାଧାନ୍ୟ ଦେବା ଜରୁରୀ। ଯେକୌଣସି ଖବର ପ୍ରକାଶ ପୂର୍ବରୁ ତାହାର ଯାଞ୍ଚ କରିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ନୂତନ ଯୁଗରେ ଡିଜିଟାଲ୍ ସାକ୍ଷରତା ଏକ ଅତ୍ୟାବଶ୍ୟକୀୟ ଦକ୍ଷତା। ଅସତ୍ୟ ଖବର ଚିହ୍ନଟ, ଡିଜିଟାଲ୍ ଟୁଲ୍ସ ବ୍ୟବହାର କରି ଗଭୀର ସତ୍ୟାନ୍ୱେଷଣ ଓ ଡିଜିଟାଲ୍ ସୁରକ୍ଷା ବିଷୟରେ ସାମ୍ବାଦିକମାନଙ୍କୁ ପ୍ରଶିକ୍ଷିତ କରାଯିବା ଉଚିତ। ଗଣମାଧ୍ୟମ ସଂସ୍ଥାଗୁଡ଼ିକୁ ବିଜ୍ଞାପନ ଉପରେ ନିର୍ଭରଶୀଳତା କମ କରି ସଦସ୍ୟତା ମଡେଲ, କ୍ରସ୍-ସବସିଡି, ଫାଉଣ୍ଡେସନ୍ ମଡେଲ ଭଳି ବିକଳ୍ପ ଆର୍ଥିକ ମଡେଲ ଅନୁସନ୍ଧାନ କରିବା ଉଚିତ। ସାମ୍ବାଦିକଙ୍କ ସୁରକ୍ଷା ନିଶ୍ଚିତ କରୁଥିବା ଆଇନ ପ୍ରଣୟନ ସହ ତାହାର ପ୍ରୟୋଗ ଜରୁରୀ। ସାମ୍ବାଦିକଙ୍କ ବିରୁଦ୍ଧରେ ହେଉଥିବା ହିଂସା ଘଟଣାକୁ ଦ୍ରୁତ ଓ କଠୋର ଭାବେ ମୁକାବିଲା କରିବା ଆବଶ୍ୟକ। ସାମ୍ବାଦିକମାନେ ଭୁଲ୍ ସୁଧାରିବା ସହ ଫିଡବ୍ୟାକ୍ ଗ୍ରହଣ ଏବଂ ଜନସାଧାରଣଙ୍କ ସହ ନିୟମିତ ଯୋଗାଯୋଗ କରି ଗଣମାଧ୍ୟମର ବିଶ୍ୱାସ ଫେରାଇ ଆଣିବା ଉପରେ ଗୁରୁତ୍ୱ ଦେବାକୁ ହେବ।

ଆଜିର ସାମ୍ବାଦିକତା କେବଳ ଘଟଣାର ସରଳ ବର୍ଣ୍ଣନା ନୁହେଁ, ବରଂ ଏହା ଏକ ଜଟିଳ ପ୍ରକ୍ରିୟା, ଯାହା ତଥ୍ୟ ଯାଞ୍ଚ, ପ୍ରସଙ୍ଗ ବିଶ୍ଳେଷଣ, ମତବାଦ ଗଠନ ଏବଂ ସାମାଜିକ ଦାୟିତ୍ୱ ମଧ୍ୟରେ ସନ୍ତୁଳନ ବଜାୟ ରଖେ। ଡିଜିଟାଲ ଯୁଗରେ ସାମ୍ବାଦିକତାର ପରିସର ବ୍ୟାପକ ହୋଇଛି। ପାରମ୍ପରିକ ମୁଦ୍ରଣ ଓ ବୈଦ୍ୟୁତିକ ଗଣମାଧ୍ୟମ ସହିତ ଅନଲାଇନ୍ ନ୍ୟୁଜ୍ ପୋର୍ଟାଲ୍, ସୋସିଆଲ୍ ମିଡିଆ ପ୍ଲାଟଫର୍ମ ଓ ସିଟିଜନ୍ ଜର୍ଣ୍ଣାଲିଜିମ୍ ଆଦି ଯୋଗୁଁ ଖବରର ପ୍ରବାହ ଅତୀବ ଦ୍ରୁତ ଓ ବିସ୍ତୃତ ହୋଇଛି। ଏହି ଡିଜିଟାଲ ପରିବର୍ତ୍ତନ ସହିତ ଆସିଛି ‘୨୪ ଘଣ୍ଟିଆ ନ୍ୟୁଜ୍ ସାଇକେଲ୍’ର ଚାପ। ଖବର ପ୍ରସାରଣର ଗତି ବୃଦ୍ଧି ପାଇଥିଲେ ମଧ୍ୟ ଏହା ଖବରର ଗୁଣବତ୍ତା ଉପରେ ପ୍ରଶ୍ନଚିହ୍ନ ସୃଷ୍ଟି କରିଛି। ପ୍ରଥମେ ଖବର ପହଞ୍ଚିବାର ଚାପରେ ଯାଞ୍ଚ ନ କରାଯାଇଥିବା ତଥ୍ୟ ଓ ମିଥ୍ୟା ଖବରର ପ୍ରସାର ବଢ଼ିଛି। ଏହି ପରିସ୍ଥିତିରେ, ଜଣେ ଆଧୁନିକ ସାମ୍ବାଦିକଙ୍କ ଭୂମିକା କେବଳ ଏକ ରିପୋର୍ଟର ନ ରହି, ଜଣେ ଫ୍ୟାକ୍ଟ-ଚେକର୍, ଡାଟା ବିଶ୍ଳେଷକ ଏବଂ ପ୍ରସଙ୍ଗ ସ୍ରଷ୍ଟା ଭାବରେ ବିକଶିତ ହୋଇଛି। ତେଣୁ ସାମ୍ବାଦିକଙ୍କୁ ଡିଜିଟାଲ୍ ଟୁଲ୍ସ, ଡାଟା ବିଶ୍ଳେଷଣ ଏବଂ ଫ୍ୟାକ୍ଟ-ଚେକିଂ ପ୍ରଣାଳୀ ପ୍ରତି ଅଧିକ ଦକ୍ଷ କରାଯିବା ଉଚିତ୍। ଜନସାଧାରଣଙ୍କୁ ମଧ୍ୟ ମିଡିଆ ସାକ୍ଷରତା ଶିକ୍ଷା ଦେବା ଜରୁରୀ, ଯାହା ସେମାନଙ୍କୁ ଭ୍ରମପୂର୍ଣ୍ଣ ଖବରଠାରୁ ପ୍ରମାଣିତ ଖବର ପୃଥକ୍ କରିବାରେ ସହାୟକ ହେବ।

ନୈତିକତା ଓ ଦାୟିତ୍ୱବୋଧ ପ୍ରତି ଅଙ୍ଗୀକାରବଦ୍ଧତା ସ୍ୱରୂପ ସାମ୍ବାଦିକତାର ମୌଳିକ ନୀତି - ସଠିକତା, ନିରପେକ୍ଷତା, ନ୍ୟାୟପୂର୍ଣ୍ଣତା ଓ ମାନବିକତା - କେବେ ବି ଅଣଦେଖା କରାଯାଇ ପାରିବ ନାହିଁ। ଗଣମାଧ୍ୟମ ସଂସ୍ଥାଗୁଡ଼ିକୁ ନିଜର ନୈତିକ ମାନଦଣ୍ଡ ମଜବୁତ କରିବା ଉଚିତ୍ ଏବଂ ସ୍ୱଚ୍ଛତା ବଜାୟ ରଖିବା ଉଚିତ୍।

ସରକାର ଓ ସମାଜର ଦାୟିତ୍ୱ ହେଉଛି ସାମ୍ବାଦିକଙ୍କ ସୁରକ୍ଷା ସୁନିଶ୍ଚିତ କରିବା। ସାମ୍ବାଦିକଙ୍କ ବିରୁଦ୍ଧରେ ହିଂସା ଓ ଉତ୍ପୀଡ଼ନର ଘଟଣାଗୁଡ଼ିକର ସଠିକ୍ ତଦନ୍ତ ହୋଇ ଦୋଷୀଙ୍କୁ ଦଣ୍ଡ ଦିଆଯିବା ଜରୁରୀ। ସାମ୍ବାଦିକତାର ସ୍ୱାଧୀନତା ହେଉଛି ଗଣତନ୍ତ୍ରର ମୂଳଦୁଆ। ସ୍ୱାଧୀନ ଭାବରେ କାର୍ଯ୍ୟ କରିବା ପାଇଁ ସୁରକ୍ଷିତ ପରିବେଶ ସୃଷ୍ଟି କରିବା ସହ ଗଣମାଧ୍ୟମର ସ୍ୱାଧୀନତାକୁ ଅକ୍ଷୁର୍ଣ୍ଣ ରଖିବା ବାଞ୍ଛନୀୟ। ରାଜନୈତିକ ହସ୍ତକ୍ଷେପରୁ ମୁକ୍ତ ରହି ସତ୍ୟକୁ ଜନସାଧାରଣଙ୍କ ନିକଟରେ ପହଞ୍ଚାଇବା ପାଇଁ ସାମ୍ବାଦିକଙ୍କୁ ସମ୍ପୂର୍ଣ୍ଣ ସ୍ୱାଧୀନତା ପ୍ରଦାନ କରାଯିବା ଉଚିତ୍। ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ସାମ୍ବାଦିକଙ୍କ ମଧ୍ୟରେ ସହଯୋଗ ବୃଦ୍ଧି ପାଇବା ଉଚିତ୍। ଜ୍ଞାନ ଓ ଅନୁଭୂତି ଆଦାନପ୍ରଦାନ, ସମ୍ମିଳିତ ଅନୁସନ୍ଧାନ ଏବଂ ପେସାଦାର ସଂଗଠନଗୁଡ଼ିକ ମାଧ୍ୟମରେ ଏକତ୍ରିତ ହୋଇ ଆହ୍ୱାନଗୁଡ଼ିକର ସାମ୍ନା କରିବା ଆବଶ୍ୟକ।

ବର୍ତ୍ତମାନର ଜଟିଳ ପରିବେଶରେ ସାମ୍ବାଦିକତାର ଭୂମିକା ଅଧିକ ଗୁରୁତ୍ୱପୂର୍ଣ୍ଣ। ସମସ୍ୟା ସତ୍ତ୍ୱେ ସଚ୍ଚୋଟତା, ସାହସ ଏବଂ ନିଷ୍ଠାପର ରିପୋର୍ଟିଂ ପ୍ରତି ସାମ୍ବାଦିକଙ୍କ ପ୍ରତିଶ୍ରୁତି ଅବ୍ୟାହତ ରହିଛି। ଭବିଷ୍ୟତର ଗତିପଥକୁ ସ୍ପଷ୍ଟ କରିବାକୁ ଯାଇ ଆମକୁ ଏକ ଅଧିକ ଉତ୍ତରଦାୟୀ, ସମାନ୍ତରାଳ ଓ ନ୍ୟାୟପୂର୍ଣ୍ଣ ସାମ୍ବାଦିକତା ପ୍ରତି ଅଗ୍ରସର ହେବାକୁ ହେବ। ସାମ୍ବାଦିକତା କେବଳ ଶକ୍ତିଶାଳୀଙ୍କ କଥା ନ କହି, ନିର୍ବଳଙ୍କ କଥା କହିବ, ଯାହା ଶକ୍ତି ଉପରେ ନଜର ରଖିବ ଏବଂ ସତ୍ୟକୁ ସର୍ବୋଚ୍ଚ ମୂଲ୍ୟ ଦେବ। ଏହି ଦିଗଦର୍ଶନ ଅନୁସରଣ କଲେ ହିଁ ସାମ୍ବାଦିକତା ତା’ର ଗରିମାମୟୀ ପରମ୍ପରା ବଜାୟ ରଖିପାରିବ ଏବଂ ଭବିଷ୍ୟତରେ ମଧ୍ୟ ଜନସାଧାରଣର ବିଶ୍ୱାସ ଓ ଆସ୍ଥାଭାଜନ ହୋଇରହିପାରିବ।

ଏବେ କୃତ୍ରିମ ବୁଦ୍ଧିମତ୍ତା ବା ଏଆଇ ଯୋଗୁଁ ସାମ୍ବାଦିକତା କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆସିଛି, ଯାହା ଗଣମାଧ୍ୟମ ସ୍ୱାଧୀନତା ପାଇଁ ନୂଆ ସୁଯୋଗ ସହିତ ଗମ୍ଭୀର ଆହ୍ୱାନ ମଧ୍ୟ ସୃଷ୍ଟି କରିଛି। କ୍ରୀଡ଼ା, ଅର୍ଥନୀତି ଓ ପାଣିପାଗ ସମ୍ବାଦ ଭଳି ଡାଟା-କେନ୍ଦ୍ରିତ ଖବର ଲେଖିବାରେ ଏଆଇ ବେଶ୍ ଉପଯୋଗୀ ସାବ୍ୟସ୍ତ ହୋଇଛି। ଏହା ସାମ୍ବାଦିକଙ୍କ ସମୟ ବଞ୍ଚାଇବାରେ ସହାୟକ ହୋଇଛି। ତଥ୍ୟ ଯାଞ୍ଚ ଓ ଫ୍ୟାକ୍ଟ-ଚେକିଂ କ୍ଷେତ୍ରରେ ଏଆଇ ପ୍ରମୁଖ ଭୂମିକା ନିର୍ବାହ କରୁଛି, ଯାହା ନିର୍ଭରଯୋଗ୍ୟ ଖବର ପ୍ରସାରଣରେ ସହାୟକ ହେଉଛି। ବ୍ୟକ୍ତିଗତକୃତ ସମ୍ବାଦ ପ୍ରଦାନ କ୍ଷେତ୍ରରେ ଏଆଇ ବ୍ୟବହାରକାରୀଙ୍କ ଅଭିରୁଚି ଅନୁଯାୟୀ ସମ୍ବାଦ ଭିତ୍ତିକ ବିଷୟବସ୍ତୁ ବାଛିବାରେ ସହାୟତା କରିପାରୁଛି। ଏଆଇ ଚାଳିତ ଅନୁବାଦ ଟୁଲଗୁଡ଼ିକ ବିଷୟକୁ ବିଭିନ୍ନ ଭାଷାରେ ଅନୁବାଦିତ କିମ୍ବା ରୂପାନ୍ତରିତ କରି ଜ୍ଞାନର ବାଧାକୁ ଦୂର କରିପାରୁଛି ଏବଂ ଜ୍ଞାନର ପରିସରକୁ ବ୍ୟାପ୍ତ କରିବାରେ ସହାୟକ ହେଉଛି।

ଅନ୍ୟପକ୍ଷରେ ଏଆଇ ଗଣମାଧ୍ୟମ ପ୍ରତି ଆହ୍ୱାନ ଓ ବିପଦ ମଧ୍ୟ ଆଣି ଦେଇଛି। ଏଆଇ ଦ୍ୱାରା ସହଜରେ ବାସ୍ତବିକ ଛବି, ଭିଡିଓ ଓ ଅଡିଓ ସୃଷ୍ଟି କରି ବ୍ୟକ୍ତି ବା ବିଷୟର ମିଥ୍ୟା ପ୍ରତିରୂପ ତିଆରି କରାଯାଇପାରେ। ଏହା ଜନସାଧାରଣଙ୍କ ବିଶ୍ୱାସକୁ ଦୁର୍ବଳ କରେ ଏବଂ ବିଶ୍ୱସନୀୟ ମାଧ୍ୟମଗୁଡ଼ିକୁ ସନ୍ଦେହର ଚକ୍ଷୁରେ ଦେଖାଯିବାର ସମ୍ଭାବନା ରଖେ। ସରକାର ଅନଲାଇନ୍ ବିଷୟବସ୍ତୁ ଉପରେ ନଜର ରଖିପାରନ୍ତି ଏବଂ ସମ୍ବାଦଗୁଡିକୁ ସ୍ୱୟଂଚାଳିତ ଭାବରେ ସେନ୍ସର କରିପାରନ୍ତି, ଯାହା ନିର୍ଭୀକ ସାମ୍ବାଦିକତାର ପଥରେ ଏକ ବଡ଼ ବାଧା। ତେଣୁ ପ୍ରେସ୍ ସ୍ୱାଧୀନତା ଏବଂ ଏଆଇର ସନ୍ତୁଳନ ରକ୍ଷା କରିବା ଏକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ।

ଉତ୍ତରଦାୟୀ ଓ ଦାୟିତ୍ୱପୂର୍ଣ୍ଣ ସାମ୍ବାଦିକତା ହିଁ ଏକ ସଚେତନ ଓ ସକ୍ରିୟ ସମାଜର ପ୍ରାଣ। ସମସ୍ୟାଗୁଡ଼ିକ ଜଟିଳ ହୋଇପାରେ ମାତ୍ର ସମାଧାନ ଅସମ୍ଭବ ନୁହେଁ। ନୈତିକତା, ସାହସ, ପ୍ରଗତିଶୀଳ ଚିନ୍ତନ ଓ ସାମୂହିକ ଦାୟିତ୍ୱବୋଧର ମିଶ୍ରଣ ଦ୍ୱାରା ହିଁ ସାମ୍ବାଦିକତାର ମହିମାକୁ ପୁନରୁଦ୍ଧାର କରିହେବ।

(ରାଜ୍ୟ ସଭାପତି, ଉତ୍କଳ ସାମ୍ବାଦିକ ସଂଘ, ଓଡ଼ିଶା)
ଭୁବନେଶ୍ୱର, ମୋ: ୯୪୩୭୦୦୬୩୬୩

# ଓଡ଼ିଆ ଅସ୍ମିତାର ମୁଖପାତ୍ର: ହରିଶ୍ଚନ୍ଦ୍ର ବକ୍ସିପାତ୍ର

ଚିତ୍ତରଞ୍ଜନ ମହାନ୍ତି

ସ୍ୱର୍ଗତଃ ହରିଶଚନ୍ଦ୍ର ବକ୍ସିପାତ୍ର ଓଡ଼ିଶା ଜନଜୀବନରେ ଜଣେ ଯୁଗପୁରୁଷ। କିନ୍ତୁ ରାଜ୍ୟ ଓ ଦେଶର ସେବା କରିବା ପାଇଁ ଯେଉଁ ଦାୟିତ୍ୱ ଏ ସଂଗ୍ରାମୀ ପୁରୁଷଙ୍କୁ ମିଳିବା କଥା ତାହା ସମ୍ଭବ ହେଲା ନାହିଁ। କେନ୍ଦ୍ର ଇସ୍ପାତ ମନ୍ତ୍ରୀ ବିଜୁ ପଟ୍ଟନାୟକ ହୁଅନ୍ତୁ କିମ୍ବା କେନ୍ଦ୍ର ଶିଳ୍ପ ମନ୍ତ୍ରୀ ଜର୍ଜ ଫର୍ଣ୍ଣାଣ୍ଡିଜ୍ ହୁଅନ୍ତୁ, ବକ୍ସିବାବୁ ନିଜର ନିଷ୍ଠା ଓ ତଥ୍ୟ ଆଧାରିତ ତର୍କ ବଳରେ ଓଡ଼ିଶାର ଦାବିକୁ ଉପସ୍ଥାପନ କରି ଇସ୍ପାତ ଓ ଆଲୁମିନିୟମ୍ ଶିଳ୍ପ ପ୍ରତିଷ୍ଠାରେ ଓଡ଼ିଶା, ବିଶେଷକରି କୋରାପୁଟ ଜିଲ୍ଲାର ବିକାଶର ନୂଆ ଅଧ୍ୟାୟ ରଚନା କରିଥିଲେ।

ପୁନର୍ବାର ୧୯୯୦ ମସିହାରେ ବିଜୁ ପଟ୍ଟନାୟକଙ୍କ ‘ଜନତା ଦଳ’ ମନ୍ତ୍ରିମଣ୍ଡଳରେ ସେ ବାଣିଜ୍ୟ ଓ ପରିବହନ ଭଳି ଅର୍ଥକାରୀ ବିଭାଗର ଦାୟିତ୍ୱ ନେଇ ବ୍ୟବସ୍ଥାରେ ଯୁଗାନ୍ତକାରୀ ପରିବର୍ତ୍ତନ ଆଣିଥିଲେ। ହୁଏତ ରାଜ୍ୟର ସାମଗ୍ରିକ ଓ ସାମୂହିକ ସେବା କରିବାକୁ ୧୯୯୫ ବେଳକୁ ତାଙ୍କୁ ଉପଯୁକ୍ତ ସୁଯୋଗ ମିଳିଥା’ନ୍ତା। କିନ୍ତୁ ‘ଜନତା ଦଳ’ର ସର୍ବଭାରତୀୟ ଓ ରାଜ୍ୟ ରାଜନୀତିରେ କ୍ରିୟା, ପ୍ରତିକ୍ରିୟା ଓ ଅସ୍ଥିରତା ଏଥିରେ ବାଧକ ସାଜିଲା। ତାଙ୍କ ଭଳି ସମର୍ପିତ ସମ୍ବେଦନଶୀଳ ସଂଗ୍ରାମୀ ନେତାଙ୍କୁ ରାଜ୍ୟର ନୀତିନିୟନ୍ତା ଭାବେ ପାଇବାର ସୁଯୋଗ ହାତଛଡ଼ା ହୋଇଗଲା।

ବକ୍ସିବାବୁ ନିଜର ଶୁଦ୍ଧ ସଂଗ୍ରାମୀ ଆଭିମୁଖ୍ୟ ଯୋଗୁଁ ଓଡ଼ିଶାର ଦୁଇ ଜାତୀୟ ନେତାଙ୍କ ପ୍ରିୟପାତ୍ର ଥିଲେ। ଖୋସାମଦି ତାଙ୍କର ଆୟୁଧ ନଥିଲା। ତାଙ୍କର ଅଳଙ୍କାର ଥିଲା ଓଡ଼ିଆ ଅସ୍ମିତା, ପରିଚିତ ସ୍ୱାଭିମାନ ଓ ନିଜସ୍ୱ ଅନୁପମ ଯୋଗ୍ୟତା। ପ୍ରିୟଜନମାନେ ବକ୍ସିବାବୁଙ୍କୁ ‘ଭାଇନା’ ସମ୍ବୋଧନ କରୁନଥିଲେ ତାଙ୍କୁ କେହି ଉଚ୍ଚ ଜାତିରେ ଜନ୍ମିତ ବ୍ୟକ୍ତି ବୋଲି ଭାବୁନଥା’ନ୍ତେ। କାରଣ ସେ ଥିଲେ ସାମାଜିକ ନ୍ୟାୟର ପ୍ରଚାର ପ୍ରବକ୍ତା। ଓଡ଼ିଶାର ବୃହତ୍ ସାମୂହିକ ସ୍ୱାର୍ଥ ଦୃଷ୍ଟିରୁ ସେ ‘ମଣ୍ଡଳ କମିଶନ’କୁ ସକ୍ରିୟ ସମର୍ଥନ ଜଣାଇଥିଲେ।

ଆଦ୍ୟ ଜୀବନରେ ବକ୍ସିବାବୁ ସାମ୍ୟବାଦୀ ଚିନ୍ତାଧାରାର ପ୍ରମୁଖ ପ୍ରଚାରକ ଥିଲେ। ଜନଜୀବନର ବାସ୍ତବତାକୁ ଜାଣି ବର୍ଗ ଓ ଜାତି ଶୋଷଣର ଏକ ବ୍ୟବସ୍ଥିତ ବ୍ୟବସ୍ଥା ବୋଲି ସେ ଉପଲବ୍ଧି କରିଥିଲେ। ଜଣେ ସାମ୍ୟବାଦୀ ଭାବେ ବକ୍ସିବାବୁ ବର୍ଗ ବିଭାଜନ ଓ ବର୍ଗ ଶୋଷଣ ସମ୍ପର୍କରେ ସମ୍ପୂର୍ଣ୍ଣ ସଚେତନ ଥିଲେ ମଧ୍ୟ ‘ଉତ୍କଳ ସମ୍ମିଳନୀ’ର ମୁଖ୍ୟ ଭାବେ ଓଡ଼ିଶାର ସାମାଜିକ ବ୍ୟବସ୍ଥାକୁ, ବିଶେଷକରି ବର୍ଣ୍ଣ ବ୍ୟବସ୍ଥାକୁ ଟିକିନିଖି ଅନୁଧ୍ୟାନ କରିଥିଲେ। ତାଙ୍କ ତଥ୍ୟମୂଳକ ସିଦ୍ଧାନ୍ତ କହେ ବ୍ରିଟିଶ ଉପନିବେଶ ବ୍ୟବସ୍ଥା ଫଳରେ ବୃତ୍ତି ହରାଇଥିବା ଜାତି ଓ ବର୍ଗଙ୍କ ସଂଖ୍ୟା ଓଡ଼ିଶାରେ ପ୍ରାୟ ୯୨%। ତେଣୁ କେନ୍ଦ୍ର ସରକାର ଚାକିରିରେ ଦେଶରେ ସର୍ବାଧିକ ଓଡ଼ିଆ ଶତକଡ଼ା ଦୃଷ୍ଟିରୁ ସଂରକ୍ଷଣର ହକ୍‌ଦାର।

ଜାତି, ବର୍ଣ୍ଣ, ଧର୍ମ ଓ ଅନ୍ୟାନ୍ୟ ଭେଦଭାବ ସାମାଜିକ ଏକତାକୁ ବ୍ୟାହତ କରୁଥିବା ଅନୁଭବ କରି ସେ ସମଗ୍ର ଓଡ଼ିଆ ଜାତିର ଐକ୍ୟବଦ୍ଧତା ପାଇଁ ଏକାଗ୍ର ଉଦ୍ୟମ କରି ଚାଲିଥିଲେ। ସୁଦୂର କୋରାପୁଟର ବାସିନ୍ଦା ହୋଇ ମଧ୍ୟ ଓଡ଼ିଶାର ଉଚ୍ଚଶିକ୍ଷାର ମାତୃକଳ୍ପ ଅନୁଷ୍ଠାନ ରେଭେନ୍ସା କଲେଜର ଛାତ୍ର ସଂସଦର ସଭାପତି ହେବା ତାଙ୍କ ଜନ୍ମଜାତ ନେତୃତ୍ୱ କଳାର ପରାକାଷ୍ଠା ପ୍ରତିପାଦିତ କରୁଛି। ୧୯୫୪ରେ ଗଠିତ ସୀମା କମିଶନ ଓଡ଼ିଶା ପ୍ରତି ଚରମ ଅନ୍ୟାୟ କରିଥିଲେ। ଏହା ବିରୁଦ୍ଧରେ ସାମ୍ୟବାଦୀ ଛାତ୍ରନେତା ହରିଶଚନ୍ଦ୍ର ବକ୍ସିପାତ୍ର ବିପ୍ଳବୀ ସାମ୍ୟବାଦୀ ଆନ୍ଦୋଳନର ନେତୃତ୍ୱ ନେଲେ ଏବଂ କେନ୍ଦ୍ର କଂଗ୍ରେସ ନେତାଙ୍କୁ କଟକ ମାଟି ମଡ଼ାଇ ନଦେବାର ସଂକଳ୍ପ କରି ଗିରଫ ହେଲେ।

କେନ୍ଦୁଝରର ଜିଲ୍ଲା ଓ ନୟାଗଡ଼ଠାରେ ସବୁଠୁ ଶସ୍ତା ଓ ସୁବିଧାରେ ରାଷ୍ଟ୍ରାୟତ୍ତ ଇସ୍ପାତ କାରଖାନା ପ୍ରତିଷ୍ଠା ହୋଇପାରିବ ବୋଲି ‘ବସ୍ତୁର କମିଟି’ ସୁପାରିସକୁ ତତ୍କାଳୀନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଗ୍ରହଣ କଲେ ନାହିଁ। କଂଗ୍ରେସ ବିଭାଜନ ଯୋଗୁଁ ହରାଇଥିବା ଜନାଧାରକୁ ଫେରି ପାଇବା ପାଇଁ ସେ ଦକ୍ଷିଣର ୩ଟି ରାଜ୍ୟରେ ବିନା ଯୋଗ୍ୟତାରେ ରାଷ୍ଟ୍ରାୟତ୍ତ ଇସ୍ପାତ କାରଖାନା ସ୍ଥାପନ ନିଷ୍ପତ୍ତି ନେଲେ। ବକ୍ସିବାବୁ କିନ୍ତୁ ଓଡ଼ିଶା ପ୍ରତି କେନ୍ଦ୍ରର ଏ ନଗ୍ନ ଅବିଚାରକୁ ବରଦାସ୍ତ କଲେ ନାହିଁ। କଂଗ୍ରେସ ଅଧ୍ୟୁଷିତ କୋରାପୁଟ ଜିଲ୍ଲାରେ ହିଁ ସେ କେନ୍ଦ୍ର ବିରୁଦ୍ଧରେ ବିଦ୍ରୋହର ବିଗୁଲ ବଜାଇ ୧୯୭୪ ମସିହାରେ ସେ ଅଞ୍ଚଳରେ ଇନ୍ଦିରା ବିରୋଧୀ ‘ପ୍ରଗତି ମେଣ୍ଟ’କୁ ସଫଳତାର ସ୍ୱାଦ ଚଖାଇ ନିଜେ ବିଧାୟକ ନିର୍ବାଚିତ ହୋଇ ଓଡ଼ିଶା ବିଧାନସଭାକୁ ଆସିଲେ। ‘ପ୍ରଗତି ମେଣ୍ଟ’ ‘ଲୋକଦଳ’ରେ ମିଶିଲା। ଜରୁରୀ ପରିସ୍ଥିତି ପରେ ଜୟପ୍ରକାଶଙ୍କ ଅନୁରୋଧକ୍ରମେ ଗଣତନ୍ତ୍ରର ସୁରକ୍ଷା ପାଇଁ ‘ଲୋକଦଳ’ ‘ଜନତା ପାର୍ଟି’ରେ ରୂପାନ୍ତରିତ ହେଲା। ଜୟପ୍ରକାଶଙ୍କ ‘ସମ୍ପୂର୍ଣ୍ଣ କ୍ରାନ୍ତି ଆନ୍ଦୋଳନ’ରେ ଝାସ ଦେଇ ଏବଂ ଜରୁରୀ ସ୍ଥିତିର ବିରୋଧ କରି ବକ୍ସିବାବୁ ଜେଲ୍ ଗଲେ। କାରାମୁକ୍ତ ହୋଇ ୧୯୭୭ ମସିହାରେ ନିର୍ବାଚନ ଲଢ଼ି ସେ ବିଜୟୀ ହେଲେ ଏବଂ ମୁଖ୍ୟମନ୍ତ୍ରୀ ନୀଳମଣି ରାଉତରାୟଙ୍କ ମନ୍ତ୍ରିମଣ୍ଡଳରେ ଗୁରୁତ୍ୱପୂର୍ଣ୍ଣ ବିଭାଗ ସମ୍ଭାଳିଲେ ଏବଂ କେନ୍ଦ୍ର ସହିତ ରାଜ୍ୟର ସମନ୍ୱୟ ରକ୍ଷାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କଲେ। ବକ୍ସିବାବୁଙ୍କ ଉଦ୍ୟମ ଥିଲା ଓଡ଼ିଶାର ସମସ୍ତ ତୁଙ୍ଗ ନେତା ବ୍ୟକ୍ତିଗତ ମନାନ୍ତରରୁ ଊର୍ଦ୍ଧ୍ୱକୁ ଯାଇ ଓଡ଼ିଶା ସ୍ୱାର୍ଥ ପାଇଁ କେନ୍ଦ୍ର ବିରୁଦ୍ଧରେ ସଂଗ୍ରାମ କରନ୍ତେ।

୧୯୯୦ ମସିହାରେ ବିଜୁ ପଟ୍ଟନାୟକଙ୍କ ନେତୃତ୍ୱରେ ଓଡ଼ିଶାରେ ଜନତା ଦଳର ମନ୍ତ୍ରିମଣ୍ଡଳରେ ବକ୍ସିବାବୁ ବରିଷ୍ଠ ମନ୍ତ୍ରୀ ଭାବେ ଦାୟିତ୍ୱ ନେଲେ। ରବି ରାୟ ଲୋକସଭାର ବାଚସ୍ପତି। ଉଭୟଙ୍କ ମଧ୍ୟରେ ସମନ୍ୱୟ ପୁନଃସ୍ଥାପନ କରି ଇସ୍ପାତ କାରଖାନା ଓ ଓଡ଼ିଶାର ସ୍ୱତନ୍ତ୍ର ଆର୍ଥିକ ଅଧିକାର ଭଳି ଦାବି ପୂରଣ ପାଇଁ ବକ୍ସିବାବୁ ଉଦ୍ୟମରତ ହେଲେ। କଟକ ମଦମୃତ୍ୟୁ ଘଟଣାରେ ବ୍ୟଥିତ ହୋଇ ଜନତା ପରିବାରର ବରିଷ୍ଠ ନେତାମାନେ ବକ୍ସିବାବୁଙ୍କ ମାଧ୍ୟମରେ ବିକଳ୍ପ ବ୍ୟବସ୍ଥା ଖୋଜିଲେ। ଏଥିରେ ରବି ରାୟ ସମ୍ପୂର୍ଣ୍ଣ ସହଯୋଗ କରି ମିଳିତ ସଭା ସମିତିମାନ କଲେ। ଉଭୟ ବିଜୁବାବୁ ଓ ରବି ରାୟଙ୍କ ସହଯୋଗୀ ଭାବେ ଜର୍ଜ ଫର୍ଣ୍ଣାଣ୍ଡିଜ ଏ ପ୍ରକ୍ରିୟାକୁ ସାହାଯ୍ୟ କଲେ। ବକ୍ସିବାବୁ ସମସ୍ତ ଅଭିଯାନର କେନ୍ଦ୍ର ହେଲେ। କିନ୍ତୁ ବିହାର ରାଜନୀତି ସବୁ ସାଧୁ ଉଦ୍ୟମକୁ ପଣ୍ଡ କରିଦେଲା। ଜନତା ଦଳ ବିଭାଜିତ ହୋଇ ଜର୍ଜ ଫର୍ଣ୍ଣାଣ୍ଡିଜଙ୍କ ନେତୃତ୍ୱରେ ସମତା ପାର୍ଟି ଗଠିତ ହେଲା। ସମାଜବାଦୀ ସାଥୀ ଜର୍ଜ ଫର୍ଣ୍ଣାଣ୍ଡିଜ ଓ ପୁତ୍ର ପ୍ରତିମ ନୀତୀଶ କୁମାରଙ୍କ ଅନୁରୋଧରେ ରବି ରାୟ ସମତା ପାର୍ଟିକୁ ଚାଲିଗଲେ। ଦିଲ୍ଲୀରେ ଓଡ଼ିଶା ଲବିକୁ ସୁଦୃଢ଼ କରିବାରେ ବକ୍ସିବାବୁଙ୍କ ଉଦ୍ୟମ ଅକାମୀ ହୋଇଗଲା। ଉତ୍କଳ ସମ୍ମିଳନୀ ମାଧ୍ୟମରେ ସେ ଉଦ୍ୟମକୁ ଅବ୍ୟାହତ ରଖିବାକୁ ଶ୍ରୀବକ୍ସିପାତ୍ର ଶେଷ ପର୍ଯ୍ୟନ୍ତ ପ୍ରୟାସ ଜାରି ରଖିଥିଲେ।

# ଆମ ବୃକ୍ଷଲତା ଆମ ଜୀବନ

## ନାଗଲିଙ୍ଗ

ପ୍ରକୃତି-ପରିବେଶ

ସୌଭାଗ୍ୟସୁନ୍ଦର

ଉତ୍ତର-ପୂର୍ବ ଦକ୍ଷିଣ ଆମେରିକା, ବିଶେଷକରି ଆମାଜନ ବର୍ଷା ଜଙ୍ଗଲରୁ ଉତ୍ପନ୍ନ ନାଗଲିଙ୍ଗ ବିଶ୍ୱର ଉଷ୍ଣମଣ୍ଡଳୀୟ ଏବଂ ଉପ-ଉଷ୍ଣମଣ୍ଡଳୀୟ ଅଞ୍ଚଳରେ ବହୁଳ ଭାବରେ ଦେଖାଯାଏ। ଏହାର ମନୋରମ, ସୁଗନ୍ଧିତ ଫୁଲ ଏବଂ ଫଳ ପାଇଁ ଏହାକୁ ଏକ ଶୋଭାବର୍ଦ୍ଧକ ଗଛ ଭାବରେ ବାଡ଼ିବଗିଚାରେ ଲଗାଯାଏ। ଏହି ବୃକ୍ଷର ଅନେକ ଔଷଧୀୟ, ସାଂସ୍କୃତିକ ଏବଂ ଧାର୍ମିକ ଗୁରୁତ୍ୱ ଅଛି। ପ୍ରାକୃତିକ ବାସସ୍ଥାନରେ ଏହା ସମୁଦ୍ର ପତ୍ତନଠାରୁ ୫୦୦ ମିଟରରୁ କମ୍ ଉଚ୍ଚତାରେ ବଢ଼େ। ଏହା ପୁଡୁଚେରୀରେ ‘ରାଜ୍ୟ ଫୁଲ’ର ମାନ୍ୟତା ପାଇଛି।

‘ମହାନାଗେଶ୍ୱର’ ଭାବେ ମଧ୍ୟ ପରିଚିତ ନାଗଲିଙ୍ଗ ପ୍ରାୟ ୩୦ ମିଟର ଉଚ୍ଚତା ବିଶିଷ୍ଟ ଏକ ବଡ଼ ଚିରହରିତ୍ ବା ଅର୍ଦ୍ଧଚିରହରିତ୍ ଦ୍ରୁମ। କାଣ୍ଡଟି ନଳାକାର, ଯାହାର ବ୍ୟାସ ୭୦ ସେମି ଅତିକ୍ରମ କରିପାରେ। ଛାଲି ମାଟିଆ ଧୂସର ରଙ୍ଗର। ପରିପକ୍ୱ ବୃକ୍ଷର ଛାଲି ଫାଟି ଫାଟିଯାଏ। ପତ୍ରଗୁଡ଼ିକ ଶାଖାଗୁଡ଼ିକର ଶୀର୍ଷରେ ପୁଞ୍ଜିଭୂତ ଏବଂ ବିକଳ୍ପ ଭାବରେ ସଜେଇ ହୋଇ ରହିଥାଏ। ପତ୍ର ଧାର ସମ୍ପୂର୍ଣ୍ଣ କିମ୍ବା ସାମାନ୍ୟ ଦନ୍ତୁରିତ, ପ୍ରାୟ ୧୦-୨୦ ସେମି ଲମ୍ବ ଓ ୪-୬ ସେମି ଚଉଡ଼ା। ମୁଖ୍ୟ ଗଣ୍ଡି ଏବଂ ଅନ୍ୟାନ୍ୟ ବଡ଼ ଶାଖାରୁ ଫୁଲଗୁଡ଼ିକ ଗୁଚ୍ଛରେ ଉତ୍ପନ୍ନ ହୁଏ। ଫୁଲଗୁଡ଼ିକର ବ୍ୟାସ ପ୍ରାୟ ୬ ସେମି ବିଶିଷ୍ଟ ମାଂସଳ, ହଳଦିଆ ଏବଂ ଲାଲ କିମ୍ବା ଗୋଲାପୀ ବାଇଗଣୀ ରଙ୍ଗର। ଫୁଲଗୁଡ଼ିକ ପ୍ରବଳ ସୁଗନ୍ଧଯୁକ୍ତ, ବିଶେଷକରି ରାତିରେ ଏବଂ ପ୍ରାତଃ ସମୟରେ। ପରିପକ୍ୱ ଫଳ ଭୂମିରେ ପଡ଼ିବା ବେଳେ ବାଡ଼େଇ ହୋଇ ଶବ୍ଦ ହୁଏ। ତଳେ ପଡ଼ି ଫାଟିଲା ଫଳକୁ ବିଭିନ୍ନ ପ୍ରାଣୀ ଖାଇଥା’ନ୍ତି। ଫଳଟି କଠିନ ଆବରଣ ସହିତ ଗୋଲାକାର। ଏହାର ବ୍ୟାସ ପ୍ରାୟ ୨୫ ସେମି। ଫଳଟି ଖାଦ୍ୟ ଉପଯୋଗୀ କିନ୍ତୁ ଏହାର ଅପ୍ରିୟ ଗନ୍ଧ ଯୋଗୁଁ ସାଧାରଣତଃ ଲୋକମାନେ ଏହାକୁ ଖାଆନ୍ତି ନାହିଁ। ଭାରତରେ ବର୍ଷସାରା ଗଛରେ ଫୁଲ ଫୁଟେ। ଫୁଲଗୁଡ଼ିକୁ ସୁଗନ୍ଧିତ ପ୍ରସାଧନୀ ସାମଗ୍ରୀ ପ୍ରସ୍ତୁତିରେ ବ୍ୟବହାର କରାଯାଏ।

ନାଗଲିଙ୍ଗକୁ ପାରମ୍ପରିକ ଭାବରେ ଉଚ୍ଚ ରକ୍ତଚାପ, ଟ୍ୟୁମର, ଯନ୍ତ୍ରଣା ଓ ପ୍ରଦାହ, ସାଧାରଣ ଥଣ୍ଡା, ପେଟ ଯନ୍ତ୍ରଣା, ଚର୍ମ ରୋଗ, କ୍ଷତ, ମ୍ୟାଲେରିଆ, ଦାନ୍ତ ବିନ୍ଧା, ଗ୍ୟାଷ୍ଟ୍ରାଇଟ୍, ସ୍କେବସ୍, ରକ୍ତସ୍ରାବ, ପାଇଲ୍ସ, ପତଳା ଝାଡ଼ା, ବିଛା ବିଷ ଆଦି ଚିକିତ୍ସା ପାଇଁ ବ୍ୟବହାର କରାଯାଇ ଆସୁଛି। ଏହା ଆଣ୍ଟିମାଇକ୍ରୋବିଏଲ୍, ଆଣ୍ଟିଅଲ୍ସର, କୃମିନାଶକ, ଆଣ୍ଟିଅକ୍ସିଡାଣ୍ଟ, ଆଣ୍ଟିପାଇରେଟିକ୍, ଆଣ୍ଟିଆର୍ଥ୍ରାଇଟିକ୍, ଇମ୍ୟୁନୋମୋଡୁଲେଟୋରୀ/ପ୍ରତିରୋଧକ ଶକ୍ତି ବୃଦ୍ଧି କାରକ, ଆଣ୍ଟିବ୍ୟାକ୍ଟେରିଆଲ୍, ଆଣ୍ଟିଷ୍ଟ୍ରେସ୍, ଆଣ୍ଟିଡାଇରିଆଲ୍, ଆଣ୍ଟିଡିପ୍ରେସାଣ୍ଟ ଗୁଣରେ ସମୃଦ୍ଧ।

ଏହାଛଡ଼ା ନାଗଲିଙ୍ଗ ଗଛରେ ଟ୍ରାଇଟରପେନ୍ସ, ଫେନୋଲିକ୍ସ, କୁରୁପିଟାଇନ୍, ଇଣ୍ଡିରୁବିନ୍, ଆଇସାଟିନ୍, ଆନ୍ଥୋସିଆନିନ୍, ଫ୍ଲାଭାନୋଇଡ୍ସ, ୟୁଜେନୋଲ୍, ଟାନିନ୍, ଷ୍ଟେରଏଡ୍ସ, ସାପୋନିନ୍, ଗ୍ଲାଇକୋସାଇଡ୍ସ, ଆମିନୋ ଏସିଡ୍, ଫେନୋଲ୍ସ, ଆନ୍ଥ୍ରାକୁଇନୋନ୍, ଟ୍ରାଇଟରପେନୋଇଡ୍ସ, ଫାର୍ସେନଲ୍ ଏବଂ ତେଲ ଭଳି ଅନେକ ଉପାଦାନ ରହିଛି। ଫଳ ଏବଂ ଫୁଲରେ ଇଣ୍ଡିଗୋଟିନ୍ ଏବଂ ଇଣ୍ଡିରୁବିନ୍ ରାସାୟନିକ ଯୌଗିକ ଥିବା ଜଣାଯାଏ। ଫଳର କଠିନ ଖୋଳକୁ କେତେକ ସମୟରେ ପାତ୍ର ଭାବରେ ବ୍ୟବହାର କରାଯାଏ। କାଠଗୁଡ଼ିକ ବହୁତ ହାଲୁକା; ନରମ, ଅସ୍ଥାୟୀ ଏବଂ କବକ, କାଠ କୀଟ ଉଇ ପ୍ରତି ସମ୍ବେଦନଶୀଳ। ଏହି କାଠ ବିଭିନ୍ନ ପ୍ରକାରର ଖେଳଣା, ବାକ୍ସ, ପିଞ୍ଜରା, ଦିଆସିଲି, ପ୍ୟାନେଲିଂ, ଫର୍ଣ୍ଣିଚର ଉପାଦାନ, କାଠ ସାମଗ୍ରୀ, ଲାଥ୍-ବୋର୍ଡ ଓ ଫାଇବର-ବୋର୍ଡ ପ୍ରସ୍ତୁତିରେ ବ୍ୟବହାର କରାଯାଏ।

ଭାରତ ଏବଂ ଶ୍ରୀଲଙ୍କାରେ ଏହି ଗଛକୁ ହିନ୍ଦୁମାନେ ପୂଜା କରନ୍ତି। ଏହାର ଫୁଲର ହୁଡ ବା ଫେଣା ନାଗଫେଣା ପରି ଦେଖାଯାଏ, ଯାହା ତଳେ ଗର୍ଭକେଶର ଧଳା ରଙ୍ଗର ଲିଙ୍ଗ ପରି ଦେଖାଯାଏ। ତେଣୁ ଏହାକୁ ଶିବମନ୍ଦିରରେ ରୋପଣ କରାଯାଏ। ଶ୍ରୀଲଙ୍କା, ଥାଇଲ୍ୟାଣ୍ଡ, ମିଆଁମାର, କାମ୍ବୋଡିଆ, ଲାଓସ, ବଙ୍ଗଳାଦେଶ, ନେପାଳ, ଭୁଟାନ, ମାଲେସିଆ ଏବଂ ଅନ୍ୟାନ୍ୟ ବୌଦ୍ଧ ଦେଶଗୁଡ଼ିକରେ ଏହାକୁ ବୌଦ୍ଧ ମଠ ଏବଂ ଅନ୍ୟାନ୍ୟ ଧାର୍ମିକ ସ୍ଥଳରେ ଲଗାଯାଇଥାଏ। ମାନବ ବସତି ସ୍ଥାପନ, କୃଷି ଜମି ସମ୍ପ୍ରସାରଣ, ପ୍ରାକୃତିକ ଜଙ୍ଗଲ ସଙ୍କୋଚନ ଇତ୍ୟାଦି କାରଣରୁ ନାଗଲିଙ୍ଗ ଉଦ୍ଭିଦର ସଂଖ୍ୟା ପ୍ରାୟତଃ ହ୍ରାସ ପାଇବାରେ ଲାଗିଛି। ପ୍ରକୃତି ସଂରକ୍ଷଣ ପାଇଁ ଆନ୍ତର୍ଜାତୀୟ ସଂଘ ଲାଲ ବିପନ୍ନ ଜାତି ତାଲିକାରେ ଏହି ଉଦ୍ଭିଦକୁ ‘ସର୍ବନିମ୍ନ ଚିନ୍ତା’ ବର୍ଗରେ ସ୍ଥାନିତ କରିଛି।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ ‘ସକାଳ’ ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ ‘ସକାଳ’ କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଦିବ୍ୟାଙ୍ଗ ନାବାଳିକାଙ୍କୁ ଦୁଷ୍କର୍ମ

କେନ୍ଦୁଝର, ୧୬ ।୧୧ (ସମିସ): କେନ୍ଦୁଝର ସଦର ଥାନା ଅଞ୍ଚଳରେ ୯ ବର୍ଷୀୟା ଦିବ୍ୟାଙ୍ଗ ନାବାଳିକାଙ୍କୁ ଦୁଷ୍କର୍ମ କରାଯାଇଥିବା ଅଭିଯୋଗ ହୋଇଛି । ନାବାଳିକାଙ୍କ ବାପାଙ୍କ ଅଭିଯୋଗକ୍ରମେ ପୁଲିସ୍ ଏକ ମାମଲା ରୁଜୁ କରି ଅଭିଯୁକ୍ତ ପଶ୍ଚିମବଙ୍ଗ ବାଙ୍କୁରା ଅଞ୍ଚଳର ଅସିଫ୍ ଅନୱାର୍ ଖାନ୍‌କୁ କାଶୀପୁର ନିକଟରୁ ଗିରଫ କରି କୋର୍ଟଚାଲାଣ କରିଛି । ସୂଚନାନୁସାରେ, ପୀଡ଼ିତାଙ୍କ ବାପାଙ୍କ ଗାଁରେ ଏକ ଗ୍ରୋସରୀ ଦୋକାନ ଅଛି । ଅସିଫ୍ ସେ ଅଞ୍ଚଳର ଦୋକାନଗୁଡ଼ିକରେ ପାଉଁରୁଟି ବିକିବାକୁ ଯାଇଥାଏ । ଗତକାଲି ମଧ୍ୟ ପାଉଁରୁଟି ବିକିବା ପାଇଁ ଯାଇଥିବା ବେଳେ ଦୋକାନ ବନ୍ଦ ଥିବାରୁ ସେ ପୀଡ଼ିତାଙ୍କ ଘରକୁ ଯାଇଥିଲା । ଘରେ କେହି ନଥିବା ଦେଖି ନାବାଳିକାଙ୍କ ଦୁଷ୍କର୍ମ କରି ଫେରାର୍ ହୋଇଯାଇଥିଲା । ଗୁରୁତର ଅବସ୍ଥାରେ ନାବାଳିକାଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି । ଆଜି ନାବାଳିକାଙ୍କ ବାପା ସଦର ଥାନାରେ ଅଭିଯୋଗ କରିଛନ୍ତି ।

■ ଆଇନଜୀବୀ ପୀତବାସ ହତ୍ୟା ମାମଲା

## ଚିଣ୍ଟୁ, ଯୋଗୀ ଓ କୁରୁପତିଙ୍କ ଟିଆଇ ପରେଡ୍ ଆଜି

ବ୍ରହ୍ମପୁର, ୧୬।୧୧ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ ଓ ଯୋଗେନ୍ଦ୍ର ରାଉତ ଓରଫ୍ ଯୋଗୀର ସୋମବାର ବ୍ରହ୍ମପୁର ଜେଲ୍‌ରେ ଟିଆଇ ପରେଡ୍ ହେବ । ଏଥିପାଇଁ ତଦନ୍ତକାରୀ ଅଧିକାରୀ ତଥା ଟାଉନ ଏସ୍‌ଡିପିଓ ପ୍ରିୟସ ରଂଜନ ଛୋଟରାୟ ସ୍ଥାନୀୟ ଏସ୍‌ଡିଜେଏମ୍‌ଙ୍କ କୋର୍ଟରେ ଆବେଦନ କରିଥିଲେ । କୋର୍ଟ ଅନୁମତି ଦେଇଥିବା ଜଣାପଡ଼ିଛି । ସୋମବାର ଆକାଶ ବିଷୋୟୀ ଓ ଏନ୍ କିରଣ କୁମାରଙ୍କ ସମେତ ୩ରୁ ଊର୍ଦ୍ଧ୍ୱ ସାକ୍ଷୀ ଜେଲରେ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ଚିଣ୍ଟୁ, ଯୋଗୀ ଓ କୁରୁପତିଙ୍କୁ ଟିଆଇ ପରେଡ୍‌ରେ ଚିହ୍ନଟ କରିବାର କାର୍ଯ୍ୟକ୍ରମ ଥିବା ସୂଚନା ମିଳିଛି । ଗତ ଶନିବାର ଗିରଫ ୫ ଅଭିଯୁକ୍ତ ଶିଶୁପାଳ କୁମାର ପାଶ୍ୱାନ, ସୀମାଞ୍ଚଳ ନାୟକ, କୁନ୍ଦନ କୁମାର, ବିପିନ ସ୍ୱାଇଁ ଓ ଉମା ଶଙ୍କର ବିଶୋୟୀଙ୍କ ଟିଆଇ ପରେଡ୍ ହୋଇଥିଲା ।

ହତ୍ୟାକାଣ୍ଡ ଦିନ ଚିଣ୍ଟୁ ବାଇକ୍ ଚଳାଉଥିବା ବେଳେ କୁରୁପତି ଗୁଳି ଚଳାଇଥିଲା ବୋଲି ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଥିଲେ । ଏପରିକି, ଚିଣ୍ଟୁ ଓ କୁରୁପତିଙ୍କ ମୁହଁରେ କଳାକନା ବା ମୁଖା ପିନ୍ଧାଇ ଘଟଣାସ୍ଥଳରେ ସିନ୍ ରିକ୍ରିଏସନ୍ ମଧ୍ୟ କରାଯାଇଥିଲା । କିନ୍ତୁ କୋର୍ଟଚାଲାଣ ବେଳେ ସମସ୍ତ ଅଭିଯୁକ୍ତଙ୍କ ମୁହଁ ଖୋଲା ରହିଥିବା ଦେଖିବାକୁ ମିଳିଥିଲା । ଏହାଦ୍ୱାରା ଅଭିଯୁକ୍ତଙ୍କୁ ସମସ୍ତେ ଦେଖିବାର ସୁଯୋଗ ପାଇଥିଲେ । ତେଣୁ, ବର୍ତ୍ତମାନ ଟିଆଇ ପରେଡ୍ ଜରିଆରେ ଅଭିଯୁକ୍ତଙ୍କୁ ଚିହ୍ନଟ କରିବାର ଯଥାର୍ଥତାକୁ ନେଇ ପ୍ରଶ୍ନ ଉଠିଛି ।

## ନୂଆପଡ଼ାରେ ଜାଲିଆତି କରି ଜିତିଛି ବିଜେପି: ସ୍ନେହାଙ୍ଗିନୀ

ଭୁବନେଶ୍ୱର,୧୬।୧୧(ସମିସ): ନୂଆପଡା ଉପନିର୍ବାଚନରେ ଜିଲ୍ଲା ପ୍ରଶାସନ, ପୁଲିସ ଓ ନିର୍ବାଚନ କମିଶନଙ୍କୁ ହାତବାରିସୀ କରି ଭୋଟ ରିଗିଂ ମାଧ୍ୟମରେ ବିଜେପି ବିଜୟୀ ହୋଇଛି । ଏହାପରେ ମଧ୍ୟ ନୂଆପଡାବାସୀଙ୍କ ସହିତ ବିଜୁ ଜନତା ଦଳ ଥିଲା ଓ ଆଗକୁ ରହିବ । ନୂଆପଡ଼ାବାସୀଙ୍କ ସ୍ୱାର୍ଥ ରକ୍ଷା ପାଇଁ ସେ ସବୁବେଳେ ଲଢ଼େଇ କରିବେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି ଉପ ନିର୍ବାଚନରେ ଦଳୀୟ ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆ ।



ରବିବାର ଆଜି ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀମତୀ ଛୁରିଆ କହିଥିଲେ ଯେ ନିର୍ବାଚନ ପ୍ରଚାର ସମୟରେ ନୂଆପଡାର ପ୍ରତ୍ୟେକ ପଞ୍ଚାୟତ ଓ ଏନଏସି ଅଞ୍ଚଳକୁ ଯାଇଥିଲେ ଓ ପ୍ରତ୍ୟେକ ସ୍ଥାନରେ ବିଜୁ ଜନତା ଦଳ ପ୍ରତି ଓ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ପ୍ରତି ଅକୁଣ୍ଠ ସମର୍ଥନ ଓ ଭଲପାଇବା ଥିବା ଦେଖିଥିଲେ । ନିର୍ବାଚନ ପ୍ରଚାର ସମୟରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଦଳର ନେତା ଓ କର୍ମୀ ମାନଙ୍କ ଉପରେ ଆକ୍ରୋଶମୂଳକ କାର୍ଯ୍ୟାନୁଷ୍ଠାନ ନିଆଯାଇ ତାଙ୍କ ମନୋବଳକୁ ଦୁର୍ବଳ କରିବା ପାଇଁ ଚେଷ୍ଟା କରାଯାଉଥିଲା । ଏହାର ଅଭିଯୋଗ ବାରମ୍ବାର ବିଜେଡି ପକ୍ଷରୁ ନିର୍ବାଚନ ଅଧିକାରୀଙ୍କ ଆଗରେ କରାଯାଉଥିଲେ ମଧ୍ୟ କୌଣସି ସୁଫଳ ମିଳି ନଥିଲା । ସାଇଲେଣ୍ଟ ପିରିଅଡରେ ନିର୍ବାଚନ ଆଚରଣ ବିଧିକୁ ସମ୍ମାନ ଜଣାଇ ବିଜେଡିର ନେତାମାନେ ନୂଆପଡା ଛାଡି ଦେଇଥିବା ବେଳେ ବିଜେପିର ନେତାମାନେ ସେଠାରେ ଉପସ୍ଥିତ ରହି ଟଙ୍କା ବଣ୍ଟା କାର୍ଯ୍ୟରେ ଲିପ୍ତ ରହିଥିଲେ । ବିଜେଡି ପକ୍ଷରୁ ଏହାର ଅଭିଯୋଗ ସ୍ଥାନୀୟ ପୁଲିସ ଷ୍ଟେସନରେ

■ ଭୋଟ ରିଗିଂ ପଛରେ ପ୍ରଶାସନ, ପୁଲିସ ଓ ନିର୍ବାଚନ ଅଧିକାରୀ
■ ଭୋଟରେ ପ୍ରତିଫଳିତ ହୋଇନାହିଁ ବିଜେଡିକୁ ମିଳିଥିବା ସମର୍ଥନ
■ ନୂଆପଡ଼ାବାସୀଙ୍କ ସ୍ୱାର୍ଥ ପାଇଁ ସବୁବେଳେ ଲଢେଇ କରିବି

କରାଯିବା ପରେ ଅଭିଯୋଗ କରିଥିବା ବ୍ୟକ୍ତିଙ୍କୁ ଥାନାରେ ଅଟକ ରଖି ଆର୍ମ୍ସ ଆକ୍ଟ ଲଗାଇ ଜେଲକୁ ପଠାଯାଇଥିଲା ବୋଲି ସେ କ୍ଷୋଭ ପ୍ରକାଶ କରିଛନ୍ତି ।

ସେହିପରି ନିର୍ବାଚନ ଦିନ ଭୋଟିଂ ସମୟରେ ବୁଥ୍ ଗୁଡିକରେ ବିଜେପି କର୍ମୀମାନେ ବୁଥ୍ ଭିତରେ ପଶି କ୍ୟାମ୍ପେନିଂ କରିବା ସହିତ ଭୋଟର ମାନଙ୍କୁ ପଦ୍ମଫୁଲରେ ଭୋଟ ଦେବା ପାଇଁ ଏକ ପ୍ରକାର ବାଧ କରୁଥିଲେ । ଏହାର ଅଭିଯୋଗ କରାଯାଇଥିଲେ ମଧ୍ୟ କର୍ତ୍ତୃପକ୍ଷ ଶୁଣି ନଥିଲେ । ବୁଥ୍ ରିଗିଂ କାରଣରୁ ଭୋଟିଂ ପ୍ରତିଶତ ଅହେତୁକ ବୃଦ୍ଧି ପାଇଥିଲା । ୪୧ଟି ବୁଥରେ ୯୦ ପ୍ରତିଶତରୁ ଅଧିକା ଭୋଟିଂ ହୋଇଥିଲା । ଭୋଟିଂ ଶେଷ ହେବା ବେଳେ ଅର୍ଥାତ ସନ୍ଧ୍ୟା ୫ଟା ସମୟରେ ନିର୍ବାଚନ ଅଧିକାରୀଙ୍କ ଦ୍ୱାରା ୭୫ ପ୍ରତିଶତ ଭୋଟିଂ ହୋଇଛି ବୋଲି ସୂଚନା ଦିଆଯାଇଥିଲା । ସନ୍ଧ୍ୟା ୭ଟା ସମୟରେ ଭୋଟିଂ ୭୭ ପ୍ରତିଶତ ହୋଇଛି ବୋଲି ସୂଚନା ଦିଆଗଲା । କିନ୍ତୁ ପରଦିନ ଦିବା ୧୦ ଘଟିକା ସମୟରେ ୮୧ ପ୍ରତିଶତ ଓ ୧୨ଟା ସମୟରେ ୮୩.୪୫ ପ୍ରତିଶତ ଭୋଟିଂ ହୋଇଛି ବୋଲି କୁହାଗଲା । ଏଥିରୁ ଭୋଟ୍ ଜାଲିଆତିର ଆଭାସ ମିଳୁଛି । ଶ୍ରୀମତୀ ଛୁରିଆ ଆହୁରି କହିଥିଲେ ଯେ ନୂଆପଡାବାସୀଙ୍କ ସମର୍ଥନ ବିଜୁ ଜନତା ଦଳ ପ୍ରତି ରହିଥିଲା । ମାତ୍ର ଜିଲ୍ଲା ପ୍ରଶାସନ, ପୁଲିସ ଓ ନିର୍ବାଚନ ଅଧିକାରୀଙ୍କୁ ହାତବାରିସୀ କରି ଭୋଟ ରିଗିଂ କରି ବିଜେପି ବିଜୟୀ ହୋଇଛି । ନୂଆପଡାବାସୀ ତାଙ୍କୁ ଓ ନବୀନ ପଟ୍ଟନାୟକଙ୍କ ପ୍ରତି ଦେଇଥିବା ସମର୍ଥନ ପାଇଁ ସେ କୃତଜ୍ଞତା ଜଣାଇଥିଲେ । ଭୁବନେଶ୍ୱର ମେୟର ସୁଲୋଚନା ଦାସ କହିଥିଲେ ଯେ ପ୍ରଶାସନିକ କଳକୁ ହାତବାରିସୀ କରି ବିଜେପି ହୁଏତ ନୂଆପଡା ଆସନକୁ ହାତେଇବା ପାଇଁ ସଫଳ ହୋଇଥାଇ ପାରେ, କିନ୍ତୁ ନୂଆପଡାବାସୀଙ୍କ ସମର୍ଥନ ଶ୍ରୀମତୀ ଛୁରିଆ ଓ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ପ୍ରତି ରହିଛି । ସେଥିପାଇଁ ନୂଆପଡ଼ାବାସୀଙ୍କୁ ଦଳ ପକ୍ଷରୁ ଆମେ କୃତଜ୍ଞତା ଜଣାଉଛୁ ବୋଲି ସେ ମତବ୍ୟକ୍ତ କରିଥିଲେ ।

■ ବଳଦେବ ଜୀଉ ମନ୍ଦିର ଉନ୍ନୟନ ପ୍ରକଳ୍ପର ସମୀକ୍ଷା

## ପାରିପାର୍ଶ୍ୱିକ ଉନ୍ନତୀକରଣ ଉପରେ ପୂର୍ତ୍ତ ମନ୍ତ୍ରୀଙ୍କ ଗୁରୁତ୍ୱ



ଭୁବନେଶ୍ୱର,୧୬ ।୧୧(ସମିସ): କେନ୍ଦ୍ରାପଡ଼ାର ପ୍ରସିଦ୍ଧ ବଳଦେବ ଜୀଉ ମନ୍ଦିରର ଐତିହ୍ୟ, ପର୍ଯ୍ୟଟନ ଓ ଭକ୍ତଙ୍କ ଭାବାବେଗ ଦୃଷ୍ଟିରୁ ସ୍ୱତନ୍ତ୍ରତା ରହିଛି । ମନ୍ଦିରର ପୂଜାବିଧି ଓ ପରମ୍ପରା ମଧ୍ୟ ଅନେକ ଜଗନ୍ନାଥପ୍ରେମୀଙ୍କୁ ଆକୃଷ୍ଟ କରିଥାଏ । ବର୍ତ୍ତମାନ ସମୟରେ ମନ୍ଦିର ଓ ପାରିପାଶ୍ୱରିକ ଉନ୍ନତି ପାଇଁ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ରହିଛନ୍ତି । ଏହି କ୍ରମରେ ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏବଂ କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ବଳଦେବ ଜୀଉ ମନ୍ଦିର ଓ ପାରିପାଶ୍ୱର୍କ ଉନ୍ନତି ନେଇ ଏକ ସମୀକ୍ଷା ବୈଠକ କରାଯାଇଛି । ବୈଠକରେ ମୁଖ୍ୟ ମନ୍ଦିରର ଆବଶ୍ୟକ ମରାମତି, ପାରିପାଶ୍ୱର୍କ ଉନ୍ନତି ସହ ଆନନ୍ଦ ବଜାର, ରୋଷଘର, ସିନ୍ଦୁକ ଘର, ନିକଟରେ ଥିବା ପୁଷ୍କରିଣୀର ଉନ୍ନତିକରଣ ନେଇ କ'ଣ ପଦକ୍ଷେପ ନିଆଯାଇପାରିବ ସେ ନେଇ ପ୍ରସ୍ତାବିତ ଥ୍ରୀ-ଡି ନକ୍ସାର ତର୍ଜମା କରାଯାଇଛି । ଏଥି ସହିତ ମାଉସୀ ମା' ମନ୍ଦିରର ଉନ୍ନତି କରଣ, ପାର୍କିଂ ସ୍ଥଳ, ରଥଖଳା, ଯାତ୍ରୀନିବାସ, ଭୋଗ ଦୋକାନ, ପୁଲିସ କଣ୍ଟ୍ରୋଲ ରୁମ୍ ଆଦିର ଆଧୁନିକୀକରଣ ବାବଦରେ ମହାକାଳପଡ଼ା ବିଧାୟକ ଦୁର୍ଗା ପ୍ରସନ୍ନ ନାୟକ ଓ ଜିଲ୍ଲାପାଳ ରଘୁରାମ ଆର୍ ଆୟାର ଓ ମନ୍ଦିର ସେବାୟତ ମାନଙ୍କ ସହ ଆଲୋଚନା ହୋଇଥିଲା । ଏହି ଅବସରରେ ବଳଦେବ ଜୀଉ ମନ୍ଦିର ଓ ପାରିପାଶ୍ୱର୍କ ଉନ୍ନତି ପାଇଁ ବିସ୍ତୃତ ପ୍ଲାନ୍ ରିପୋର୍ଟ ପ୍ରସ୍ତୁତ କରି ସରକାରଙ୍କୁ ପ୍ରଦାନ କରିବା ପାଇଁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଜିଲ୍ଲା ପ୍ରଶାସନକୁ ନିର୍ଦ୍ଦେଶ ଦେଇଛନ୍ତି । ବୈଠକରେ ଅନ୍ୟମାନଙ୍କ ମଧ୍ୟରେ କେନ୍ଦ୍ରାପଡ଼ାର ଅତିରିକ୍ତ ଜିଲ୍ଲାପାଳ, ମନ୍ଦିର ସେବାୟତ ସଂଘର ପ୍ରତିନିଧି ବୃନ୍ଦ ଏବଂ ପୂର୍ତ୍ତ ବିଭାଗର ଅଧୀକ୍ଷଣ ଯନ୍ତ୍ରୀ ପ୍ରମୁଖ ଉପସ୍ଥିତ ଥିଲେ ।

## ଆତ୍ମସମର୍ପଣ କଲେ ମାଓ ଦମ୍ପତି


ଫୁଲବାଣୀ/ଫିରିଙ୍ଗିଆ,୧୬।୧୧(ସମିସ): କନ୍ଧମାଳ ପୁଲିସ ନିକଟରେ ଆଜି ପୁଣି ମାଓବାଦୀ ସଂଗଠନର ଏକ ଦମ୍ପତି ଆତ୍ମସମର୍ପଣ କରିଛନ୍ତି । ସେମାନେ ହେଲେ, ଛତିଶଗଡ଼ ସୁକମା ଜିଲ୍ଲା ପାରଲାଗାଟା ଗ୍ରାମର ଉଙ୍ଗା କଲମା ଓରଫ କିଶୋର(୨୫) ଓ ସୁକମା ଜିଲ୍ଲା ବାଜେ ଥାନା ଗୁମୁ ପଞ୍ଚାୟତର କିଣ୍ଡରାମ ଗ୍ରାମର ମାସେ ମାଣ୍ଡଭୀ(୨୨) । ସେମାନେ ୨୦୧୮ ମସିହାରେ ଲାଲ ବାହିନୀରେ ଯୋଗଦେଇ ବଂଶଧାରା-ଘୁମୁସର-ନୟାଗଡ଼(ବିଜିଏନ) ସଙ୍ଗଠନରେ ପାର୍ଟି ମେମ୍ବର ଭାବେ କାମ କରୁଥିଲେ । ଦକ୍ଷିଣ-କେନ୍ଦ୍ର ଓଡ଼ିଶା ମଧ୍ୟ ଦେଇ ଲାଲବାହିନୀର ଉତ୍ତର-ଦକ୍ଷିଣ କରିଡରକୁ ପୁନଃ ସକ୍ରିୟ କରିବା ପାଇଁ ସେମାନେ କାମ କରୁଥିଲେ ବୋଲି ଆଜି ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଦକ୍ଷିଣାଞ୍ଚଳ ଆଇଜି ନିତି ଶେଖର ପ୍ରକାଶ କରିଛନ୍ତି । ସେମାନେ ରାଜ୍ୟର ବିଭିନ୍ନ ସ୍ଥାନରେ ସଂଘଟିତ ଅନେକ ମାଓ କାର୍ଯ୍ୟକଳାପରେ ସମ୍ପୃକ୍ତ ରହିଥିବା କନ୍ଧମାଳ ଏସପି ହରିଶ ବିସି କହିଛନ୍ତି ।

ଜିଲ୍ଲା ପ୍ରଶାସନ ପକ୍ଷରୁ ଜାରି ହେଲା ସ୍ୱତନ୍ତ୍ର ମାର୍ଗଦର୍ଶିକା

## ଦଣ୍ଡନାଚରେ ଦ୍ୱିଅର୍ଥବୋଧକ ଶବ୍ଦକୁ ନାଁ

ବ୍ରହ୍ମପୁର,୧୬ ।୧୧(ସମିସ): ଗଞ୍ଜାମର ଗଣପର୍ବ ଦଣ୍ଡନାଚରେ କ୍ରମଶଃ ଅଶ୍ଳୀଳତା ଓ ଅପସଂସ୍କୃତି ପ୍ରବେଶ କରୁଛି । ଏହା ଲୋକଙ୍କ ଧାର୍ମିକ ଭାବନାକୁ କୁଠାରଘାତ କରୁଥିବାରୁ ଏହାକୁ ନେଇ ବିଭିନ୍ନ ମହଲରେ ଅସନ୍ତୋଷ ପ୍ରକାଶ ପାଉଛି । ଏହା ବିରୋଧରେ ପ୍ରଶାସନିକସ୍ତରରେ କାର୍ଯ୍ୟାନୁଷ୍ଠାନ ନେବାକୁ ଦାବି ହୋଇଆସୁଥିବା ବେଳେ ବର୍ତ୍ତମାନ ଗଞ୍ଜାମ ଜିଲ୍ଲା ପ୍ରଶାସନ ପକ୍ଷରୁ ଏନେଇ ତତ୍ପରତା ପ୍ରକାଶ ପାଇଛି । ଦଣ୍ଡନାଚରେ ଅଶ୍ଳୀଳତା, ଅପସଂସ୍କୃତି ଓ ଅସାମାଜିକ ତତ୍ତ୍ୱର ନିରାକରଣ ସକାଶେ ଜିଲ୍ଲା ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ମାର୍ଗଦର୍ଶିକା ଜାରି କରାଯାଇଛି ।

ଧୂଳିଦଣ୍ଡ ସମୟରେ ପାରମ୍ପାରିକ ଢଗଢ଼ମାଳି ଓ ଲୋକସଙ୍ଗୀତର ବ୍ୟବହାରକୁ ଯଦିଓ ଅନୁମତି ମିଳିଛି, ଦ୍ୱିଅର୍ଥବୋଧକ ଶବ୍ଦର ପ୍ରୟୋଗକୁ ନିଷିଦ୍ଧ କରାଯାଇଛି । ରାତ୍ରି ସମୟରେ ଆୟୋଜିତ ସାଂସ୍କୃତିକ ମଞ୍ଚରେ କେବଳ ପାରମ୍ପରିକ କଳାକୁ ଅନୁମତି ଦିଆଯାଇଛି । ବ୍ଲକ୍/ମହାନଗର ନିଗମ



ସ୍ତରରେ କମିଶନର, ତହସିଲଦାର, ବିଡିଓ, ଥାନା ଅଧିକାରୀ, କାର୍ଯ୍ୟନିର୍ବାହୀ ଅଧିକାରୀ, ବ୍ଲକ କଳା ସଂସ୍କୃତି ସଂଘକୁ ନେଇ ଏକ କମିଟି ଗଠନ କରାଯିବ । ପ୍ରତିବର୍ଷ ଦଣ୍ଡନାଚ ଆରମ୍ଭ ପୂର୍ବରୁ ଦଣ୍ଡନାଚର ମୁଖ୍ୟ ପରିଚାଳକଙ୍କୁ ନେଇ ବୈଠକ କରାଯାଇ ପ୍ରଶାସନ ପକ୍ଷରୁ ଜାରି ଦଣ୍ଡନାଚର ମାର୍ଗଦର୍ଶିକାର କଡ଼ାକଡ଼ି ଅନୁପାଳନ ନେଇ ଆଲୋଚନା କରାଯିବ । ଦଣ୍ଡନାଚର ମୁଖ୍ୟ ପରିଚାଳକ ଦଣ୍ଡନାଚ ପୂର୍ବରୁ ଆବଶ୍ୟକ ସର୍ତ୍ତ ପୂରଣ କରି ସ୍ଥାନୀୟ ଥାନା ଅଧିକାରୀଙ୍କଠାରୁ ଅନୁମତି ନେବେ । ଅନୁମତିପତ୍ରରେ ଦଣ୍ଡନାଚର ସବିଶେଷ ତଥ୍ୟ ଯଥା ନାଟକ

### ଖିଲାପ କଲେ କାର୍ଯ୍ୟାନୁଷ୍ଠାନ: ଜିଲ୍ଲାପାଳ

ସମ୍ପର୍କିତ ସମ୍ପୂର୍ଣ୍ଣ ବିବାରଣୀ, କଳାକାରଙ୍କ ନାମ ଓ ଠିକଣା, କେତେଦିନ ଓ କେଉଁ ସ୍ଥାନରେ ଦଣ୍ଡନାଚ ପରିବେଷଣ କରାଯିବ, ସେନେଇ ମଧ୍ୟ ତଥ୍ୟ ପ୍ରଦାନ କରିବାକୁ ହେବ । ଦଣ୍ଡନାଚ ପରିବେଷଣ ସମୟରେ ମାର୍ଗଦର୍ଶିକାର ଉଲ୍ଲଙ୍ଘନ ହେଲେ, ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମଧ୍ୟ ସ୍ପଷ୍ଟ ଉଲ୍ଲେଖ କରାଯାଇଛି । ପ୍ରଶାସନ ପକ୍ଷରୁ ନିଆଯାଇଥିବା ଏଭଳି ପଦକ୍ଷେପକୁ କଳା ଓ ସଂସ୍କୃତି ପ୍ରେମୀଙ୍କ ସହିତ ବିଭିନ୍ନ ମହଲରେ ସ୍ୱାଗତ କରାଯାଇଛି ।

### ଅବଶିଷ୍ଟାଂଶ

**୫ ଡିଗ୍ରୀକୁ ଖସିଲା...**

ଗୋପାଳପୁର ୧୫.୭, ଚାନ୍ଦବାଲି ୧୫.୮, ପାରାଦୀପ ୧୫.୮ ଓ ପୁରୀ ରେ ତାପମାତ୍ରା ୧୭.୮ ଡିଗ୍ରୀ ରେକର୍ଡ ହୋଇଛି ।

ତାପମାତ୍ରା ହ୍ରାସ ପ୍ରଭାବରେ ଆଭ୍ୟନ୍ତରୀଣରୁ ନେଇ ଉପକୂଳ, ପଶ୍ଚିମରୁ ନେଇ ଦକ୍ଷିଣ ଓଡ଼ିଶା ସବୁଠି ଶୀତର ଲହରୀ ଦେଖିବାକୁ ମିଳୁଛି । ଏଭଳି ସ୍ଥିତି ଆଗାମୀ ୨ ଦିନ ଯାଏଁ ଆର୍ଥାତ ୧୮ ତାରିଖ ପର୍ଯ୍ୟନ୍ତ ଏଭଳି ସ୍ଥିତି ଜାରି ରହିବାର ସମ୍ଭାବନା ରହିଛି । ଏହାପରେ ତାପମାତ୍ରାରେ ୨-୩ ଡିଗ୍ରୀ ବଢ଼ିବା ସହ ଶୀତର ପରିମାଣ ସାମାନ୍ୟ ହ୍ରାସ ପାଇବ ବୋଲି ଅନୁମାନ କରାଯାଉଛି । ମାତ୍ର ଏହି ସମୟରେ ପଶ୍ଚିମ ସହ ଆଭ୍ୟନ୍ତରୀଣ ଓଡ଼ିଶାର କିଛି ଜିଲ୍ଲାରେ ପୂର୍ବ ଭଳି ଥଣ୍ଡା ଅନୁଭୂତ ହେବ । ଶ୍ରୀଲଙ୍କା ଉପକୂଳ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି । ଏହା ପ୍ରଭାବରେ ତାମିଲନାଡୁ ଓ ଦକ୍ଷିଣ ଉପକୂଳ ଆନ୍ଧ୍ରପ୍ରଦେଶ ଏବଂ ରୟାଲସୀମାରେ ଆଜି ଓ ଆସନ୍ତାକାଲି ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ବୋଲି ଭାରତୀୟ ପାଣିପାଗ ବିଭାଗ ପୂର୍ବାନୁମାନ କରିଛି । ତେବେ ଲଘୁଚାପର ପ୍ରଭାବ ଓଡ଼ିଶା ଉପରେ ନଥିବା ବେଳେ ରାଜ୍ୟକୁ ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଆସିବା ଯୋଗୁଁ ଥଣ୍ଡା କମିବାର ସମ୍ଭାବନା ରହିଛି ।

**ଓୟୁଏଟିରେ ୨ କୋଟି...**

ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା, ସରକାରୀ ଅର୍ଥ ହଡ଼ପ କରିଥିବା ବହୁ ଅଧିକାରୀ ଇତିମଧ୍ୟରେ ଅବସର ନେଇ ସାରିଛନ୍ତି । ତେଣୁ ସେମାନଙ୍କୁ ହଡ଼ପ ଟଙ୍କା ଫେରସ୍ତ କରିବା ପାଇଁ ବାରମ୍ବାର କାରଣ ଦର୍ଶାଅ ନୋଟିସ୍ ଜାରି କରାଯାଉଥିଲେ ମଧ୍ୟ କୌଣସି ଜବାବ ମିଳୁନାହିଁ । ଏପରିକି ଏହି ସମସ୍ତ ଖିଲାପକାରୀ ପେନ୍‌ସନ୍ ମଧ୍ୟ ପାଉଛନ୍ତି । ସରକାରୀ ନିୟମ ମୁତାବକ ଅବସର ସମୟରେ ନୋ ଅବ୍‌ଜେକସନ୍ ସାର୍ଟିଫିକେଟ୍ (ଏନ୍‌ଓସି) ଦେବା ପରେ ଜଣେ କର୍ମଚାରୀ ପେନସନ୍ ପାଇବାକୁ ଯୋଗ୍ୟ ହୋଇଥା'ନ୍ତି । ଏଣୁ ସରକାରୀ ଅର୍ଥ ଫେରସ୍ତ କରି ନ ଥିବା ଏହି ଅଧିକାରୀମାନେ କିପରି ଏନ୍‌ଓସି ପାଇଲେ, ତାହା ସବୁଠାରୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି । ଏଥିରୁ ଉଚ୍ଚ କର୍ତ୍ତୃପକ୍ଷଙ୍କ ପରୋକ୍ଷ ପ୍ରୋତ୍ସାହନରେ କୋଟି କୋଟି ଟଙ୍କା ଅନାଦେୟ ଭାବେ ପଡ଼ି ରହିଥିବା ସ୍ପଷ୍ଟ ଜଣାପଡୁଥିବା ଅଭିଯୋଗ ହୋଇଛି ।

**ରୋଗୀସେବା ବେଳେ...**

ଖୋଲି ଆସିବା ପରେ ହଠାତ୍ ଖଟରେ ଟଳିପଡ଼ିଥିଲେ । ତାଙ୍କୁ ୧୦୮ ଆମ୍ବୁଲାନ୍ସରେ ବାଲେଶ୍ୱର ମେଡିକାଲକୁ ନିଆଯାଉଥିବା ବେଳେ ଆମ୍ବଡିହା ଛକ ନିକଟରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା । ବାଲେଶ୍ୱର ଡାକ୍ତରଖାନାରେ ତାଙ୍କୁ ବିଧିବଦ୍ଧ ଭାବେ ମୃତ ଘୋଷଣା କରାଯାଇଥିଲା ।

ବାଲେଶ୍ୱର ମେଡିକାଲରୁ ତାଙ୍କ ମରଶରୀରକୁ କର୍ମକ୍ଷେତ୍ର ନୀଳଗିରି ଉପଖଣ୍ଡ ଡାକ୍ତରଖାନାକୁ ଅଣାଯାଇଥିଲା । ସେଠାରେ ହସ୍ପିଟାଲ ପକ୍ଷରୁ ତାଙ୍କୁ ଶ୍ରଦ୍ଧାଞ୍ଜଳି ଦିଆଯାଇଥିଲା । ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ଶେଷ ଦର୍ଶନ କରିଥିଲେ । ମୃତ୍ୟୁଶଯ୍ୟା ନିକଟରେ ପତ୍ନୀ ପ୍ରତିମା ପାଲ ଓ ବଡ଼ପୁଅ ଜ୍ୟୋତିରଞ୍ଜନ, ସାନପୁଅ ପୀୟୂଷ କୁମାର ଉପସ୍ଥିତ ଥିଲେ । ପରେ ତାଙ୍କର ମରଶରୀରକୁ ଜନ୍ମମାଟି ଭଦ୍ରକ ଜିଲ୍ଲା କାଦବରାଙ୍ଗ ଭରସିଙ୍ଗପୁର ଗ୍ରାମକୁ ନିଆଯାଇଥିଲା । ସେଠାରେ ଶୋକାକୁଳ ପରିବେଶରେ ଗାଁ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଛି । ବଡ଼ପୁଅ ଜ୍ୟୋତିରଞ୍ଜନ ମୁଖାଗ୍ନି ଦେଇଥିଲେ ।

## ଦଳର ବିଭୀଷଣଙ୍କୁ ଭକ୍ତଙ୍କ ନାଲିଆଖି

ଭୁବନେଶ୍ୱର,୧୬ ।୧୧(ସମିସ): ସବୁ ଦଳରେ ବିଭୀଷଣ ଅଛନ୍ତି । କଂଗ୍ରେସରେ ମଧ୍ୟ କିଛି ବିଭୀଷଣ ଭଳି ଆତ୍ମଘାତୀ କାର୍ଯ୍ୟ କରି ଦଳର କ୍ଷତି କରିଛନ୍ତି । ନିର୍ବାଚନ ସମୟରେ ଦଳ ଏବଂ ତାଙ୍କ ବିରୋଧରେ ଅପପ୍ରଚାରର ବନ୍ୟା ସୃଷ୍ଟି କରାଯାଇଥିଲା । ଦଳରେ ଥାଇ ଆତ୍ମଘାତୀ କାର୍ଯ୍ୟ କରି ଦଳକୁ କ୍ଷତି ପହଞ୍ଚାଇଥିବା ବିଭୀଷଣମାନଙ୍କୁ କଦାପି ଛଡ଼ାଯିବ ନାହିଁ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି । ନୂଆପଡ଼ା ଉପନିର୍ବାଚନ ପରେ ଶ୍ରୀ ଦାସ ରବିବାର ଭୁବନେଶ୍ୱର ଫେରି ଗଣମାଧ୍ୟମକୁ ସୂଚନା ଦେଇ କଂଗ୍ରେସରେ ଥିବା କୁଚକ୍ରୀ ବିଭୀଷଣଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ନେବେ ବୋଲି କଡ଼ା ଚେତାବନୀ ଦେଇଛନ୍ତି ।

ଭକ୍ତ କହିଛନ୍ତି, କଂଗ୍ରେସ ନୂଆପଡ଼ାରେ ଉତ୍ତମ ଭାବରେ ନିର୍ବାଚନ ପରିଚାଳନା କରିଥିଲା । କଂଗ୍ରେସର ପ୍ରଚାରରେ ଜନସମର୍ଥନ ଦେଖି ବିଜେପି ଭୟଭୀତ ହୋଇଯାଇଥିଲା । ମୁଖ୍ୟମନ୍ତ୍ରୀଙ୍କ ସଭାରେ ଲୋକ ନ ହୋଇ ବଳକା ଖାଦ୍ୟ ଖାଇ ୧୭ଟି ଗାଇ ମରିଯିବା ଯୋଗୁଁ ବିଜେପି ଦଳ ନିରୁତ୍ସାହିତ ହୋଇ ଯାଇଥିଲା । ତେଣୁ ବିଜେପି ରଣନୀତି ବଦଳାଇ ମାଳମାଳ ମନ୍ତ୍ରୀ ଏବଂ ବିଧାୟକଙ୍କୁ ପ୍ରଚାର କାର୍ଯ୍ୟରେ ଲଗାଇଲା । ଦୁଇଜଣ ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ଲଗାତାର

■ କାର୍ଯ୍ୟାନୁଷ୍ଠାନ ଚେତାବନୀ ଦେଲେ ପିସିସି ସଭାପତି
■ ଏହା ଉପନିର୍ବାଚନ ନୁହେଁ; ଗଣତନ୍ତ୍ର ପ୍ରତି ଉପହାସ ଥିଲା
■ ହିମାଂଶୁ ଲାଲ୍‌ଙ୍କଠୁ ଜୟଆଶୀର୍ବାଦ ନେବାକୁ ସମାଲୋଚନା

ତୋଫାନୀ ସଭା କଲେ । ଏପରିକି ଶହଶହ ଗାଡ଼ିଘୋଡ଼ା, ଗୀତବାଦ୍ୟ, ଯାତ୍ରା, ଅର୍କେଷ୍ଟ୍ରା ପାର୍ଟି ଆଦି ଆଣି ଦିନ ତମାମ ସମ୍ପୂର୍ଣ୍ଣ ରାସ୍ତା ଅବରୋଧ କରିଥିଲେ । ବିଜେପି ଗୋଟେ ଗୋଟେ ଦିନରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିଲା । ଗୁରୁତ୍ୱପୂର୍ଣ୍ଣ ବିଷୟ, ସମ୍ପୂର୍ଣ୍ଣ ନିର୍ବାଚନ ପୁଲିସ ପରିଚାଳନା କରୁଥିଲା । ଏହାର ପରିଣାମ ସ୍ୱରୂପ ବିଜେପି ନବନିର୍ବାଚିତ ବିଧାୟକ ଜୟ ଢୋଲକିଆ ବିଜୟୀ ହେବା ପରେ ଆଇଜି ହିମାଂଶୁ ଲାଲ୍‌ଙ୍କ ପାଦ ଛୁଇଁ ପ୍ରଣାମ କରିଥିଲେ । ଏଥିରୁ ନୂଆପଡ଼ା ଉପନିର୍ବାଚନରେ ପୁଲିସର ଭୂମିକା କ'ଣ ଥିଲା, ତାହା ସ୍ପଷ୍ଟ ପ୍ରମାଣିତ ହୋଇଛି । ହିମାଂଶୁ ଲାଲ୍ ଆଶୀର୍ବାଦ ଦେଲେ ଏବଂ ଜୟ ଢୋଲକିଆ ଭୋଟ୍ ପାଇଲେ ବୋଲି ଭକ୍ତ କହିଛନ୍ତି ।

ଅନ୍ୟପକ୍ଷରେ କଂଗ୍ରେସ ପାଇଥିବା ଭୋଟ ସଂଖ୍ୟାରେ ସେ ସନ୍ତୁଷ୍ଟ ବୋଲି ଭକ୍ତ କହିଛନ୍ତି । କାରଣ ମୃତ୍ୟୁବରଣ କରିଥିବା ବିଜେଡି ବିଧାୟକଙ୍କ ପୁଅ ଶାସକ ଦଳ ପ୍ରାର୍ଥୀ ହୋଇଥିଲେ । ସରକାରୀ କଳର ସମ୍ପୂର୍ଣ୍ଣ ଅପବ୍ୟବହାର କରାଯାଇଥିଲା । ଅଭୂତପୂର୍ବ ଭାବେ ଟଙ୍କା ଖର୍ଚ୍ଚ କରାଯାଇଥିଲା । ସମସ୍ତ ମନ୍ତ୍ରୀ, ବିଧାୟକ ପ୍ରଚାରରେ ନିଯୁକ୍ତ ହୋଇଥିଲେ । ଯେଉଁ ସ୍ଥାନରେ ଟଙ୍କା କାମ ଦେଲାନାହିଁ, ସେ ସ୍ଥାନମାନଙ୍କରେ ବିଜେପି ବିଭିନ୍ନ ଉପାୟରେ ଭୋଟ ଚୋରି କଲା । କଂଗ୍ରେସ ପାଇଁ ଏଭଳି ଉପନିର୍ବାଚନରେ ଉପଲବ୍ଧ କେବେ ମିଳି ନ ଥିଲା । ଏହି ଉପନିର୍ବାଚନ କଂଗ୍ରେସର ଆଶା ଓ ମନୋବଳକୁ ଦୃଢ଼ କରିଛି । ବିଜେପି ନିର୍ବାଚନ ପ୍ରଚାରକୁ କିଭଳି ମୁକାବିଲା କରାଯିବ, ଆମେ ଏଥିରୁ ମଧ୍ୟ ଶିକ୍ଷାଲାଭ କଲୁ ବୋଲି ଭକ୍ତ କହିଛନ୍ତି ।

ଭକ୍ତ ଆହୁରି କହିଛନ୍ତି ଯେ ନିର୍ବାଚନ ଯେପରି ଲଢ଼ାଯାଏ କଂଗ୍ରେସ ସେପରି ଦାୟିତ୍ୱରେ ଥିବା ସମସ୍ତ କର୍ମୀ, କର୍ମକର୍ତ୍ତା ଏବଂ ବରିଷ୍ଠ ନେତୃବୃନ୍ଦଙ୍କୁ ନେଇ ସୁଚାରୁ ରୂପେ ନିର୍ବାଚନ ପରିଚାଳନା କରିଥିଲା । ଜନସାଧାରଣଙ୍କ ସହିତ ସୁସମ୍ପର୍କ ସ୍ଥାପନ କରିଥିଲା । ଦଳ ପକ୍ଷରୁ କୌଣସି ଅବହେଳା ହୋଇ ନାହିଁ । କିନ୍ତୁ ବିଜେପିର ଅନୀତିଯୁକ୍ତ ପ୍ରଚାର ସହ କଂଗ୍ରେସ ସମକକ୍ଷ ହୋଇପାରିଲା ନାହିଁ । ଗୋଟେ ଉପନିର୍ବାଚନ ପାଇଁ ସରକାରଙ୍କ ଏଭଳି ଜିଦ୍ ଏବଂ ଶାସନର ଦୁରୁପଯୋଗ ଗଣତନ୍ତ୍ର ପାଇଁ ଶୁଭଙ୍କର ନୁହେଁ ବୋଲି ପିସିସି ସଭାପତି କହିଛନ୍ତି ।

ଆରମ୍ଭ ହେଲା ଶୂନ୍ୟ ମୃତାହତ ପକ୍ଷ

## ସଡ଼କ ଦୁର୍ଘଟଣାଜନିତ ହ୍ରାସକୁ ଗୁରୁତ୍ୱ

ଭୁବନେଶ୍ୱର,୧୬ ।୧୧(ସମିସ): ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇଥିବା ପୀଡ଼ିତଙ୍କ ସ୍ମୃତିରେ ବିଶ୍ୱ ସ୍ମୃତି ଦିବସ ଅବସରରେ ରାଜ୍ୟରେ ଆରମ୍ଭ ହୋଇଛି "ଶୂନ ମୃତାହତ ପକ୍ଷ' । ଏହି ଅଭିଯାନ ନଭେମ୍ବର ୩୦ ପର୍ଯ୍ୟନ୍ତ ରାଜ୍ୟବ୍ୟାପୀ ଚାଲିବ ଏବଂ ଏଥିରେ ସଡ଼କ ସୁରକ୍ଷା ନିୟମର କଡ଼ାକଡ଼ି




ପାଳନ ସହ ବ୍ୟାପକ ସଚେତନତା କାର୍ଯ୍ୟକ୍ରମ ହେବ । ଭୁବନେଶ୍ୱରର ଚନ୍ଦ୍ରଶେଖରପୁର ଡ୍ରାଇଭିଂ ଟେଷ୍ଟିଂ ଟ୍ରାକ୍‌ଠାରେ ଆୟୋଜିତ ଏକ ସ୍ୱତନ୍ତ୍ର ଉତ୍ସବରେ ବାଣିଜ୍ୟ ଓ ପରିବହନ ବିଭାଗର ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ, ପରିବହନ ଆୟୁକ୍ତ ଅମିତାଭ ଠାକୁର ଏବ ପୁଲିସ କମିଶନର ସୁରେଶ ଦେବଦତ୍ତ ସିଂ ପ୍ରମୁଖ ଯୋଗ ଦେଇ କାର୍ଯ୍ୟକ୍ରମର ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ପ୍ରମୁଖ ଶାସନ ସଚିବ ଶ୍ରୀମତୀ ପାଢ଼ୀ କହିଛନ୍ତି ଯେ, ସଡ଼କ ଦୁର୍ଘଟଣାରେ ହେଉଥିବା ମୃତ୍ୟୁ ସଂଖ୍ୟା ଆମ ସମସ୍ତଙ୍କ ପାଇଁ ଚିନ୍ତାର ବିଷୟ। ସରକାର ଏହାକୁ ହ୍ରାସ କରିବା ପାଇଁ ସମସ୍ତ ପ୍ରୟାସ କରୁଛନ୍ତି, କିନ୍ତୁ ଏହା କେବଳ ସରକାରୀ ଉଦ୍ୟମରେ ସମ୍ଭବ ନୁହେଁ । ଏଥିପାଇଁ ସାମୂହିକ ସହଭାଗିତା ଆବଶ୍ୟକ ।

### ୩୦ ପର୍ଯ୍ୟନ୍ତ ଚାଲିବ କଡ଼ାକଡ଼ି ଚେକିଂ

ସମସ୍ତେ ଏହି ଅଭିଯାନରେ ଯୋଗ ଦେଇ ସଡ଼କ ସୁରକ୍ଷା ନିୟମ ପାଳନ କରିବା ଉଚିତ୍ ବୋଲି ସେ ଆହ୍ୱାନ ଦେଇଛନ୍ତି । "ଶୂନ୍ୟ ମୃତାହତ ପକ୍ଷ'ର ମୁଖ୍ୟ ଉଦ୍ଦେଶ୍ୟ ହେଉଛି, ସଡ଼କ ଦୁର୍ଘଟଣା ହ୍ରାସ କରି ଏକ ଦୁର୍ଘଟଣାମୁକ୍ତ ସମାଜ ଗଠନ । ଗାଡ଼ି ଚାଳକ ଓ ଅନ୍ୟ ସଡ଼କ ବ୍ୟବହାରକାରୀମାନେ ନିୟମ ପାଳନ କଲେ ଅନେକ ଜୀବନ ରକ୍ଷା ହୋଇପାରିବ । ପରିବହନ ଆୟୁକ୍ତ ଶ୍ରୀ ଠାକୁର କହିଛନ୍ତି ଯେ, କୋଭିଡ୍ ମହାମାରୀ ସମୟରେ ନିୟମ ପାଳନ କରି ଆମେ ନିଜକୁ ରକ୍ଷା କରିଥିଲେ । ସଡ଼କ ଦୁର୍ଘଟଣା ମଧ୍ୟ ଏକ ମହାମାରୀ ରୂପ ନେଇଛି ଏବଂ ଏଥିରୁ ରକ୍ଷା ପାଇବାକୁ ନିୟମ ପାଳନକୁ ଗୁରୁତ୍ୱ ଦେବା ଆବଶ୍ୟକ । ପୁଲିସ କମିଶନର ଶ୍ରୀ ସିଂ କହିଛନ୍ତି ଯେ, ଅନେକ ଦୁର୍ଘଟଣାର ତଦନ୍ତରୁ ଦେଖାଯାଉଛି ଯେ ଚାଳକମାନଙ୍କର ଛୋଟ ତ୍ରୁଟି ବଡ଼ ଦୁର୍ଘଟଣା ଘଟାଉଛି । ସଡ଼କ ବ୍ୟବହାରକାରୀମାନେ ସୁରକ୍ଷା ନିୟମକୁ ଗମ୍ଭୀରତାର ସହ ପାଳନ କରିବା ଉଚିତ୍, ନହେଲେ ସେମାନେ ନିଜେ ଶିକାର ହେବେ । ସୂଚନା ଥାଉ କି ଏହି ୧୫ ଦିନର ଅଭିଯାନରେ ସାରା ରାଜ୍ୟରେ ଜିଲ୍ଲା ପ୍ରଶାସନ, ପୁଲିସ ଏବଂ ଅନ୍ୟାନ୍ୟ ବିଭାଗର ସହଯୋଗରେ ଆଞ୍ଚଳିକ ପରିବହନ ଅଧିକାରୀମାନେ ସଚେତନତା କାର୍ଯ୍ୟକ୍ରମ ପରିଚାଳନା କରିବେ ବୋଲି ନିଷ୍ପତ୍ତି ହୋଇଛି ।


**NOTICE (for Minor)**

By virtue of an affidavit sworn before The Executive Magistrate, Udala, Mayurbhanj, dated 14-11-2025 I, Bariyal Hembram, Address AT- Jamgandia, PO- Paktia, PS-Jharpokharia, Dist- Mayurbhanj, PIN-757093 declare that I have changed the name of my son from Gabinda Murmu to Gobinda Hembram. Henceforth, he shall be known as Gobinda Hembram for all purposes.

Bariyal Hembram

ADMISSION NOTICE-2025-26

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

Campus: 262, Puranpadhan, Balakati, Bhubaneswar

Mob. 7019799641, 7978608747 9853801459

Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL

**ସର୍ବସାଧାରଣ ସୂଚନା**

ଓମେଗା ଏଣ୍ଟରପ୍ରାଇଜେସ୍, ସରଣ୍ଡାମାଲ ପଥର ଖଣି -୨ ର ଲିଜ୍ ଧାରକ ଯାହାର ପ୍ରକଳ୍ପକୁ ତୁରନ୍ତ EC ପ୍ରଦାନ କରାଯାଇଛି ଏବଂ EC ଚିଠିର କପି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଏବଂ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ୱେବ୍‌ସାଇଟ୍ (www.parivesh.nic.in) ରେ ଉପଲବ୍ଧ ।

**NOTICE**

It is hereby noticed to all concerned that the partnership firm M/s SARALA SERVICE STATION bearing Reg. No. 470/2012 of District Cuttack is reconstituted with effect from the 3rd November 2025 as follows :-

1. Shri. Rajendra Kumar Sahoo ............... Retiring Partner.
2. Shri. Manas Ranjan Sahoo ............... Incoming Partner.
3. Shri. Chandra Shekhar Sahoo ............... Existing Partner

**Shri. CHANDRA SHEKHAR SAHOO**
**Managing Partner**

## ସଢ଼ା ଶ୍ରୀଅରବିନ୍ଦ ଉଚ୍ଚବିଦ୍ୟାଳୟରେ ବିଜ୍ଞାନ ମେଳା



ହାଟଡ଼ିହୀ,୧୫।୧୧(ସମିସ): ହାଟଡ଼ିହୀ ବ୍ଲକ୍ ସଢ଼ାସ୍ଥିତ ଶ୍ରୀଅରବିନ୍ଦ ସରକାରୀ ଉଚ୍ଚ ବିଦ୍ୟାଳୟରେ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଶୋକ କୁମାର ଜେନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସଭାରେ ମୁଖ୍ୟଅତିଥି ଭାବେ ସାଂସଦ ପ୍ରତିନିଧି ଜ୍ଞାନରଞ୍ଜନ ସାମନ୍ତସିଂହାର, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ମହେନ୍ଦ୍ର କୁମାର ଜେନା, ସମ୍ମାନିତ ଅତିଥି ଭାବେ ସାରଦେଇ ବାଳିକା ହାଇସ୍କୁଲର ପ୍ରଧାନଶିକ୍ଷକ ବିଷ୍ଣୁଚରଣ ରାଉତ, ଏସଏମସି ଅଧ୍ୟକ୍ଷ ପ୍ରମୁଖ ଯୋଗ ଦେଇଥିଲେ। ଛାତ୍ରଛାତ୍ରୀ ଦ୍ୱାରା ବିଭିନ୍ନ ବିଜ୍ଞାନ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ଶିକ୍ଷୟିତ୍ରୀ ନୟନବାଳା ନାୟକ, ନବଘନ ନାୟକ, ସ୍ୱାତି ସୁଚରିତା ବେହେରା, ସୁଷମା ମିଶ୍ର, ଆରତୀ ବେହେରା, ନିବେଦିତା ଚନ୍ଦ୍ରକଳା ଦେବୀ, ପ୍ରଫୁଲ୍ଲଚନ୍ଦ୍ର ଦାସ, ରାଜେନ୍ଦ୍ର ନାରାୟଣ ସାହୁ, ମହେଶ୍ୱର ପାତ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ରାସ୍ତା ନିର୍ମାଣରେ ଅନିୟମିତତା; ପାଣିରେ ପଡ଼ିଲା କୋଟିଏ ଟଙ୍କା





ତେଲକୋଇ, ୧୬।୧୧(ସମିସ): ତେଲକୋଇ ପୂର୍ତ୍ତ ବିଭାଗ ରାସ୍ତା ନିର୍ମାଣରେ ଅନିୟମିତତା ହୋଇଛି। ତେଲକୋଇ ବଜାରଠାରୁ ପୂର୍ତ୍ତ ବିଭାଗ ଡାକବଙ୍ଗଳା ପର୍ଯ୍ୟନ୍ତ ୩୦୦ ମିଟର ରାସ୍ତା ନିର୍ମାଣ ପାଇଁ କୋଟିଏରୁ ଊର୍ଦ୍ଧ୍ୱ ଟଙ୍କା ବ୍ୟୟ ଅଟକଳ ମଞ୍ଜୁର ହୋଇଛି। ରାସ୍ତାକୁ କଂକ୍ରିଟ କରିବା ଯୋଗୁଁ ଦୁର୍ଘଟଣାର ଆଶଙ୍କା ଦେଖାଦେଇଛି। ରାସ୍ତାର ଗୋଟିଏ ପାର୍ଶ୍ୱରେ ଧାନଜମି ଥିବାରୁ କଂକ୍ରିଟ ରାସ୍ତା ହେବା ଫଳରେ ସୁରକ୍ଷା ବାଡ଼ ଦିଆ ନଗଲେ ଯାତାୟାତ ବେଳେ ଧାନଜମିରେ ଗାଡ଼ିଗୁଡିକ ଦୁର୍ଘଟଣାର ଶିକାର ହେବାରେ ଆଶଙ୍କା ଦେଖାଦେଇଛି। ରାସ୍ତା ନିର୍ମାଣ ସଠିକ ଢଙ୍ଗରେ କରାଯାଇ ନଥିବାରୁ ୩୦ ମିଟର ରାସ୍ତାରେ ୩୦ଟି ଫାଟ ସୃଷ୍ଟି ହେଲାଣି। ଯାହାକୁ ନେଇ ରାସ୍ତାର ସ୍ଥାୟିତ୍ୱ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଦେଢଫୁଟ ଉଚ୍ଚତାରେ କଂକ୍ରିଟ ରାସ୍ତା ହୋଇଛି ହେଲେ ରଡ ଦେବାର ବ୍ୟବସ୍ଥା ହୋଇନାହିଁ। ଯାଫଳରେ ରାସ୍ତାର ବିଭିନ୍ନ ଜାଗାରେ ଫାଟ ସୃଷ୍ଟି ହେଲାଣି। ରାସ୍ତାର ବ୍ୟୟ ଅଟକଳ କରିବା ସମୟରେ ଏସବୁ ପ୍ରତି ପୂର୍ତ୍ତ ବିଭାଗର ଯନ୍ତ୍ରି ଧ୍ୟାନ ଦେବା ଆବଶ୍ୟକତା ଥିବା ବେଳେ ତାହାକୁ ଗୁରୁତ୍ୱ ଦିଆଯାଇନାହିଁ। ଠିକାଦାର ରାସ୍ତା ନିର୍ମାଣ କରିବା ସମୟରେ ପୂର୍ତ୍ତ ବିଭାଗର କୌଣସି ଯନ୍ତ୍ରୀ କିମ୍ବା କର୍ମଚାରୀ ରହୁ ନଥିବା ଦେଖିବାକୁ ମିଳିଛି। ଫଳରେ ଠିକାଦାରଙ୍କୁ ମନଇଚ୍ଛା କାର୍ଯ୍ୟ କରିବା ପାଇଁ ସୁଯୋଗ ମିଳିଯାଉଛି। ଏନେଇ ପୂର୍ତ୍ତ ବିଭାଗ ଯନ୍ତ୍ରୀ ପଞ୍ଚାନନ ଧରଣିଆ କହିଲେ ଯେ ଯାହା ଅଭିଯୋଗ ହୋଇଛି ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ।

## ଚମ୍ପୁଆ ଶିଶୁ ମନ୍ଦିରରେ 'ସପ୍ତଶକ୍ତି ସଂଗମ'



ଚମ୍ପୁଆ, ୧୬।୧୧(ସମିସ): ଓଡ଼ିଶା ବିଦ୍ୟା ଭାରତୀ ଶିକ୍ଷା ବିକାଶ ସମିତି ଅନ୍ତର୍ଗତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରଠାରେ ପ୍ରଧାନଆଚାର୍ଯ୍ୟ ଶରତଚନ୍ଦ୍ର ପ୍ରଧାନଙ୍କ ସଂଯୋଜନାରେ ସପ୍ତଶକ୍ତି ସଂଗମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସଙ୍ଗଠିକା ପାର୍ବତୀ ସାହୁ, ସମ୍ମାନିତ ଅତିଥି ଅଙ୍ଗନବାଡ଼ି କର୍ମୀ ବି. ପୂଜା ରାଓ, ଅନ୍ୟତମ ଅତିଥି ବ୍ଲକ ଶିକ୍ଷାଧିକାରୀ କାର୍ଯ୍ୟାଳୟର କର୍ମଚାରୀ ଲିପିକା ବାରିକ ଯୋଗ ଦେଇଥିଲେ। ବିଦ୍ୟାଳୟ ମାତୃ ଭାରତୀ ସଂଘର ସଭାପତି ଲକ୍ଷ୍ମୀ କୁମାରୀ ପ୍ରଧାନ ଆଭିମୁଖ୍ୟ କଥନ କରିଥିଲେ। ଏଥିରେ ମୋଟ୍ ୧୧୫ ଜଣ ଅଭିଭାବିକା ଯୋଗ ଦେଇଥିଲେ। ଆଚାର୍ଯ୍ୟା ସରଳା ପ୍ରଧାନ ମହିୟସୀ ମହିଳାଙ୍କ ବିଷୟରେ ସୂଚନା ପ୍ରଦାନ କରିଥିଲେ। ଆଚାର୍ଯ୍ୟା ଓମପ୍ରଭା ପ୍ରଧାନ ଅତିଥି ପରିଚୟ ପ୍ରଦାନ କରିଥିଲେ। ସପ୍ତଶକ୍ତି ସଂଗମର ଆବଶ୍ୟକତା ବିଷୟରେ ଆଚାର୍ଯ୍ୟା ଗୀତାରାଣୀ ମହାନ୍ତ ଓ ଆଚାର୍ଯ୍ୟା ଝରଣା ପ୍ରଧାନ ମଞ୍ଚ ପରିଚାଳନା କରିଥିଲେ। ଆଚାର୍ଯ୍ୟା ରଙ୍ଗରତା କର କାର୍ଯ୍ୟକ୍ରମର ସଂକଳ୍ପ କରାଇଥିଲେ। ମସ୍ତ ଆଚାର୍ଯ୍ୟା ସହଯୋଗ କରିଥିଲେ।

## ନଦୀରୁ ନିଖୋଜ ଯୁବକଙ୍କ ମୃତଦେହ ଉଦ୍ଧାର

ଯୋଡ଼ା, ୧୬।୧୧(ସମିସ): ଯୋଡ଼ା ବ୍ଲକ୍ ନିର୍ମାଣାଧୀନ କାନୁପୁର ଡ୍ୟାମ୍ ତଳ ମୁଣ୍ଡ ବୈତରଣୀ ନଦୀରେ ଗତ ଦୁଇ ତାରିଖରେ ଜଣେ ବ୍ୟକ୍ତି ବୁଡି ଯାଇ ନିଖୋଜ ହୋଇଥିଲେ। ନିଖୋଜ ବ୍ୟକ୍ତି ଜଣକ ହେଲେ ଚମ୍ପୁଆ ଥାନା ରଘୁଆଳସାହିର ଟୁକୁନୁ ମୁଣ୍ଡା। ଯୋଡ଼ା ପୁଲିସ ଓ ଅଗ୍ନିଶମ ବାହିନୀ ପହଞ୍ଚି ଉଦ୍ଧାର କାର୍ଯ୍ୟ ଚଳାଇଥିଲେ, ଅନେକ ଖୋଜାଖୋଜି କରିଥିଲେ ସୁଦ୍ଧା ଟୁକୁନୁଙ୍କ କୌଣସି ପତ୍ତା ମିଳିପାରି ନଥିଲା। ରବିବାର ତାଙ୍କ ମୃତଦେହ ବୈତରଣୀ ନଦୀର ମିରିଗସିଂଘାଠାରେ ଭାସୁଥିବା ଦେଖି ଗ୍ରାମବାସୀ ଚମ୍ପୁଆ ପୁଲିସକୁ ଖବର ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିଶମ ବିଭାଗ ସହାୟତାରେ ଶବ ଉଦ୍ଧାର କରି ତଦନ୍ତ ଚଳାଇଥିବା ଜଣାପଡିଛି।

## ମହିଳା ମହାବିଦ୍ୟାଳୟରେ ଏଡ୍ସ ଓ ରକ୍ତଦାନ ସଚେତନତା




କେନ୍ଦୁଝର, ୧୬।୧୧(ସମିସ): କେନ୍ଦୁଝର ସରକାରୀ ମହିଳା ମହାବିଦ୍ୟାଳୟ ଯୁବ ରେଡକ୍ରସ ଏବଂ ରେଡରିବନ କ୍ଲବ୍ ତରଫରୁ ଏଚଆଇଭି ଏଡସ ଏବଂ ରକ୍ତଦାନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ରେଡରିବନ କ୍ଲବ ଅଧିକାରୀ ଡ ବାଣିଶ୍ରୀ ଦାସ ସଂଯୋଜନା କରିଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷ ଡ ଲଳିତ ରଞ୍ଜନ ସାହୁ ଉଦ୍ଦେଶ୍ୟ ଓ ଆଭିମୁଖ୍ୟ ସମ୍ପର୍କରେ ବିବରଣୀ ପ୍ରଦାନ କରିଥିଲେ। ପ୍ରଶାସନିକ ଅଧିକାରୀ ଡ ଚିତ୍ତରଞ୍ଜନ ସାହୁ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କେନ୍ଦୁଝର ଶାଖା ଆଇଟିସି କାଉନସେଲର ସଂଗୀତା ମହାନ୍ତି ବିଷୟଭିତ୍ତିକ ଆଲୋଚନା କରିଥିଲେ। କେନ୍ଦୁଝର ରକ୍ତକେନ୍ଦ୍ର ଜନସମ୍ପର୍କ ଅଧିକାରୀ ଅକ୍ଷୟ କୁମାର ସାହୁ ରକ୍ତଦାନର ଉପାଦେୟତା ବିଷୟରେ ଛାତ୍ରୀଙ୍କୁ ଅବଗତ କରାଇଥିଲେ। ମହାବିଦ୍ୟାଳୟର ଅଧ୍ୟାପିକାଅଧ୍ୟାପକ, କର୍ମଚାରୀ ଓ ଛାତ୍ରୀବୃନ୍ଦ ଅଂଶଗ୍ରହଣ କରିଥିଲେ। ଯୁବ ରେଡକ୍ରସ ଅଧିକାରୀ ଡ ମୋନାଲିସା ଦାସ ଧନ୍ୟବାଦ ଦେଇଥିଲେ।

## ବିର୍ଶା ମୁଣ୍ଡାଙ୍କ ଜୟନ୍ତୀରେ ବିଭିନ୍ନ ଶିକ୍ଷାନୁଷ୍ଠାନରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ

ତୁରୁମୁଙ୍ଗା, ୧୬।୧୧(ସମିସ): ସ୍ୱାଧୀନତା ସଂଗ୍ରାମୀ ସହିଦ ବିର୍ଶା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଅବସରରେ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ଦ୍ୱାରା ପରିଚାଳିତ ପାଟଣା ବ୍ଲକର ନୂଆଖମଣ ଓ କେତାଙ୍ଗ ଆଶ୍ରମ ବିଦ୍ୟାଳୟରେ ଶନିବାର ପାପ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ସିପ୍ରାରଣୀ ମହାନ୍ତଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଆଶ୍ରମ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଥିଲା। ନୂଆଖମଣ ଆଶ୍ରମ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ମୁରଲୀ ମହାନ୍ତଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବରେ ବ୍ଲକ ଗୋଷ୍ଠୀ ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ଅମାନ୍ତ ମୁଖ୍ୟବକ୍ତା ଭାବରେ ଅବସରପ୍ରାପ୍ତ ଗୋଷ୍ଠୀ ଶିକ୍ଷାଧିକାରୀ ଧରଣୀଧର ଦାସ, ସମ୍ମାନିତ ଅତିଥି ଭାବରେ ମୁରସୁଆଁ ସିଆରସିସି ଜ୍ୟୋତିରଞ୍ଜନ ସେଠୀ, ନୂଆଖମଣ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ମଞ୍ଜୁଲତା ସେଠୀ, ଶିକ୍ଷକ ହିମାଂଶୁ ଶେଖର ଚାଟାର୍ଜୀ, ପୁରୁଣିଆ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଲଲାଟେନ୍ଦୁ ନାଏକଙ୍କ ସମେତ ଅଭିଭାବକ ଏବଂ ସିଏମ୍‌ସି ସଦସ୍ୟ ଉପସ୍ଥିତ ଥିଲେ। ଶିକ୍ଷକ ପ୍ରକାଶ ତରେଇ ମଞ୍ଚ ପରିଚାଳନା କରିଥିଲେ। ଶିକ୍ଷୟତ୍ରୀ ମୋନାଲିସା ରାଉତ, ସଂଯୁକ୍ତା ମହାନ୍ତ ସହଯୋଗ କରିଥିଲେ। ଛାତ୍ରଛାତ୍ରୀଙ୍କ ଦ୍ୱାରା ବିଭନ୍ନ ନାଚଗୀତ ପରିବେଷଣ କରାଯାଇଥିଲା। ସେହିପରି କେତାଙ୍ଗ ଆଶ୍ରମ ବିଦ୍ୟାଳୟରେ ଆୟୋଜିତ ପାପ୍ କାର୍ଯ୍ୟକ୍ରମରେ ପ୍ରଧାନଶିକ୍ଷକ ଦୁର୍ଲଭଚନ୍ଦ୍ର ମହାନ୍ତଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବରେ ପାଟଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ସିଏଚଓ ଯଶବନ୍ତ ସାହୁ ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବରେ ବରିଷ୍ଠ ସାମ୍ବାଦିକ ନୃସିଂହ ନାଥ ସିଂହ, ନୀଳମଣି ମଣ୍ଡଳ ପ୍ରମୁଖ ଯୋଗ ଦେଇଥିଲେ।

## ନୂତନ ଅନୁଦାନପ୍ରାପ୍ତ ଶିକ୍ଷକଙ୍କ ବୈଠକ



ତୁରୁମୁଙ୍ଗା, ୧୬।୧୧(ସମିସ): ପାଟଣା ବ୍ଲକ ସରାସ କୋଲା ହାଇସ୍କୁଲରେ ଶନିବାର ୨୦୦୪ ଏବଂ ୨୦୦୮ ର ନୂତନ ଅନୁଦାନପ୍ରାପ୍ତ ଉଚ୍ଚବିଦ୍ୟାଳୟର ଶିକ୍ଷକଙ୍କୁ ନେଇ ଏକ ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ପୁରୁଣା ପେନସନ ଓ ଚାକିରି ସର୍ତ୍ତାବଳୀ ସଂକ୍ରାନ୍ତରେ ଆଲୋଚନା ହୋଇଥିଲା। ସରାସକୋଲା ଉଚ୍ଚବିଦ୍ୟାଳୟର ପ୍ରଧାନଶିକ୍ଷକ ସନାତନ ମହାନ୍ତ ଅଧ୍ୟକ୍ଷତା କରିଥିବା ବେଳେ ଶିକ୍ଷକ ନେତା ମଧୁସୂଦନ ମହାନ୍ତ ଧନୁର୍ଜୟ ମହାନ୍ତ, ପ୍ରସନ୍ନ କୁମାର ପଲେଇ, ଉମାଶଙ୍କର ମହାନ୍ତ ପ୍ରମୁଖ ଯୋଗ ଦେଇଥିଲେ। ଆଗାମୀ ଦିନରେ ଶିକ୍ଷକମାନେ ସରକାରଙ୍କ ଉପରେ ଚାପ ପକାଇବା ଦାବି ପୂରଣ ଦିଗରେ ଦୃଷ୍ଟି ଆକର୍ଷଣ କରିବାକୁ ସ୍ଥିର ହୋଇଥିଲା।

## ପାଟଣା ବ୍ଲକ୍‌ସ୍ତରୀୟ ଗୀତା ଆବୃତ୍ତି ପ୍ରତିଯୋଗିତା



ତୁରୁମୁଙ୍ଗା, ୧୬।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ମୁଖ୍ୟାଳୟ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ସଭାଗୃହରେ ଶନିବାର ପ୍ରଜ୍ଞାନ ମିଶନ ତରଫରୁ ସପ୍ତମ ଓଡ଼ିଶା ରାଜ୍ୟସ୍ତରୀୟ ଗୀତା ଆବୃତ୍ତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ଜିଲ୍ଲା ସଂଯୋଜକ ବିବେକାନନ୍ଦ ଦାଶଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ବ୍ଲକର ବିଭିନ୍ନ ମହାବିଦ୍ୟାଳୟ, ବିଦ୍ୟାଳୟର ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ପୁରସ୍କାର ବିତରଣ ଉତ୍ସବ ଶିଶୁ ବିଦ୍ୟା ମନ୍ଦିର ପ୍ରଧାନ ଆଚାର୍ଯ୍ୟ ଗଣେଶ୍ୱର କରଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ବଡ଼ପାଟଣା ସରପଞ୍ଚ ବିନତି ବାନାରା, ମୁଖ୍ୟବକ୍ତା ଭାବେ ପାଟଣା ବ୍ଲକ ପୂର୍ବତନ ଅଧ୍ୟକ୍ଷ ବିଦ୍ୟାଧର ଦାଶ, ସମ୍ମାନିତ ଅତିଥି ଭାବେ ପଣ୍ଡିତ କ୍ଷୀରୋଦ କୁମାର ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସାମ୍ବାଦିକ କିଶୋର ଦାଶ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ବେଣୁଧର ମହାନ୍ତ ସଂଯୋଜନା କରିଥିଲେ। ଗ୍ରୁପ ଗ'ରେ ପ୍ରଥମ ସ୍ଥାନରେ ହିମାଦ୍ରି ତନୟା ମହାନ୍ତ, ଦ୍ୱୀତିୟରେ ଶ୍ରୀକ୍ରିଷ୍ଟା ପଣ୍ଡା, ତୃତୀୟରେ ଲଭଲି ନାଏକ, ଗ୍ରୁପ ଖରେ ପ୍ରଥମ ସ୍ଥାନ ପ୍ରତିଭା ରଣା, ଦ୍ୱୀତିୟରେ ପଲ୍ଲବୀ ମହାନ୍ତ, ତୃତୀୟରେ ତେଜସ୍ମିତା ମହାନ୍ତ, ଗ୍ରୁପ କ ପ୍ରଥମ ସ୍ଥାନରେ ଆଦ୍ୟାଷା କର, ଦ୍ୱୀତିୟରେ ପ୍ରଲନ ପିହୁ ମହାନ୍ତ, ତୃତୀୟରେ ରାଜକୁମାର ବେହେରା ରହିଥିଲେ। ବିଚାରକ ଭାବେ ପଣ୍ଡିତ କ୍ଷୀରୋଦ ମିଶ୍ର, ଗଜେନ୍ଦ୍ର ମିଶ୍ର, ସଂସ୍କୃତ ଶିକ୍ଷକ ହଳଧର ମହାନ୍ତ ଓ ଶିକ୍ଷୟିତ୍ରୀ ଶର୍ମିଷ୍ଠା ସୋରେନ, ତ୍ରିବେଣୀ ମହାନ୍ତ ପ୍ରମୁଖ କାର୍ଯ୍ୟ ତୁଲାଇଥିବା ବେଳେ ଆଚର୍ଯ୍ୟା ରେବତୀ ତ୍ରିପାଠୀ ଓ ନମିତା ମହାନ୍ତ ସହଯୋଗ କରିଥିଲେ।

## ବିଚ୍ଛିନ୍ନାଞ୍ଚଳରେ ଜାତୀୟ ପ୍ରେସ ଦିବସ



ଚମ୍ପୁଆ, ୧୬।୧୧(ସମିସ): ଗଣତନ୍ତ୍ରର ୪ର୍ଥ ସ୍ତମ୍ଭ ସାମ୍ବାଦିକଙ୍କ ପାଇଁ ଆଜି ଦିନଟିଏ। ନଭେମ୍ବର ୧୬ ତାରିଖ ଜାତୀୟ ପ୍ରେସ ଦିବସ ଅବସରରେ ଚମ୍ପୁଆ ସାମ୍ବାଦିକ ସଂଘ ତରଫରୁ ଚମ୍ପୁଆ ବ୍ଲକର ବିଚ୍ଛିନ୍ନାଞ୍ଚଳ ଭାବେ ପରିଚିତ କୁଟାରିପଶି ପଞ୍ଚାୟତରେ ନିଆରା ଢଙ୍ଗରେ ପାଳନ କରାଯାଇଛି। କାର୍ଯ୍ୟକ୍ରମରେ ଚମ୍ପୁଆ ଓକିଲ ସଂଘର ସଭାପତି ତଥା ବିଜେପି ନେତା ରମେଶଚନ୍ଦ୍ର ପ୍ରଧାନ, କଂଗ୍ରେସ ନେତା ଗୁରୁବକ୍ସ ସିଂ ଆଲୁୱାଲିଆ, କୁଟାରିପଶି ସରପଞ୍ଚ ଜୟକୃଷ୍ଣ ଚାତାର ମଞ୍ଚାସୀନ ଥିଲେ। ବରିଷ୍ଠ ସାମ୍ବାଦିକ ପ୍ରଦୀପ ପ୍ରଧାନ ସଂଯୋଜନା କରିଥିଲେ। ସ୍ଥାନୀୟ ସରପଞ୍ଚଙ୍କ ସହଯୋଗରେ ବିଚ୍ଛିନ୍ନାଞ୍ଚଳର ୫୦ ଜଣ ଆଦିବାସୀ ବୃଦ୍ଧବୃଦ୍ଧାଙ୍କୁ ଶୀତବସ୍ତ୍ର ବଣ୍ଟନ ସହିତ ଗୋଲାପ ଫୁଲ ଏବଂ କୁନିକୁନି ଛୁଆଙ୍କୁ ବହି, ସ୍ଲେଟ, ଖଡ଼ି ଓ ଗୋଲାପ ଫୁଲ ଆଦି ପ୍ରଦାନ କରାଯାଇଥିଲା। ସେମାନଙ୍କ ମୁହଁରେ ହସ ଟିକିଏ ଫୁଟାଇବା ପାଇଁ ସାମ୍ବାଦିକଙ୍କ ଏଭଳି ପ୍ରୟାସକୁ ଅଞ୍ଚଳରେ ଭୁରି ଭୁରି ପ୍ରଶଂସା କରାଯାଇଥିଲା। କାର୍ଯ୍ୟକ୍ରମକୁ ଚମ୍ପୁଆର ସମସ୍ତ ସାମ୍ବାଦିକ ସହଯୋଗ କରିଥିଲେ।

## ପ୍ରାନ୍ତସ୍ତରୀୟ ବିଜ୍ଞାନମେଳା ଉଦ୍‌ଯାପିତ



ତୁରୁମୁଙ୍ଗା, ୧୬।୧୧(ସମିସ): ଚମ୍ପୁଆ ବ୍ଲକ ଫୁଲକଅଁଳେଇ ଗ୍ରାମରେ ଥିବା ଶ୍ରୀଗଣେଶ ଶିକ୍ଷାକେନ୍ଦ୍ରରେ ଚାଲିଥିବା ପ୍ରାନ୍ତୀୟ ସ୍ତର ବିଜ୍ଞାନ ମେଳା ରବିବାର ସନ୍ଧ୍ୟାରେ ଉଦ୍‌ଯାପିତ ହୋଇଯାଇଛି। ଉଦଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବରେ ପାଟଣା ବିଧାୟକ ଅଖିଳଚନ୍ଦ୍ର ନାଏକ ଯୋଗଦେଇଥିଲେ। ଉଦ୍‌ଯାପନି ସନ୍ଧ୍ୟାରେ ତେଲକୋଇ ବିଧାୟକ ଡକ୍ଟର ଫକୀର ମୋହନ ନାୟକ ମୁଖ୍ୟଅତିଥି ଭାବରେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବରେ ବିକାଶ ଭାରତୀ ଟ୍ରଷ୍ଟ ସଭାପତି ସୌମ୍ୟରଞ୍ଜନ ମହାନ୍ତ, ସତ୍ୟବାନ କର, କେଶବ ବେହେରା ବସନ୍ତ ବେହେରା ଯୋଗଦେଇ କୁନି ବୈଜ୍ଞାନିକଙ୍କୁ ପୁରସ୍କାର ବଣ୍ଟନ କରିଥିଲେ। ବିଦ୍ୟାଳୟର ପ୍ରଧାନ ଗୁରୁମା ସୁଜାତା କର ମଞ୍ଚ ପରିଚାଳନା କରିଥିବା ବେଳେ ଅନ୍ୟ ଗୁରୁଜୀ ଗୁରୁମା କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

## ବଡ଼ବିଲ ପ୍ରେସ୍ କ୍ଲବ୍‌ରେ କର୍ମକର୍ତ୍ତା ନିର୍ବାଚନ




ବଡବିଲ,୧୬।୧୧(ସମିସ): ବଡ଼ବିଲ ପ୍ରେସ କ୍ଲବ୍ ପକ୍ଷରୁ ଜାତୀୟ ପ୍ରେସ ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ବଡବିଲ ଥାନାଧିକାରୀ ଅଶୋକ କୁମାର ନାୟକ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ବଡ଼ବିଲ ବନ ବିଭାଗ ରେଞ୍ଜ ଅଫିସର ସଞ୍ଜୀବ କୁମାର ରାଉତ, ସମାଜସେବୀ ବ୍ରଜକିଶୋର ପଣ୍ଡା ମୁଖ୍ୟବକ୍ତା ଡ ଅସିତ କୁମାର ପଣ୍ଡା ଯୋଗଦାନ କରିଥିଲେ। ଉପସଭାପତି ମକରଧ୍ୱଜ ବାଗଙ୍କ ସଭାପତିତ୍ୱରେ ଆୟୋଜିତ ସଭା ପ୍ରାରମ୍ଭରେ ଅତିଥିମାନେ ଦୀପ ପ୍ରଜ୍ୱଳନ କରିବା ପରେ ଅତିଥି ମାନଙ୍କ ପରିଚୟ ପ୍ରଦାନ କରିଥିଲେ ସହସମ୍ପାଦକ ଅଂଶୁମାନ ପ୍ରଧାନ। ତ୍ରିବେଣୀ କଳାକେନ୍ଦ୍ରର କଳାକାରଙ୍କ ଦ୍ୱାରା ନୃତ୍ୟ ପରିବେଷଣ କରାଯାଇଥିଲା। ଏହି ଅବସରରେ ସମାଜସେବୀ ପ୍ରତାପ କିଶୋର ଦାସ ଏବଂ ନୃତ୍ୟ ଗୁରୁ ରେଖା ମହାନ୍ତିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହାସହ ପ୍ରେସ କ୍ଲବର ନିର୍ବାଚନ କରାଯାଇ ମଧୁସୂଦନ ସାହୁ ସଭାପତି, ମକରଧ୍ୱଜ ବାଗ୍ ଉପସଭାପତି, ଅଜୟ ଗିରି ସମ୍ପାଦକ, ଅଂଶୁମାନ ପ୍ରଧାନ ସହସମ୍ପାଦକ ଓ ଡିମ୍ପଲ ସାଣ୍ଡିଲ କୋଷାଧ୍ୟକ୍ଷ ଭାବେ ନିର୍ବାଚିତ ହୋଇଥିଲେ।

## ଗୁରୁତର ଜ୍ଞାନେନ୍ଦ୍ରଙ୍କୁ ଭେଟିଲେ ବ୍ଲକ୍ ଉପାଧ୍ୟକ୍ଷ



ହାଟଡ଼ିହୀ,୧୬।୧୧(ସମିସ): ହାଟଡ଼ିହୀ ବ୍ଲକ ଆମ୍ବୋ ପଞ୍ଚାୟତର ସମିତିସଭ୍ୟ ଜ୍ଞାନେନ୍ଦ୍ର କୁମାର ମହାପାତ୍ର ଗୁରୁତର ଅସୁସ୍ଥ ହୋଇ ଭୁବନେଶ୍ୱର ଉତ୍କଳ ହସ୍ପିଟାଲରେ ଚିକିତ୍ସିତ ହେଉଛନ୍ତି। ତାଙ୍କ ଅସୁସ୍ଥତା ଖବର ଶୁଣି ହାଟଡିହୀ ବ୍ଲକର ଉପାଧ୍ୟକ୍ଷ ରତିକାନ୍ତ ରାଉତ ଭୁବନେଶ୍ୱରସ୍ଥିତ ଉତ୍କଳ ହସ୍ପିଟାଲରେ ପହଞ୍ଚି ତାଙ୍କ ସ୍ୱାସ୍ଥ୍ୟ ଅବସ୍ଥା ପଚାରି ବୁଝିବା ସହ ଉତ୍ତମ ଚିକିତ୍ସା ସମ୍ପର୍କରେ ମେଡିକାଲ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଛନ୍ତି।

### ଟ୍ରକ୍ ଧକ୍କାରେ ବାରିୟର ଭାଙ୍ଗିଲା

# କଟକଣା ମାନୁନାହାନ୍ତି ଭାରୀ ଯାନ



କେନ୍ଦୁଝର, ୧୬।୧୧(ସମିସ): କେନ୍ଦୁଝର ସହର ଦିନକୁ ଦିନ ଜନାକୀର୍ଣ୍ଣ ହେଉଥିବା ସହ ଜନସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ରାସ୍ତା ବିଭିନ୍ନ କାରଣରୁ ସଙ୍କୁଚିତ ହେଉଥିବାବେଳେ କେନ୍ଦୁଝରଗଡ ପୌରପାଳିକା ଅନ୍ତର୍ଗତ ଅଜନ୍ତା ଲଜ୍ ପଛ ପଟ ଗଳିରେ ଅନେକ ଆଳୁ ଗୋଦାମ ରହିଛି। ମୋଚିବନ୍ଧ ହାଇସ୍କୁଲ ପର୍ଯ୍ୟନ୍ତ ଏହି ୫ରୁ ଅଧିକ ଆଳୁ ଗୋଦାମ ରହିଥିବାବେଳେ ପ୍ରତ୍ୟେକ ଦିନ ଆଳୁ ବୋଝେଇ ଭାରୀଯାନ ଯାତାୟତ କରୁଛି। ଫଳରେ ରାସ୍ତା ନଷ୍ଟ ହେବା ସହ ରାସ୍ତା ଜାମ ହେଉଛି। ଏହାକୁ ଦୃଷ୍ଟିରେ ରଖି ଅଜନ୍ତା ଲଜ୍ ୨ ପାଶ୍ୱର୍ରେ ଯାଇଥିବା ରାସ୍ତାରେ ପୌରପାଳିକା ପକ୍ଷରୁ ୨ଟି ଲୁହା ବାରିୟର ଲଗାଯାଇଥିଲା। ବିଳମ୍ବିତ ରାତିରେ ଗୋଟିଏ ଲୁହା ବାରିୟରକୁ ଭାଙ୍ଗି ଆଳୁ ବୋଝେଇ ଗାଡି ଅଜନ୍ତା ଲଜ୍ ଗଳିରେ ଯାଇଥିବାରୁ ପୁଲିସ ତୁରନ୍ତ ପଦକ୍ଷେପ ନେବାକୁ ସ୍ଥାନୀୟ ଲୋକ ଦାବି କରିଛନ୍ତି। ପୌରପାଳିକା ଏବଂ ପୁଲିସ କଟକଣାକୁ ବ୍ୟବସାୟୀମାନେ ମାନୁ ନଥିବା ସ୍ଥାନୀୟ ଲୋକ କହିଛନ୍ତି। ଉକ୍ତ ରାସ୍ତାରେ ଭାରୀଯାନ ନିଷେଧ କରାଯାଇଛି। ପୌରପାଳିକା ପକ୍ଷରୁ ଲୁହା ବାରିୟର ଲାଗଯାଇଛି; ମାତ୍ର କଟକଣା ନ ମାନି ଭାରୀଯାନଗୁଡିକ ବ୍ୟାରିୟରକୁ ଠେଲି ଅଜନ୍ତା ଲଜ୍ ଗଳି ରାସ୍ତାରେ ଯାଉଛନ୍ତି। ପୌରପାଳିକା ପକ୍ଷରୁ ଲକ୍ଷ ଲକ୍ଷ ଟଙ୍କା ବ୍ୟୟରେ ନୂତନ ରାସ୍ତା ଓ ଡ୍ରେନ ନିର୍ମାଣ କରାଯାଇଛି। ଭାରୀଯାନ ପ୍ରବେଶ ଯୋଗୁଁ ରାସ୍ତା ନଷ୍ଟ ହେବା ସହ ଟ୍ରାଫିକ ଜାମ ହେଉଛି। ଅଭିଯୋଗ ହେଲେ ଟାଉନ ପୁଲିସ ଜରିମାନା ଆଦାୟ କରୁଥିଲେ ହେଁ ଏହାକୁ ଗାଡି ମାଲିକମାନେ ଖାତିର କରୁନାହାନ୍ତି। କେନ୍ଦୁଝର ସହର ବାହାରେ ଆଳୁ ବ୍ୟବସାୟୀମାନେ ଗୋଦାମ ଘର କରିବାକୁ ପୌରପାଳିକା ପକ୍ଷରୁ କୁହାଯାଇଛି। କେତେକ ବ୍ୟବସାୟୀ ଗୋଦାମ ଘର ସହର ବାହାରେ କରିଥିଲେ ମଧ୍ୟ ପୂର୍ବତନ ଅଜନ୍ତା ଲଜ୍ ଗଳିରେ ଥିବା ଗୋଦାମ ଘର ଚାଲୁ ରଖିଛନ୍ତି। ପୁଲିସ ଓ ପୌରପାଳିକା ପକ୍ଷରୁ କଟକଣା ମାନୁନଥିବା ଗାଡି ଚାଳକ ଏବଂ ଗୋଦାମ ମାଲିକଙ୍କ ବିରୋଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହୋଇଛି।

## ସମ୍ଭାଗସ୍ତରୀୟ ଶାରୀରିକ ଓ ଖେଳକୁଦ କାର୍ଯ୍ୟଶାଳା




ଆନନ୍ଦପୁର ୧୬।୧୧ (ସମିସ): ଘଷିପୁରା ବ୍ଲକ୍ ମୁରାବାଲିସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ବିଦ୍ୟା ଭାରତୀ ଶିକ୍ଷା ବିକାଶ ସମିତି ଉତ୍ତର ସମ୍ଭାଗ ତରଫରୁ ସମ୍ଭାଗସ୍ତରୀୟ ଖେଳକୁଦ ଓ ଶାରୀରିକ କାର୍ଯ୍ୟଶାଳା ଅନୁଷ୍ଠିତ ହୋଇଛି। ରବିବାର ଏହା ଉଦଯାପିତ ହୋଇଯାଇଛି। ତିନିଦିନ କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟରୁ ୬୦ରୁ ଊର୍ଦ୍ଧ୍ୱ ଗୁରୁଜୀ ଗୁରୁମା ପ୍ରଶିକ୍ଷାର୍ଥୀ ଭାବେ ଯୋଗ ଦେଇଥିଲେ। ଖୋଖୋ, କବାଡି, ଜ୍ୟାଭଲିନ, ସଟ୍‌ପୁଟ, ବ୍ରଡ ଜମ୍ପ, ସ୍ୱିଡ୍ ଲାଡର ପରି ୫୦ ରୁ ଊର୍ଦ୍ଧ୍ୱ କ୍ରୀଡ଼ାରେ ପ୍ରଶିକ୍ଷଣ ଦିଆଯାଇଥିଲା। ପୂର୍ବକ୍ଷେତ୍ର ଓ ଶିକ୍ଷାବିକାଶ ସମିତିର ଶାରୀରିକ ସଂଯୋଜକ ବଳରାମ ସାହୁ, ସମ୍ଭାଗ ସଂଯୋଜକ କ୍ଷେତ୍ରମୋହନ ଦାସ, କେନ୍ଦୁଝର ବିଭାଗ ନିରୀକ୍ଷକ ଜ୍ଞାନ ରଂଜନ ପାଢ଼ୀ, କେନ୍ଦୁଝର ସହ ବିଭାଗ ନିରୀକ୍ଷକ ଲମ୍ବୋଧର ମହାନ୍ତ, ଉତ୍ତର ସମ୍ଭାଗ ଶାରୀରିକ ସଂଯୋଜକ ନରେଶ କୁମାର ମହାନ୍ତ, ବିଦ୍ୟାଳୟର ସଭାପତି ମଦନ ମୋହନ ରାଉତ୍, ସଂପାଦକ ରଶ୍ମିରଂଜନ ନନ୍ଦ, କୋଷାଧ୍ୟକ୍ଷ ଅକ୍ଷୟ କୁମାର ସାହୁ, ଆନନ୍ଦପୁର ସଂକୁଳ ପ୍ରମୁଖ ନିରାକର ସାହୁ ଏବଂ ବିଦ୍ୟାଳୟର ପ୍ରତିଷ୍ଠାତା ତଥା ପୂର୍ବତନ ସଂପାଦକ ଜଳଧର ସାହୁ ଅତିଥି ରୂପେ ଯୋଗ ଦେଇଥିଲେ। ବିଦ୍ୟାଳୟର ପ୍ରଧାନଆଚାର୍ଯ୍ୟ ବାବାଜୀ ପଣ୍ଡା ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ। ଶାରୀରିକ ସଂଯୋଜକ ବଳରାମ ସାହୁଙ୍କ ଏବଂ ସମ୍ଭାଗ ସଂଯୋଜକ କ୍ଷେତ୍ରମୋହନ ଦାସଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ପରିଚାଳିତ ହୋଇଥିଲା।

## ଭିଣୋଇ ଘରକୁ ଆସି ଆତ୍ମହତ୍ୟା

ରାସଗୋବିନ୍ଦପୁର,୧୬।୧୧(ସମିସ): ରାସଗୋବିନ୍ଦପୁର ଥାନା ପୁଲିସ ରବିବାର ଜଣେ ନାବାଳିକାଙ୍କ ମୃତଦେହ ଉଦ୍ଧାର କରିଛି। ମୃତକ ଜଣକ ହେଲେ ବୈଶିଙ୍ଗା ଥାନା ଅଧୀନ ବାଳିଆପିଟା-ଦୁର୍ଗାପୁର ଗ୍ରାମର ନାବାଳିକା ଝିଅ ଲକ୍ଷ୍ମୀ ବାସ୍କେ(୧୬)। ଲକ୍ଷ୍ମୀଙ୍କ ବାପା-ମା'ଙ୍କ ମୃତ୍ୟୁ ପରେ ରାସଗୋବିନ୍ଦପୁର ଥାନା ଅଧୀନ ତାଙ୍କ ଭଉଣୀ ସୁକୁମଣି ବାସ୍କେ ଏବଂ ଭିଣୋଇ ଅନନ୍ତ ହାଁସଦା ତାଙ୍କର ଦେଖାଶୁଣା କରୁଥିଲେ। ଲକ୍ଷ୍ମୀ ବାଲେଶ୍ୱର ଜିଲ୍ଲା ଅମରଦା କଲେଜରେ ଯୁକ୍ତ ୨ ପ୍ରଥମ ବର୍ଷରେ ପାଠ ପଢୁଥିବା ବେଳେ ଗତ ପ୍ରଥମାଷ୍ଟମୀରେ ତାଙ୍କ ଭଉଣୀ ଭିଣୋଇଙ୍କ ଘରକୁ ଆସିଥିଲେ। ଗତକାଲି ଶନିବାର ସୁକୁମଣି ଏବଂ ଅନନ୍ତ କାମ କରିବାକୁ ଯାଇଥିଲେ। ଅପରାହ୍ଣ ୪ଟା ସମୟରେ ଘରକୁ ଫେରିବା ପରେ ଲକ୍ଷ୍ମୀ ଘରେ ନଥିବାର ଦେଖି ବହୁ ଖୋଜାଖୋଜି କରିବା ପରେ ମଧ୍ୟ ପାଇ ନଥିଲେ। ଆଜି ସକାଳେ ସ୍ଥାନୀୟ କାଜୁ ବଣରେ ବେକରେ ଚୁନି ଲଗାଇ ଆତ୍ମହତ୍ୟା କରିଥିବାର ଦେଖି ପୁଲିସ ଖବର ଦେଇଥିଲେ। ପୁଲିସ ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ ବାରିପଦା ପଣ୍ଡିତ ରଘୁନାଥ ମୁର୍ମୁ ମେଡିକାଲ କଲେଜ ଓ ହସ୍ପିଟାଲକୁ ପଠାଇଛି।

## ଚଳନ୍ତା କାର୍‌ରେ ଲାଗିଲା ନିଆଁ



ବଡ଼ବିଲ, ୧୬।୧୧(ସମିସ): କେନ୍ଦୁଝର ଜିଲ୍ଲା ବଡ଼ବିଲ ପୌରାଞ୍ଚଳ ବିର୍ଶାମୁଣ୍ଡା ଛକ ନିକଟରେ ଏକ ନିଶ୍ଚିତ ଦୁର୍ଘଟଣାରୁ ବର୍ତ୍ତି ଯାଇଛନ୍ତି ଜଣେ କାର ଚାଳକ ଓ ମାଲିକ। ଓଡି୧୪ଏସି୩୨୪୨ ନଂ ଏକ କାର ବଡ଼ବିଲରୁ ଭଦ୍ରାସାହି ଯାଉଥିବା ବେଳେ ବିର୍ଶାମୁଣ୍ଡା ଛକ ନିକଟରେ ଗାଡି ଇଞ୍ଜିନର ବାମ ପଟେ ନିଆଁ ଲାଗିଯାଇଥିଲା। କିଛି ଲୋକ ଗାଡିକୁ ଅଟକେଇ ଚାଳକ ଓ ମାଲିକଙ୍କୁ ସୁରକ୍ଷିତ ବାହାର କରିଥିଲେ। ବଡ଼ବିଲ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲା।

## ଯୁବ ଇଞ୍ଜିନିୟରଙ୍କ ହୃଦ୍‌ଘାତରେ ପରଲୋକ

କରଞ୍ଜିଆ, ୧୬।୧୧(ସମିସ): ଯୁବ ଇଞ୍ଜିନିୟର ରୋହିତ ଦାସ (୨୫)ଙ୍କ ଭୁବନେଶ୍ୱରଠାରେ ପରଲୋକ ହୋଇଯାଇଛି। ଟେକ ମହିନ୍ଦ୍ରା କମ୍ପାନୀରେ ସେ ଜଣେ ଆଇ.ଟି ଇଞ୍ଜିନିୟର ଭାବେ କୋଲକତାଠାରେ କାର୍ଯ୍ୟରତ ଥିଲେ। ଗତ ୧୪ ତାରିଖ କୋଲକତାରୁ ସାଥୀଙ୍କ ସହ ସୁନ୍ଦରଗଡକୁ ତାଙ୍କ ସାଙ୍ଗ ବିଭାଘରକୁ ଯିବାର କାର୍ଯ୍ୟକ୍ରମ ଥିଲା। ଭୁବନେଶ୍ୱରର ମୈତ୍ରୀ ବିହାରସ୍ଥିତ ଏକ ହୋଟେଲରେ ସାଙ୍ଗ ମାନଙ୍କ ସହ ରାତ୍ରିଯାପନ କରିଥିଲେ। ସକାଳୁ ହୃଦଘାତ ହେବାରୁ ତାଙ୍କୁ ତୁରନ୍ତ ସାଙ୍ଗମାନେ କ୍ୟାପିଟାଲ ଡାକ୍ତରଖାନାକୁ ନେଇଥିଲେ। ସେଠାରେ ଡାକ୍ତର ରୋହିତଙ୍କୁ ମୃତ ଘୋଷଣା କରିଥିଲେ। ରୋହିତ ଦାସ (ଟୁଟୁନ)ଙ୍କ ମୃତ ଶରୀର ଆଜି ସକାଳେ କରଞ୍ଜିଆ ବାସଭବନକୁ ପହଞ୍ଚିବା ମାତ୍ରେ ଶହ ଶହ ସାଙ୍ଗ ସାଥୀ, ଆତ୍ମୀୟସ୍ୱଜନ ବନ୍ଧୁବାନ୍ଧବ ଶେଷ ଦର୍ଶନ କରିଥିଲେ। ପୁଣ୍ୟ ବୈତରଣୀ ନଦୀତଟରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ସ୍ୱର୍ଗତ ରୋହିତ ଗିରିଜା ଶଙ୍କର ଦାସଙ୍କ ଏକମାତ୍ର ପୁତ୍ର ଥିଲେ। ସେ ଇଞ୍ଜିନିୟର ହେବା ସହ ଜଣେ ପ୍ରକୃତିପ୍ରେମୀ, ଚିତ୍ରକାର ଥିଲେ।

## ଲକ୍ଷାଧିକ ଟଙ୍କାର ବିଦ୍ୟୁତ ତାର ଚୋରି

ଶୁଳିଆପଦା, ୧୬।୧୧(ସମିସ): ଶୁଳିଆପଦା ବ୍ଲକ୍ ଝାଲିଆମାରା ପଞ୍ଚାୟତ ଖଇଖିଆରୁ ଜମ୍ବିରା କେନାଲ ଉପରେ ଦେଉଳି ପଞ୍ଚାୟତ ଡାହାଣିମାରିକୁ ଯାଇଥିବା ୧୧ କେଭି ବିଦ୍ୟୁତ୍ ତାର ଚୋରି ହୋଇଥିବା ଜଣାପଡ଼ିଛି। ରାତି ପ୍ରାୟ ୧ଟା ବେଳେ ଉକ୍ତ ଅଞ୍ଚଳର ଲାଇନ୍ ଟ୍ରିପ୍ ହୋଇଥିଲା। ଲାଇନ୍ ଚାର୍ଜ କଲାପରେ ମଧ ଡାହାଣିମାରି ଅଞ୍ଚଳରେ ଲାଇନ୍ ନଥିବା ଖବର ମିଳିବାରୁ ଭିଭାଗୀୟ ଅଧିକାରୀମାନେ ପାଟ୍ରୋଲିଂରେ ଯାଇ ୧୨ଟି ୧୧ କେଭି ତାର ଖୁଣ୍ଟରୁ ଆଲୁମିନିୟମ ତାର ଚୋରି ହୋଇଯାଇଥିବା ଦେଖିଥିଲେ। ଲାଇନ୍ ଟ୍ରିପ୍ ହେବାପରେ ଦୁର୍ବୃତ୍ତମାନେ ଏବି ସୁଇଚ ଖୋଲି ତାର ଚୋରି କରିନେଇଥିବା ସୂଚନା ମିଳିଛି। ଚୋରି ହୋଇଥିବା ତାରର ଆନୁମାନିକ ମୂଲ୍ୟ ଦେଢ ଲକ୍ଷ ଟଙ୍କାରୁ ଅଧିକ ହେବ ବୋଲି ଶୁଳିଆପଦା ସେକ୍ସନ୍ ଏଇଇ ପଦ୍ମକିଶୋର ଜେନା ପ୍ରକାଶ କରିଛନ୍ତି। ଅଞ୍ଚଳରେ ପୁଲିସ ବିଭାଗ ପକ୍ଷରୁ ନାଇଟ୍ ପାଟ୍ରୋଲିଂ ବୃଦ୍ଧି କରିବାକୁ ଦାବି ହେଉଛି।

## ଗଡ଼ବାନ୍ଧଗୋଡ଼ାରେ ୫୦ ଜଣଙ୍କୁ ଶୀତବସ୍ତ୍ର ପ୍ରଦାନ

ଆନନ୍ଦପୁର, ୧୬।୧୧ (ସମିସ): କେନ୍ଦୁଝର ଜିଲ୍ଲାରେ ଶୀତ ଲହରୀ ଆରମ୍ଭ ହୋଇଗଲାଣି। ଅତ୍ୟନ୍ତ ଗରିବ ତଥା ଅସହାୟ ଲୋକେ ଶୀତବସ୍ତ୍ର କିଣିବାକୁ ଅସମର୍ଥ ହେଉଥିବାରୁ ଯୁବ ବିଜେପି ନେତା ଯଜ୍ଞପ୍ରସାଦ ସାହୁ ଘଷିପୁରା ବ୍ଲକ୍ ଗଡବାନ୍ଧଗୋଡା ପଞ୍ଚାୟତରେ ଶୀତବସ୍ତ୍ର ପ୍ରଦାନ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଛନ୍ତି। ଏହି ପଞ୍ଚାୟତର ଅତ୍ୟନ୍ତ ଗରିବ ଓ ଅସହାୟ ଥିବା ୫୦ ଜଣଙ୍କୁ କମ୍ବଳ ପ୍ରଦାନ କରିଛନ୍ତି। ପଣାସିଆ, ଡଳସାହି, ବଣସାହି, ବାଲ୍ଲିଆ ଓ ହାଡ଼ବାହାଲି ଉପରସାହିଠାରେ ୫୦ଜଣଙ୍କୁ କମ୍ବଳ ସହଯୋଗ କରାଯାଇଛି। ସେହିପରି ଆନନ୍ଦପୁର ପୌରାଞ୍ଚଳର ସମସ୍ତ ୧୭ଟି ୱାର୍ଡରେ ମଧ୍ୟ ଶୀତବସ୍ତ୍ର ପ୍ରଦାନ କରାଯିବ ବୋଲି ସେ ସୂଚନା ଦେଇଛନ୍ତି। ଗଡବାନ୍ଧଗୋଡାଠାରେ ବିଶିକେଶନ ଜେନାଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କେନ୍ଦୁଝର ଫାଉଣ୍ଡେସନ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ଜେନା, ଶାନ୍ତନୁ ସ୍ୱାଇଁ, ଚତୁର୍ଭୁଜ ମୁର୍ମୁ, ପ୍ରଦୀପ ମଲ୍ଲିକ, ଜଗନ୍ନାଥ ଜେନା, ଦୁର୍ଯ୍ୟୋଧନ ମଲ୍ଲିକ, କମଳ ଜେନା, ଚନ୍ଦନ ଜେନା ପ୍ରମୁଖ ସାମିଲ ଥିଲେ।

## ନାରଦପୁରରେ ଜାତୀୟ ପ୍ରେସ ଦିବସ



ନାରଦପୁର, ୧୬।୧୧(ସମିସ): କେନ୍ଦୁଝର ଜିଲ୍ଲା ଝୁମ୍ପୁରା ବ୍ଲକ ନାରଦପୁରଠାରେ ଜାତୀୟ ପ୍ରେସ ଦିବସ ପାଳିତ ହୋଇଯାଇଛି। ଏଥିରେ ପ୍ରେସ କ୍ଲବ ସଭାପତି କିଶୋରକୁମାର ନାଏକ ସଭାପତିତ୍ୱ କରିଥିବାବେଳେ ଜଗଦୀଶ ବାରିକ, ଅର୍ଜୁନ ବେହେରା, ପ୍ରଭାକର ମହାନ୍ତ, ମନୋଜ ମହାନ୍ତ ପ୍ରମୁଖ ସହଯୋଗ କରିଥିଲେ।

# 'ଭ୍ରମାତ୍ମକ ଖବର ସମାଜକୁ କଳୁଷିତ କରୁଛି'

ବାରିପଦା, ୧୬।୧୧(ସମିସ)



ବର୍ତ୍ତମାନ ସମୟରେ ବିଭିନ୍ନ ସାମାଜିକ ଗଣମାଧ୍ୟମ ଓ ଡିଜିଟାଲ ଜରିଆରେ ଭ୍ରମାତ୍ମକ ଖବର ସମାଜକୁ କଳୁଷିତ କରୁଛି। ଏହାକୁ ସବାସର୍ବଦା ପରିହାର କରି ଗଣମାଧ୍ୟମର ପରିଭାଷାକୁ ସୁରକ୍ଷିତ ରଖିବା ଉଚିତ ବୋଲି ରବିବାର

### ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ-୨୦୨୫






ମୟୂରଭଞ୍ଜ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥିତ ସଭାବନା ସଭାଗୃହରେ ଆୟୋଜିତ ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ-୨୦୨୫ ପାଳନ କାର୍ଯ୍ୟକ୍ରମରେ ମତ ପ୍ରକାଶ ପାଇଛି। ଉକ୍ତ ସମାରୋହରେ ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକ ମୁଖ୍ୟଅତିଥି ଭାବେ ଓ ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଦୀପକ କୁମାର ଗୋଛାୟତ ଚଳିତ ବର୍ଷ ପ୍ରେସ କାଉନ୍ସିଲ ଅଫ ଇଣ୍ଡିଆର ବିଷୟ ବସ୍ତୁ 'ଭ୍ରମାତ୍ମକ ଖବର ପ୍ରସାରଣ ବୃଦ୍ଧି ପରିପ୍ରେକ୍ଷୀରେ ଗଣମାଧ୍ୟମ ବିଶ୍ୱସନୀୟତାର ସଂରକ୍ଷଣ' ଶୀର୍ଷକ ଉପରେ ଆଲୋଚନା କରିଥିଲେ। ସାମ୍ବାଦିକ ଗୋଲକ ମହାରଣା, ଅରୁଣ ଓତା, ମନୋଜ ପଣ୍ଡା, ରାମଚନ୍ଦ୍ର ଦାସ, କୃଷ୍ଣଚନ୍ଦ୍ର ସଦୁଆଲ, ରମାନାଥ ବାରିକ, ତୁଷାର ମହାନ୍ତ, ସୁକୁମାର ରଞ୍ଜନ ପ୍ରଧାନ ଓ ପ୍ରତିମା ବାରିକ ବକ୍ତବ୍ୟ ରଖିଥିଲେ। ଜିଲ୍ଲାର ୨ଜଣ ଦିବଂଗତ ସାମ୍ବାଦିକ ଭାଇଙ୍କ ଆତ୍ମାର ସଦଗତି ପାଇଁ ଏକ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତି ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଜିଲ୍ଲା ସୂଚନା ଓ ଲୋକ ସଂପର୍କ କାର୍ଯ୍ୟାଳୟ ଆନୁକୂଲ୍ୟରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ପ୍ରାନ୍ତର ଗଣମାଧ୍ୟମ ପ୍ରତିନିଧି ଜାତୀୟ ପ୍ରେସ ଦିବସ ପାଳନର ମୁଖ୍ୟ ଉଦେଶ୍ୟ ବିଷୟରେ ଆଲୋଚନା କରିଥିଲେ। ଉଦଳା ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସରୋଜ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିବା ବେଳେ କାର୍ଯ୍ୟାଳୟର କର୍ମଚାରୀ ସହଯୋଗ କରିଥିଲେ।

**କାଳିପଦା:** ସାମ୍ବାଦିକ ସଂଘ ସୁବର୍ଣ୍ଣରେଖା ପ୍ରେସ୍ କ୍ଲବ୍ ପକ୍ଷରୁ ବାଲିଆପାଳ ବଜାର ପାରୁଳିଆ ଛକ ଦୁର୍ଗା କଲ୍ୟାଣମଣ୍ଡପରେ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଯାଇଛି। ଉପଦେଷ୍ଟା ଅଧ୍ୟାପକ ଡ. ସୁକାନ୍ତ ଗିରିଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି ଉତ୍ସବରେ ଉଦ୍‌ଘାଟକ ଭାବେ ତହସିଲଦାର ଜ୍ୟୋତ୍ସ୍ନାରାଣୀ ନାୟକ, ମୁଖ୍ୟଅତିଥି ଭାବେ ବସ୍ତା ବିଧାୟିକା ସୁବାସିନୀ ଜେନା, ସମ୍ମାନିତ ଅତିଥି ଭାବେ ପ୍ରାକ୍ତନ ସୂତାକଳ ଏମ୍‌ଡି ଭରତ ଚନ୍ଦ୍ର ମହାନ୍ତି, ପ୍ରାକ୍ତନ ଅଧକ୍ଷ ଡ. ରସିକାନନ୍ଦ ମହାନ୍ତି, ଓଡାନ ସଭାପତି ସୁଧୀର କୁମାର ଖଣ୍ଡା, ଉତ୍କଳ ସମ୍ମିଳନୀ ସଭାପତି କୁଞ୍ଜକାନ୍ତ ପାତ୍ର, ରାହା ସମ୍ପାଦିକା ଆରତୀ ପାତ୍ର, ଯୁବ ସମାଜସେବୀ କମଳଲୋଚନ ଦତ୍ତ, ପ୍ରାକ୍ତନ ପ୍ରଧାନଶିକ୍ଷକ ସୁଧାଂଶୁ ପଣ୍ଡା, ସମାଜସେବୀ ଭାସ୍କର ସାହୁ, ବରିଷ୍ଠ ବିଜେଡି ନେତା ସୌମ୍ୟଦୀପ ଚକ୍ରବର୍ତ୍ତୀ ପ୍ରମୁଖ ଯୋଗଦେଇ ଥିଲେ। ଅନ୍ୟମାନଙ୍କ ମଧ୍ୟରେ କମଳଲୋଚନ ପିଲା, ମନୋଜ ସି, ନଳିନୀକାନ୍ତ ପାଢ଼ୀ, ବିଜୟ କୁମାର ପାତ୍ର, ମନ୍ମଥ କୁମାର ପାତ୍ର, ଗିରିଧାରୀ ଭୂୟାଁ ପ୍ରମୁଖ ଯୋଗଦେଇ ବକ୍ତବ୍ୟ ପ୍ରଦାନ କରିଥିଲେ। ସନ୍ୟାସୀ ବେହେରା ସ୍ୱାଗତଭାଷଣ, ସଦାଶିବ ସେଠୀ ବିବରଣୀ ଓ କ୍ଷୀତିଶ ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

**ରାଇରଙ୍ଗପୁର, :** ବହଳଦାସ୍ଥିତ ଧୀରଜ ଲାଲ ମହାବିଦ୍ୟାଳୟ ପରିସରରେ ଆୟୋଜିତ ଜିଲ୍ଲାସ୍ତରୀୟ ରେଡକ୍ରସ ଶିବିର ଉଦ୍‌ଯାପିତ ହୋଇଯାଇଛି। ଅଧ୍ୟକ୍ଷ ମୋତିଲାଲ ମହାନ୍ତଙ୍କ ସଭାପତିତ୍ୱରେ ଉଦ୍‌ଯାପନୀ ସମାରୋହ ମୁଖ୍ୟ ଅତିଥି ଭାବେ ରେଡ୍‌କ୍ରସ ଆଜୀବନ ସଦସ୍ୟ ତଥା ସହିଦ ମେମୋରିଆଲ ମହାବିଦ୍ୟାଳୟ ଅଧ୍ୟକ୍ଷ ଡ. ଦିଲୀପ କୁମାର ଭୋଇ, ମୁଖ୍ୟବକ୍ତା ଭାବେ ସମାଜସେବୀ ଅଶୋକ କୁମାର ରାଉତ, ସମ୍ମାନିତ ଅତିଥି ଭାବେ ଏଓରାଡିହି ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ ତଥା ଜିଲ୍ଲା ଜୁନିୟର ରେଡ୍‌କ୍ରସ ଅଧିକାରୀ ସୁଚିରଞ୍ଜନ ପାଣି, ବହଳଦା ଥାନା ସବ ଇନ୍ସପେକ୍ଟର ଅନନ୍ତ ଦାସ, ରେଡ୍‌କ୍ରସ ଜିଲ୍ଲା ସଂଯୋଜକ ରାଜେଶ କୁମାର ଦାଶ ଯୋଗ ଦେଇଥିଲେ। ଅଧ୍ୟାପକ ବସନ୍ତ କୁମାର ଦାଶ ମଞ୍ଚ ପରିଚାଳନା କରିଥିଲେ। ମଙ୍ଗଲ ସିଂ ଓ କୃଷ୍ଣ ସିଂ, ସାଧନ କର୍ମୀ ଭାବେ ହିମାଂଶୁ ଶେଖର ସାହୁ ଅଂଶଗ୍ରହଣ କରିଥିଲେ। ପୁରସ୍କାର ବିତରଣରେ ପ୍ରିୟସୀ ମିତ ଓ ରଶ୍ମୀତା ବେହେରା ତଥା ସ୍ୱେଚ୍ଛାସେବୀ ମାନେ ସହଯୋଗ କରିଥିଲେ। ସ୍ନିଗ୍ଧାରାଣୀ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ଶୀରପାଣି ମହାନ୍ତ, ଶ୍ରେଷ୍ଠ ମହିଳା କାଉନସେଲର ଭାବେ ସ୍ୱାତୀ ପ୍ରଜ୍ଞା ମହାନ୍ତ, ଉକ୍ତ ବିଦ୍ୟାଳୟର ଶ୍ରେଷ୍ଠ ସ୍ୱେଚ୍ଛାସେବୀ ଜ୍ୟୋତି ପ୍ରକାଶ ସୋରେନ, ଶ୍ରଦ୍ଧା ସୁମନ ଦତ୍ତଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏଥିରେ ବରିଷ୍ଠ ଅଧ୍ୟାପିକା ସୁମିତ୍ରା ସଂଘମିତ୍ରା ମିଶ୍ର, ଅଧ୍ୟାପକ କିଶୋର ବେହେରା, କାଉନସେଲର ମାନସ କୁମାର ବେହେରା, ରଶ୍ମୀତା ପରିଡ଼ା, ବନିତା ଧରୁଆ, ନରେଶ ଆଚାର୍ଯ୍ୟ ପ୍ରମୁଖ ସହଯୋଗ କରିଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ସପ୍ତଶକ୍ତି ସଙ୍ଗମ

କେନ୍ଦୁଝର, ୧୬।୧୧(ସମିସ): କେନ୍ଦୁଝରଗଡ଼ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ସପ୍ତଶକ୍ତି ସଙ୍ଗମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟବକ୍ତା ଭାବରେ ଧରଣୀଧର ସ୍ୱୟଂଶାସିତ ମହାବିଦ୍ୟାଳୟର ସହକାରୀ ପ୍ରାଧାପିକା ଡ. ଶୁଭସ୍ମିତା ଦାଶ ଉପସ୍ଥିତ ରହି ପରିବାର, ସମାଜ ଓ ଦେଶର କଲ୍ୟାଣ ପାଇଁ କାମ କରିବାକୁ ତଥା ପର୍ଯ୍ୟାବରଣ ଓ କୁଟୁମ୍ବ ପ୍ରବୋଧନ ସମ୍ବନ୍ଧରେ ମାଆମାନଙ୍କର ଭୂମିକା ବିଷୟରେ ବକ୍ତବ୍ୟରେ ପ୍ରକାଶ କରିଥିଲେ। ମାତୃଭାରତୀର ସଭାପତି ସୁଶ୍ରୀ ସଙ୍ଗୀତ ନନ୍ଦ କାର୍ଯ୍ୟକ୍ରମର ସଭାପତିତ୍ୱ କରିଥିଲେ। ପରିଚାଳନା ସମିତିର ସଦସ୍ୟା ଦୁଲାରୀ ଜିସ୍କୁ ଓ ବରିଷ୍ଠ ଆଚାର୍ଯ୍ୟା ମଞ୍ଜୁଶ୍ରୀ ରାଉତ ଉପସ୍ଥିତ ଥିଲେ। ପ୍ରଧାନାଚାର୍ଯ୍ୟ ଅଲେଖ ମହାନ୍ତ ଅତିଥଙ୍କ ପରିଚୟ ପ୍ରଦାନ ସହିତ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଆଚାର୍ଯ୍ୟା ସ୍ନେହଲତା ସାହୁ ସପ୍ତଶକ୍ତିର ଉଦେଶ୍ୟ କହିଥିଲେ। କାର୍ଯ୍ୟକ୍ରମରେ ୧୦୫ ଜଣ ମାଆ ଉପସ୍ଥିତ ଥିଲେ। ସମସ୍ତ ଗୁରୁମାସହଯୋଗ କରିଥିଲେ।

## ବିର୍ସା ମୁଣ୍ଡାଙ୍କ ଜୟନ୍ତୀ



ବାରିପଦା, ୧୬।୧୧(ସମିସ): 'ପରାଧୀନତାର ଶୃଙ୍ଖଳ ଅପମାନକର': ଏହି ଉପଲବ୍ଧି ନେଇ ପ୍ରବଳ ଅତ୍ୟାଚାରୀ ବ୍ରିଟିଶ ସାମ୍ରାଜ୍ୟ ବାଦୀ ଶାସନ କବଳରୁ ଜନ୍ମଭୂମିର ମୁକ୍ତି ପାଇଁ ଆତ୍ମତ୍ୟାଗ କରି ଶହୀଦ ହେବା କେବଳ ପୁଣ୍ୟାତ୍ମାଙ୍କ ଭାଗ୍ୟରେ ଥାଏ। 'ଧରତୀ ଆବା' ବିର୍ସା ମୁଣ୍ଡା ଏହାର ନିଛକ ଉଦାହରଣ। ସେହି ମହାମାନବଙ୍କ ୧୫୧ତମ ଜୟନ୍ତୀ ଜନଜାତୀୟ ଗୌରବ ଦିବସ ଭାବେ ପାଳିତ ହେଉଥିବା ଅବସରରେ ମୟୂରଭଞ୍ଜ ଜିଲ୍ଲା ଶୁକୃଳି ବ୍ଲକ ଅନ୍ତର୍ଗତ ଆଦିପୁରସ୍ଥିତ ପୁଣ୍ୟତୀର୍ଥ ଦୋମୁହାଣୀ ବିକାଶ ପରିଷଦର ସ୍ଥାୟୀ ସଭାପତି ଡ. ବଳଭଦ୍ର ଘଡ଼ାଇଙ୍କ ଆବାହକତ୍ୱରେ ଦୋମୁହାଣୀ ମେଳା ପଡିଆରେ ଜୟନ୍ତୀ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସରପଞ୍ଚ ଲକ୍ଷ୍ମୀ ମୁଣ୍ଡା ଶହୀଦ ବିର୍ସା ମୁଣ୍ଡାଙ୍କ ଫଟୋଚିତ୍ରରେ ପୁଷ୍ପ ମାଲ୍ୟାର୍ପଣ ଓ ଦୀପ ପ୍ରଜ୍ୱଳନ କରିବା ସହିତ ବିର୍ସାଙ୍କ ଜୀବନାଦର୍ଶ ଓ ବଳିଦାନ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ପରିଷଦର ସମସ୍ତ କାର୍ଯ୍ୟକର୍ତ୍ତା ଓ ସଦସ୍ୟ ସଦସ୍ୟା ଉପସ୍ଥିତ ଥିଲେ।

## କରଞ୍ଜିଆ ଉଚ୍ଚ ବିଦ୍ୟାଳୟର ବନ୍ଧୁମିଳନ

କରଞ୍ଜିଆ,୧୬।୧୧(ସମିସ): କରଞ୍ଜିଆ ଉଚ୍ଚବିଦ୍ୟାଳୟର ୧୯୯୫ ବ୍ୟାଚ୍‌ର ବନ୍ଧୁମିଳନ ସ୍ଥାନୀୟ ପର୍ଯ୍ୟଟନସ୍ଥଳୀ ତ୍ରିଧାରା ଠାରେ ଅନୁଷ୍ଠିତ ହୋଇଯାଇଛି। ପ୍ରତିବର୍ଷ ପରି ଚଳିତ ବର୍ଷ ମଧ ବ୍ୟାଚମେଟ୍ ମାନେ ଏକତ୍ରିତ ହୋଇ ପରସ୍ପର ମଧ୍ୟରେ ହସ ଖୁସିର ବାର୍ତ୍ତା ବାଣ୍ଟିଥିଲେ। ନିଜ ବ୍ୟାଚ୍‌ମେଣ୍ଟର ପଛରେ ପଡ଼ିଥିବା ସାଥୀମାନଙ୍କ ଏକ ତାଲିକା ପ୍ରସ୍ତୁତ କରି ଆଗାମୀ ଦିନରେ ସହଯୋଗ କରିବାର ନିଷ୍ପତ୍ତି ନେଇଥିଲେ। ବନ୍ଧୁମାନଙ୍କ ମଧ୍ୟରେ ବାପୁ ଭୁଜବଳ, ବିକାଶ ଅଗ୍ରୱାଲ, ଚନ୍ଦ୍ରଶେଖର ବେହେରା, ସୁରଜ ସିଂ, ଟୁନୁ, ରାମୁ, ଆସଲମ୍, ସାଇପାଦ ଓ ମହାକୁଡ଼ ବନ୍ଧୁ ମିଳନର ନେତୃତ୍ୱ ନେଇଥିଲେ। ଆଗାମୀ ଦିନରେ ବନ୍ଧୁ ମାନଂକ ସହିତ ଗୁରୁଜୀ ମାନଙ୍କୁ ମଧ ସମ୍ବର୍ଦ୍ଧିତ କରିବା ପାଇଁ ନିଷ୍ପତ୍ତି ନେଇଥିଲେ।

## ସାଇବର ସଚେତନତା ବେଳେ ୩ ଲକ୍ଷ ଠକେଇ

ବାରିପଦା, ୧୬।୧୧(ସମିସ): ସାଇବର ଅପରାଧ ରୋକିବା ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ସାଇବର ସଚେତନତା କାର୍ଯ୍ୟକ୍ରମ ଜାରି ଥିବାବେଳେ ବ୍ୟକ୍ତି ଜଣକ ସାଇବର ଠକେଇର ଶିକାର ହୋଇଛନ୍ତି। ଚାନ୍ଦୁଆ ଥାନା ଅଧୀନ ଢେମଣା ଷୋଳ ଗ୍ରାମର ବବୁଲୁ ମୁର୍ମୁ ୩ଲକ୍ଷ ଟଙ୍କାର ଠକେଇର ଶିକାର ନେଇ ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଅଭିଯୋଗ କରିଛନ୍ତି। ତାଙ୍କ ମୋବାଇଲକୁ ଏକ ଅଜଣା ଆପ୍ଲିକେସନ ମେସେଜ ଆସିଥିଲା। ଯାହାକୁ ସେ ଡାଉନଲୋଡ କରିଥିଲେ। ଏହାପରେ ତାଙ୍କ ଅଜାଣତରେ ବ୍ୟାଙ୍କ ଆକାଉଣ୍ଟରୁ ଟଙ୍କା ଉଠାଣ ହୋଇଥିଲା। ପର୍ଯ୍ୟାୟକ୍ରମରେ ସାଇବର ଠକେଇ କରି ମୋଟ ୩ଲକ୍ଷ ଟଙ୍କା ଉଠାଇ ନେଇଛନ୍ତି। ଏନେଇ ସେ ଥାନାର ଦ୍ୱାରସ୍ଥ ହୋଇଛନ୍ତି।

## ଦିନିକିଆ ଅଫିସିଆଲ କ୍ରିକେଟ କାର୍ଣ୍ଣିଭାଲ

ଆନନ୍ଦପୁର, ୧୬।୧୧ (ସମିସ): ଆନନ୍ଦପୁରରେ ଘସିପୁରା ଓ ହାଟଡିହି ବ୍ଲକର କର୍ମଚାରୀଙ୍କ ମଧ୍ୟରେ ଏକ ଦିନିକିଆ କ୍ରିକେଟ କାର୍ଣ୍ଣିଭାଲ ଅନୁଷ୍ଠିତ ହୋଇଯାଇଛି। ପ୍ରଥମ ପର୍ଯ୍ୟାୟ ମ୍ୟାଚରେ ହାଟଡିହି ଘସିପୁରା ଆନନ୍ଦପୁର ଘସିପୁରା ଓ ଆନନ୍ଦପୁର ହାଟଡିହି ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ହାଟଡିହି ପ୍ରଥମେ ବ୍ୟାଟିଂ କରି ୧୦ ଓଭରରେ ୯୪ରନ ସଂଗ୍ରହ କରିଥିବା ବେଳେ ଜବାବରେ ଘସିପୁରା ବ୍ଲକ ୯ଓଭର ୩ ବଲରେ ୯୬ ରନ କରି ବିଜୟୀ ହୋଇଥିଲେ। ଖେଳକୁ ଅମ୍ପାୟାର ସୋମ୍ୟ ଜଗନ ପରିଚାଳନା କରିଥିଲେ। ପରେ ଉଭୟ ଦଳଙ୍କୁ ମୁଖ୍ୟଅତିଥି ପୁରସ୍କାର ପ୍ରଦାନ କରିଥିଲେ। ବିଡ଼ିଓ ମନୋଜ କୁମାର ମହାନ୍ତ ରଞ୍ଜନ ପରିଡା ଓ ବିନିତା ବିଜଇନି ପରିଚାଳନା କରିଥିଲେ।

## ଚାନ୍ଦୁଆରେ ମାଗଣା ସ୍ୱାସ୍ଥ୍ୟ ଶିବିର

କୁଳିଅଣା, ୧୬।୧୧(ସମିସ): ଚାନ୍ଦୁଆଠାରେ ଇଲେକ୍‌ଟ୍ରୋ ହୋମିଓପାଥି ଡାକ୍ତର ଆସୋସିଏସନ ତରଫରୁ ଏକ ମାଗଣା ଚିକିତ୍ସା ଶିବିର ଆୟୋଜିତ ହୋଇଯାଇଛି। ପ୍ରଫେସର ଡକ୍ଟର ସରୋଜ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଘାଟନୀ ସଭାରେ ମୁଖ୍ୟ ଅତିଥିଭାବେ ସଙ୍ଘର ଉପଦେଷ୍ଟା ତଥା ପୂର୍ବତନ ବିଧାୟକ ଡାକ୍ତର ବୁଡାନ ମୁର୍ମୁ ଯୋଗ ଦେଇଥିଲେ। ବିଶିଷ୍ଟ ଚିକିତ୍ସକ ତଥା ସଙ୍ଘର ପୂର୍ବତନ ସଭାପତି ଡାକ୍ତର ଚୂଡ଼ାମଣି ପାତ୍ର ସ୍ୱତନ୍ତ୍ର ଅତିଥି ଭାବେ ଯୋଗ ଦେଇଥିବା ବେଳେ ପୂର୍ବତନ ଜିଲ୍ଲା ବିଜ୍ଞାନ ପରିଦର୍ଶକ ଅମିତାଭ ମିଶ୍ର ମୁଖ୍ୟ ବକ୍ତା ଭାବେ ଯୋଗ ଦେଇଥିଲେ। ପୁରୁଷୋତ୍ତମ ଇଲେକ୍‌ଟ୍ରୋ ହୋମିଓପାଥି ପ୍ରତିଷ୍ଠାନ ଝାରପୋଖରିଆର ଅଧ୍ୟପକ ଡକ୍ଟର ଗୋପାଳଚନ୍ଦ୍ର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଏଥିରେ ମୋତେ ୩୭ ଜଣ ରୋଗୀ ଚିକିତ୍ସିତ ହୋଇଥିଲେ।

## ହାଟରୁ ବାଇକ୍ ଚୋରି

ଆନନ୍ଦପୁର,୧୬।୧୧(ସମିସ): ରାମଚନ୍ଦ୍ରପୁର ଥାନା ସୁଆଁପଦା ହାଟରୁ ଗୋଟିଏ ବାଇକ୍ ଚୋରି ହୋଇଛି। ଅଳତି ଗ୍ରାମର କୃପାସିନ୍ଧୁ ମହାରଣା ସନ୍ଧ୍ୟାରେ ସୁଆଁପଦା ହାଟକୁ ପରିବା ପାଇଁ ଆସିଥିଲେ। ବାଇକ୍ ଓଡି ୦୬ ଇ ୬୯୬୩ ଗୋଟିଏ ସ୍ଥାନରେ ରଖି ଦେଇ ପରିବା କିଣିଥିଲେ। ପରେ ଦେଖିଲେ ଯେ ବାଇକ୍ ନଥିଲା। ଖୋଜାଖୋଜି କରି ବିଫଳ ହୋଇ ରାମଚନ୍ଦ୍ରପୁର ଥାନାରେ ଅଭିଯୋଗ କରିଛନ୍ତି।

## ଆଦର୍ଶ ଦୁର୍ଗାବତୀ ରାଷ୍ଟ୍ରଭାଷା ବିଦ୍ୟାଳୟର ବାର୍ଷିକ ଉତ୍ସବ

ବାରିପଦା, ୧୬।୧୧(ସମିସ): ବାରିପଦାର କୃଷ୍ଣଚନ୍ଦ୍ର ଗୋଲେଇସ୍ଥିତ ଆଦର୍ଶ ଦୁର୍ଗାବତୀ ରାଷ୍ଟ୍ରଭାଷା ବିଦ୍ୟାଳୟର ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। ପରିଚାଳନା କମିଟିର ସଭାପତି ତଥା ସମାଜସେବୀ ଗୟାପ୍ରସାଦ ଖଣ୍ଡେଲୱାଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପୁରସ୍କାର ବିତରଣୀ ଉତ୍ସବରେ ପୂର୍ବତନ କେନ୍ଦ୍ର ମନ୍ତ୍ରୀ ଇ ବିଶେଶ୍ୱର ଟୁଡୁ ମୁଖ୍ୟଅତିଥି ଭାବେ ଯୋଗଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ବିତରଣ କରିଥିଲେ। କମିଟିର ସଦସ୍ୟ ତଥା ବରିଷ୍ଠ ସାମ୍ବାଦିକ ସୁକାନ୍ତ ଜୀଉ, ଅତିରିକ୍ତ ଗୋଷ୍ଠୀ ଶିକ୍ଷାଧିକାରୀ ବ୍ରଜମୋହନ ମୁର୍ମୁ, ଭାଗବତ ପଣ୍ଡା, ପ୍ରାକ୍ତନ ପ୍ରଧାନ ଶିକ୍ଷକ ସନ୍ତୋଷ ମହାନ୍ତି, ସାମ୍ବାଦିକ ତରୁଣ କୁମାର ଦାଶ, ଅବସରପ୍ରାପ୍ତ କୃତୀ ଶିକ୍ଷକ ବଳରାମ ନାଥ, ଡ ଅସୀମ କୁମାର ଚକ୍ରବର୍ତ୍ତୀ, ସମାଜସେବୀ ଡ ନିରୋଜ କୁମାର ପୋଥାଳ ତଥା କପିଳ ଦୁବେ ପ୍ରମୁଖ ଛାତ୍ରଛାତ୍ରୀଙ୍କୁ ଉଦ୍‌ବୋଧନ ଦେଇଥିଲେ। ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଡ ଶଶିଧର ବିଶ୍ୱାଳ ମଞ୍ଚ ପରିଚାଳନା କରିଥିଲେ। ନହରପଦା ଆଞ୍ଚଳିକ ସାଧନ କେନ୍ଦ୍ର ଅନ୍ତର୍ଗତ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ମଧ୍ୟରେ ଚିତ୍ରାଙ୍କନ, ସଂଗୀତ, ନୃତ୍ୟ, ପ୍ରବନ୍ଧ, ଏକକ ଅଭିନୟ ଆଦି ପ୍ରତିଯୋଗିତା କରାଯାଇ ୬୨ ଜଣ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ପ୍ରାକ୍ତନ ପ୍ରଧାନ ଶିକ୍ଷକ ସନ୍ତୋଷ କୁମାର ମହାନ୍ତି, ସିଆରସିସି କନକଲତା ମାଝୀ, ଶିକ୍ଷକ ବଳରାମ ନାଥ, ରାମଚନ୍ଦ୍ର ବେହେରା, ସର୍ଦ୍ଦାର ହରିଚରଣ ସିଂହ, ହିମାଂଶୁ ପ୍ରହରାଜ, ଚିତ୍ତରଞ୍ଜନ ସ୍ୱାଇଁ, ସୋମନାଥ ସିଂହ, ସିଦ୍ଧେଶ୍ୱର ମିଶ୍ର, ଅଜିତ ଦାସ, ରଜନୀବାଳା ବାରିକ, ବିନୋଦ କୁମାର ମାଣ୍ଡାଇଙ୍କୁ ଚାରାଗଛ ଓ ଉପଢୌକନ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ, ଅଭିଭାବକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶିକ୍ଷକ ଜ୍ଞାନରଞ୍ଜନ ବାରିକ ଧନ୍ୟବାଦ ଅର୍ପଣ କରିଥିଲେ।

### କେନ୍ଦୁଝର ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ

# ଗଣମାଧ୍ୟମର ବିଶ୍ୱସନୀୟତାକୁ ଅକ୍ଷୁଣ୍ଣ ରଖିବାକୁ ଗୁରୁତ୍ୱାରୋପ

କେନ୍ଦୁଝର, ୧୬।୧୧(ସମିସ)




ଦିନକୁ ଦିନ ବ୍ୟାପକ ଭାବେ ବୃଦ୍ଧି ପାଉଥିବା ଭ୍ରମାତ୍ମକ ସୂଚନା ମଧ୍ୟରେ ଗଣମାଧ୍ୟମର ବିଶ୍ୱସନୀୟତାକୁ ଅତୁଟ ରଖିବା ପାଇଁ ନୂତନ ଆହ୍ୱାନ ସୃଷ୍ଟି କରିଛି। ଏହି ପରିପ୍ରେକ୍ଷୀରେ କେନ୍ଦୁଝରରେ ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଯାଇଛି। ଦରବାର ହଲଠାରେ ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ କାର୍ଯ୍ୟାଳୟ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବରିଷ୍ଠ ପ୍ରଶାସନିକ ଅଧିକାରୀଙ୍କ ସହିତ ଜିଲ୍ଲାସ୍ତରୀୟ ଗଣମାଧ୍ୟମ ପ୍ରତିନିଧିମାନେ ଯୋଗ ଦେଇଥିଲେ। ମୁଖ୍ୟଅତିଥି ଭାବରେ ଅତିରିକ୍ତ ଜିଲ୍ଲାପାଳ ମଦରଧର ମହାଲିକ ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ସର୍ବଦା ସଠିକତା, ନିରପେକ୍ଷତା ଏବଂ ବୃତ୍ତିଗତ ନୀତିକୁ ବଜାୟ ରଖିବାକୁ ଆହ୍ୱାନ କରିଥିଲେ। କେନ୍ଦୁଝର ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସାର୍ଥକ ଅଭିନନ୍ଦନ ରାୟ ସମୟୋଚିତ ତଥ୍ୟ ଯାଞ୍ଚ ଏବଂ ଖବରର ଦାୟିତ୍ୱପୂର୍ଣ୍ଣ ପ୍ରସାରଣର ଗୁରୁତ୍ୱ ଉପରେ ବକ୍ତବ୍ୟ ରଖିଥିଲେ। ସମ୍ମାନିତ ଅତିଥିଭାବେ ଏସିଏଫ ସୁଶାନ୍ତ ପଣ୍ଡା, ଆଇଆଇସି ସନାତନ ପାତ୍ର, କେନ୍ଦୁଝର ପ୍ରେସ୍ କ୍ଲବ ସଭାପତି ଜୟନାରାୟଣ ପଣ୍ଡା ଏବଂ କୋଷାଧ୍ୟକ୍ଷ ଦେବାଶିଷ ମିଶ୍ର ଯୋଗ ଦେଇଥିଲେ। ଜାତୀୟ ପ୍ରେସ୍ ଦିବସ ପାଳନକୁ ଆହୁରି ସ୍ମରଣୀୟ କରିବା ପାଇଁ କେକ୍ କଟାଯାଇଥିଲା।

## ରବି ଫସଲ ଉପରେ ଚାଷୀଙ୍କ ଦକ୍ଷତା ବିକାଶ କାର୍ଯ୍ୟକ୍ରମ

କପ୍ତିପଦା, ୧୬।୧୧ (ସମିସ): କପ୍ତିପଦା ବ୍ଲକ ଝିଙ୍କେଶ୍ୱର୍ ଏଗ୍‌ରୋ ଫିଡ ଫାର୍ମର ପ୍ରଡୁସର କମ୍ପାନୀ ଲିମିଟେଡ ତରଫରୁ ଏକ ଚାଷୀ ସଚେତନତା ଓ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଉଦଳା ବିଧାୟକ ଭାସ୍କର ମଢେଇ ଯୋଗ ଦେଇଥିଲେ। କପ୍ତିପଦା କୃଷି ଅଧିକାରିଣୀ ନମିତା ସିଂ ସଭାପତିତ୍ୱ କରିଥିଲେ। ମୁଖ୍ୟବକ୍ତା ଭାବେ ମାର୍କଫେଡ ଏରିଆ ମ୍ୟାନେଜର ଶିଶିର କୁମାର ପ୍ରଧାନ ଯୋଗଦେଇ ଚାଷୀମାନଙ୍କୁ ଅର୍ଥକାରୀ ଫସଲ ଚାଷ ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ବାଦାମ, ମୁଗ ଇତ୍ୟାଦି ଏମଏସପି ଦରରେ କିଣାଯିବ ବୋଲି ମତବ୍ୟକ୍ତ କରିଥିଲେ। ସମ୍ମାନିତ ଅତିଥି ଭାବେ କ୍ଷେତ୍ର ଅଧିକାରୀ ଇଫକୋ ମୟୂରଭଞ୍ଜର ଯଶୋବନ୍ତ ମେହେର, କୃଷି ବିଜ୍ଞାନୀ ଡ. ଫ୍ଲାବିତା ରାଉତ, ଉଦ୍ୟାନବିତ୍ ଦେବାଶିଷ ରାମ, ସୁନେଇ ଓ କାଳ ବନ୍ଧର କନିଷ୍ଠ ଯନ୍ତ୍ରୀ ସଞ୍ଜୟ ନାୟକ ଓ ଅନନ୍ତ ମୁର୍ମୁ, କୃଷି ସହାୟକ ଯନ୍ତ୍ରୀ ଚନ୍ଦ୍ରିକା ସେଠୀ, ପିଓନିର କମ୍ପାନୀର ଆଞ୍ଚଳିକ ଅଧିକାରୀ ନିହାର ରଞ୍ଜନ ବାବୁ, ସମାଜସେବୀ ପ୍ରବୀରଚନ୍ଦ୍ର ସାଏ ଯୋଗ ଦେଇଥିଲେ। ଝିଙ୍କେଶ୍ୱର ଏଗ୍ରୋଫିଡ଼ର ଏମଡି ରଣଜିତ କୁମାର ସେଠୀ ସଭା ପରିଚାଳନା କରିଥିଲେ। ଏସଓଏ ଶେଷ ବର୍ଷର କୃଷିବିଜ୍ଞାନୀ ଛାତ୍ରୀ ରୁନଝୁନ ଲେଙ୍କା ବିବରଣୀ ପାଠ କରିଥିଲେ। ଅନ୍ୟ ଏକ କୃଷି ବିଜ୍ଞାନୀ ଛାତ୍ରୀ ସ୍ୱାତୀ ସ୍ନିଗ୍ଧା ବେହେରା ରସାୟନିକ ସାର ଏବଂ ଜୈବିକ ସାର ମଧ୍ୟରେ ପ୍ରଭେଦ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ଝିଙ୍କେଶ୍ୱର ଏଗ୍‌ରୋଫିଡ ସିଇଓ ସାଇପ୍ରକାଶ ମଦୁଆଳ ଏମଡି ରଣଜିତ ସେଠୀ ସଭା ସହଯୋଗ କରିଥିଲେ। ବିଓଡି ତପନ ହେବ୍ରମ୍, କ୍ଷେତ୍ରମୋହନ ଟୁଡୁ, ଜୟନ୍ତ ନାୟକ, ସନ୍ଧ୍ୟାରଣି ନାୟକ, ପଦ୍ମାବତୀ ମୁର୍ମୁ, ରସାନନ୍ଦ ମଲ୍ଲିକ, ପ୍ରସନ୍ନ ମଲ୍ଲିକ, ରଞ୍ଜନ ବାରିକ, କୃଷ୍ଣ ପ୍ରଧାନ, ନିନି ଦାସ, ଶଶିଧର ଜେନା, କାର୍ତ୍ତିକ ନାୟକ, ପ୍ରଦୀପ ପରିଡ଼ା ଯୋଗ ଦେଇଥିଲେ।

# ବନ୍ଧୁକ ମାଫିଆଙ୍କ ଟାର୍ଗେଟ୍ ଟୁଇନ୍‌ସିଟି

ଭୁବନେଶ୍ୱର, ୧୬।୧୧(ସମିସ): ଭୁବନେଶ୍ୱର ଏବଂ କଟକ ଟୁଇନ୍‌ସିଟି ଶାନ୍ତିପ୍ରିୟ ସହର ଭାବେ ଦେଶରେ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଛି। ଟୁଇନ୍‌ସିଟିର ଏହି ଶାନ୍ତକୁ ଦେଖି ସହି ପାରୁନାହାନ୍ତି ଉତ୍ତର ଭାରତର ବନ୍ଧୁକ ବ୍ୟବସାୟୀ। ପରିସ୍ଥିତି ବିଗାଡ଼ିବାକୁ ଏହା ଉପରେ ଦୁଇ ସହର ଉପରେ ଲୋଲୁପ ଦୃଷ୍ଟି ପକାଇଛନ୍ତି। ବନ୍ଧୁକ ବ୍ୟବସାୟ କରି ସହରର ଶାନ୍ତିକୁ ଭଙ୍ଗ କରିବାକୁ ଏମାନେ ଜୋରସୋର୍‌ରେ ଉଦ୍ୟମ ଚଳାଇଛନ୍ତି। ପ୍ରତ୍ୟେକ ଅପରାଧୀଙ୍କ ହାତରେ ଅଟୋମେଟେଡ୍ ବନ୍ଧୁକ ଯୋଗାଇଦେବା ଲକ୍ଷ୍ୟରେ ଏମାନେ ସିନା ମୋଟା ଅଙ୍କର ଟଙ୍କା ରୋଜଗାର କରୁଛନ୍ତି କିନ୍ତୁ ପରିଣାମରେ ଅଶାନ୍ତ ହୋଇପଡ଼ୁଛି ରାଜଧାନୀ ସହର ସମେତ ପୂରା ଟୁଇନ୍ ସିଟି।

ପୂର୍ବରୁ ଏହି ବ୍ୟବସାୟୀମାନେ ଟୁଇନ୍‌ସିଟିରେ କାଁ ଭାଁ ସକ୍ରୀୟ ହେଉଥିଲେ। ଗୋଟିଏ ଦୁଇଟି ବନ୍ଧୁକ ଆଣି ବ୍ୟବସାୟ କରୁଥିଲେ। ହେଲେ ଏବେ କିନ୍ତୁ ଉତ୍ତର ଭାରତ ବନ୍ଧୁକ ବ୍ୟବସାୟୀ ବର୍ଷ ତମାମ୍ ସକ୍ରିୟ ରହୁଛନ୍ତି। ଟୁଇନ୍‌ସିଟିରେ ଏମାନେ ନିଜର ପାଦଚିହ୍ନ ବଢ଼ାଇବାରେ ଲାଗିଛନ୍ତି। ନିଜର ଜଡ ମଜଭୂତ କରୁଛନ୍ତି। ବିଗତ କିଛି ବର୍ଷ ଧରି ଗୋଟିଏ ଦୁଇଟି ବଡ ଚଢଉ ହେଉଥିଲା। ଯେଉଁଥିରେ ୫କିମ୍ବା ଏହାଠାରୁ ଅଧିକ ବନ୍ଧୁକ ଜବତ ହେଉଥିଲା। ଚଳିତବର୍ଷରେ ଟୁଇନ୍‌ସିଟିରେ ବନ୍ଧୁକକୁ ନେଇ ଅନେକ ଛୋଟମୋଟ ଚଢଉ ହୋଇଥିଲା ବେଳେ ୪ଟି ବଡ଼ ଚଢଉ ହୋଇଛି। ଏହି ୪ ଚଢ଼ଉରେ ଏକ ବନ୍ଧୁକ କାରଖାନା, ୫୦ବନ୍ଧୁକ ଏବଂ ୩୯ ଜୀବନ୍ତ ଗୁଳି ଜବତ ହୋଇଛି। ଯାହା ଏବେ ପୁଲିସ ପାଇଁ ମୁଣ୍ଡବିନ୍ଧାର କାରଣ ପାଲଟିଛି।

ପ୍ରତ୍ୟେକଟି ବଡ ଚଢଉରେ ଉତ୍ତର ଭାରତର ବ୍ୟବସାୟୀ ଏବଂ ଅପରାଧୀଙ୍କ ଲିଙ୍କ୍ ଥାଏ। ଏମାନେ କଟକ ୪୨ମୌଜାରେ ବନ୍ଧୁକ କାରଖାନା ବସାଇ ବହୁ ବନ୍ଧୁକ ବିକ୍ରି କରିଛନ୍ତି। ଏହି ଗୋଟିଏ ଘଟଣାକୁ ଛାଡିଦେଲେ ଅନ୍ୟ ସମସ୍ତ ଘଟଣାରେ ପୁଲିସ ମାଷ୍ଟରମାଇଣ୍ଡ ପାଖରେ ପହଞ୍ଚି ପାରୁ ନାହିଁ। କେବଳ ବନ୍ଧୁକ ସପ୍ଲାୟର୍ସଙ୍କୁ ଗିରଫ କରୁଛି। ଏମାନେ କାହାକୁ ବନ୍ଧୁକୁ ଯୋଗଇଛନ୍ତି ତାହା ମଧ୍ୟ ଜାଣି ପାରୁନାହିଁ। ଯାହା ଚିନ୍ତାର ମୁଖ୍ୟ କାରଣ। ଟୁଇନ୍‌ସିଟିରେ ବନ୍ଧୁକ ବ୍ୟବସାୟ ବଢ଼ିଲେ ଅପରାଧ ବୃଦ୍ଧି ପାଇବ। ଅଧିକରୁ ଅଧିକ ଯୁବଗୋଷ୍ଠୀ ଅପରାଧ ମୁହାଁ ହେବ। ହତ୍ୟା, ଲୁଟ୍, ଗ୍ୟାଙ୍ଗ୍‌ୱାର, ବଟି ଆଦାୟ, ଡକାୟତି, ଚୋରି ଭଳି ଅପରାଧ ବଢ଼ିବ। ଯାହା ଦୁଇ ସହରର ଶାନ୍ତିପୂର୍ଣ୍ଣ ସାମାଜିକ ପରିସ୍ଥିତିକୁ ଦୃଢ ମାତ୍ରାରେ ପ୍ରଭାବିତ କରିବ।





- ବିହାର ପରେ ମାତିଲେଣି ପୂରା ଉତ୍ତରଭାରତ ବେପାରୀ
- ବହୁ ପରିମାଣରେ ଯୋଗାଉଛନ୍ତି ବନ୍ଧୁକ
- ବର୍ଷକରେ ୪ ବଡ଼ ଚଢ଼ଉ; ୫୦ ବନ୍ଧୁକ, ୩୯ ଗୁଳି ଜବତ

### ୪୨ମୌଜାରେ ଉତ୍ତର ଭାରତ ଗ୍ୟାଙ୍ଗ୍ ଚଳାଇଥିଲେ କାରଖାନା



ମାର୍ଚ୍ଚ ମାସ ୧୩ ତାରିଖରେ କମିସନରେଟ୍ ପୁଲିର ଅଞ୍ଚଳ ୪୨ ମୌଜାରେ ବିଦେଶୀ ବନ୍ଧୁକ କାରଖାନା ଠାବ ହୋଇଥିଲା। ଯାହା ରାଜ୍ୟରେ ଚାଞ୍ଚଲ୍ୟ ଖେଳାଇ ଦେଇଥିଲା। ଉପକୂଳ ଜିଲ୍ଲାରେ ଏଭଳି କାରଖାନା ଦେଖି ଠାବ କରିଥିବା ସଂସ୍ଥା ଏସ୍‌ଟିଏଫ୍ ବି ଆଶ୍ଚର୍ଯ୍ୟ ହୋଇଯାଇଥିଲା। ଏକ ଫାର୍ମ ହାଉସର ଚାଳଘରେ ଚାଲିଥିବା ଏହି କାରଖାନାରୁ ମିଳିଥିଲା ୨୯ ବନ୍ଧୁକ। ମୋଟର, ଲେଦ୍, ୧୪ ସ୍ଲାଇଡର, ୧୫ ବାରେଲ୍। ଉତ୍ତରପ୍ରଦେଶ ଫେରନ୍ତା ଜଣେ ସ୍ଥାନୀୟ ବ୍ୟକ୍ତିଙ୍କ ସହାୟତାରେ ଉତ୍ତର ଭାରତ ବନ୍ଧୁକ ବ୍ୟବସାୟୀ ଗ୍ୟାଙ୍ଗ୍ ଚଳାଇଥିଲେ ବନ୍ଧୁକ କାରଖାନା। ଏଥିରେ ଉତ୍ତର ପ୍ରଦେଶ ହଜରତଗଞ୍ଜ ଅଞ୍ଚଳର ଏମ୍‌ଡି. ହୁସେନ୍ ଏବଂ ବିହାର ମୁଙ୍ଗେର ଅଞ୍ଚଳର ମହମ୍ମଦ କାଲୁ ଏବଂ ପଶ୍ଚିମବଙ୍ଗର ଏମ୍‌ଡି. ବୁଧୁଙ୍କୁ ଗିରଫ କରିଥିଲା। ଏମାନେ ବର୍ଷେରୁ ଅଧିକ ସମୟ ଧରି ବନ୍ଧୁକ ପ୍ରସ୍ତୁତ କରି ରାଜ୍ୟରେ ବହୁ ଅପରାଧୀଙ୍କୁ ବିକ୍ରି କରିଥିବା ଏସ୍‌ଟିଏଫ୍ ସାମ୍ନାରେ ସ୍ୱୀକାର କରିଥିଲେ।

### ଜୁନ୍‌ରେ ଧରାପଡ଼ିଥିଲେ ୟୁପି, ବିହାରର ୫ ଅଭିଯୁକ୍ତ

ଚଳିତବର୍ଷ ଜୁନ୍୧୩ ତାରିଖରେ କମିସନରେଟ୍ ପୁଲିସ ଉତ୍ତରପ୍ରଦେଶ ଏବଂ ବିହାରରୁ ବନ୍ଧୁକ ଓଡ଼ିଶା ଆଣି ବ୍ୟବସାୟ କରୁଥିବା ଏକ ଗ୍ୟାଙ୍ଗ୍‌କୁ ପୁଲିସ ମାଡି ବସିଥିଲା। ଏହି ୨ରାଜ୍ୟର ୫ ଅଭିଯୁକ୍ତଙ୍କୁ ଠାରୁ ୬ବନ୍ଧୁକ ଏବଂ ୧୮ ଗୁଳି ଜବତ ହୋଇଥିଲା।



### ଦୁଇ ମାସ ତଳେ ଧଉଳିରୁ ଧରାପଡ଼ିଥିଲା ୧୦ ବନ୍ଧୁକ

ଗତ ସେପ୍ଟେମ୍ବର ମାସରେ ଭୁବନେଶ୍ୱର ଧଉଳି ଅଞ୍ଚଳରୁ ସ୍ପେଶାଲ କ୍ରାଇମ୍ ୟୁନିଟ୍ ବିପୁଳ ୧୦ ସେମିଆଟୋମେଟେଡ୍ ବନ୍ଧୁକ, ୧୮ ଗୁଳି ଜବତ କରିଥିଲା। ଧଉଳି ଥାନା ଅଞ୍ଚଳରେ ବନ୍ଧୁକ ସପ୍ଲାୟର ସେଖ୍ ନଦୀମ୍‌କୁ ପୁଲିସ ଭୋରୁ ଭୋରୁ ପୁଲିସ ମାଡ଼ିବସିଥିଲା। ତାଙ୍କ ଘର କୃଷ୍ଣନନ୍ଦନପୁର ଅଞ୍ଚଳରେ ହୋଇଥିଲା ବେଳେ ସେ ଉତ୍ତର ଭାରତର ଆର୍ମସ୍ ଡିଲରଙ୍କ ଲିଙ୍କ୍‌ରେ ରହି ଏଭଳି କାରବାର କରୁଥିବା ଚର୍ଚ୍ଚା ହୋଇଥିଲା। ସେ ସେଠାରୁ ବନ୍ଧୁକ ଆଣି ରାଜଧାନୀକୁ ବନ୍ଧୁକ ସପ୍ଲାଏ କରୁଥିଲେ।

### ମୁଙ୍ଗେର ବନ୍ଧୁକକୁ ଜବତ କରିଥିଲା ମାଲଗୋଦାମ ପୁଲିସ

୨୬ ଜୁଲାଇରେ ମାଲଗୋଦାମ ଥାନାକୁ ଗୁଇନ୍ଦା ସୂଚନା ମିଳିଲା ଯେ ଥାନା ଅଞ୍ଚଳରେ ମୁଙ୍ଗେରୁ ଆସିଥିବା ବନ୍ଧୁକ କାରବାର ହେଉଛି। ତୁରନ୍ତ ପୁଲିସ ଟିମ୍ ଛାପା ମାରି ୫ବନ୍ଧୁକ ଏବଂ ୧୩ ଜୀବନ୍ତ ଗୁଳି ଜବତ କଲା। ଏହାସହ ୬ଜଣଙ୍କୁ ଗିରଫ କରିଥିଲା। ଏହି ୬ଜଣ ବିହାରୀ ବନ୍ଧୁକ ବ୍ୟବସାୟୀ ଗ୍ୟାଙ୍ଗ୍‌ର ଅଂଶ ଥିଲେ। ଏମାନେ ବିହାରୀ ଗ୍ୟାଙ୍ଗ୍ ଠାରୁ ବନ୍ଧୁକ ଆଣି ନିୟମିତ ଭାବେ କଟକ ଏବଂ ଭୁବନେଶ୍ୱରରେ ଅପରାଧୀଙ୍କୁ ବନ୍ଧୁକ ଯୋଗାଉଥିଲେ।

### ଡକାୟତଙ୍କୁ ବିକ୍ରି ହେଉଛି ବନ୍ଧୁକ

ସୁନା ଦୋକାନରେ ଡକାୟତି କରୁଥିବା ଗ୍ୟାଙ୍ଗ୍ ଏମାନଙ୍କ ପ୍ରଥମ କଷ୍ଟମର୍। ଏମାନେ ପ୍ରରମ୍ଭିକ ପର୍ଯ୍ୟାୟରେ ଏମାନଙ୍କୁ ହିଁ ବନ୍ଧୁକ ଯୋଗାଉଛନ୍ତି। ୪୨ ମୌଜା ବନ୍ଧୁକ କାରଖାନା ଲିଙ୍କ ଖୋଜୁ ଖୋଜୁ ଖୋଜୁ ଏମ୍‌ଡି. ଆସଲମ୍ ଏସ୍‌ଟିଏଫ୍ ହାତରେ ଧରାପଡ଼ିଥିଲେ। ପରେ ତଦନ୍ତରୁ ଜଣାପଇଥିଲା ପାଣିକୋଇଲି ଜୁଏଲାରୀ ସପ୍ ମାଲିକଙ୍କୁ ହତ୍ୟାରେ ଏହି ବନ୍ଧୁକ ବ୍ୟବହାର କରାଯାଇଥିଲା। ସେହିପରି ସମ୍ବଲପୁର ଗୋଲ୍ଡ ଲୋନ୍ କାର୍ଯ୍ୟାଳୟ ସମ୍ମୁଖ ହତ୍ୟାକାଣ୍ଡରେ ମଧ୍ୟ ଏହି ବନ୍ଧୁକ ବ୍ୟବହାର କରାଯାଇଥିଲା।

### ବନ୍ଧୁକ କିଣୁଛନ୍ତି ବ୍ରାଉନ୍‌ସୁଗରର ସପ୍ଲାୟର୍ସ

ଡାକାୟତଙ୍କ ପରେ ଏମାନଙ୍କ ବ୍ରାଉନ୍‌ସୁଗର ସପ୍ଲାୟର୍ସଙ୍କ ପାଖରେ ଏମାନଙ୍କ ବନ୍ଧୁକ ଚାହିଦା କାହିଁରେ କଣ। ରାଜ୍ୟର ନିଶା କାରବାର ନେଟ୍‌ୱର୍କ ଏମାନଙ୍କ ବନ୍ଧୁକ ସହାୟତରେ ରାଜ୍ୟରେ ବର୍ତ୍ତମାନ ସବୁଠାରୁ ସକ୍ରୀୟ। ଅବଶ୍ୟକ ହେଲେ ଏହି ବନ୍ଧୁକରେ ପୁଲିସକୁ ବି ଗୁଳି ଚଳାଇବାକୁ ପଛାଉ ନାହାନ୍ତି।

### ପୂର୍ବରୁ କେବଳ ଗ୍ୟାଷ୍ଟରଷ୍ଟରଙ୍କୁ ଯୋଗାଉଥିଲେ ଏବେ ସମସ୍ତଙ୍କୁ ବିକ୍ରି କରୁଛନ୍ତି

ଉତ୍ତର ଭାରତର ବନ୍ଧୁକ ବେପାରୀ ପୂର୍ବରୁ କେବଳ ରାଜ୍ୟରେ କିଛି ଗ୍ୟାଙ୍ଗ୍‌ଷ୍ଟରଙ୍କୁ ବନ୍ଧୁକ ଯୋଗାଉଥିଲେ। ହେଲେ ଏମାନଙ୍କ ପାଖରେ ସପ୍ଲାୟର୍ସ ବଢ଼ି ଗଲେଣି। ଏଣୁ ଯାହାକୁ ପାରୁଛନ୍ତି ବିକ୍ରି କରୁଛନ୍ତି।

### ଡାର୍କ ୱେବ୍‌ରେ ଖୋଲିଛନ୍ତି ବନ୍ଧୁକ ଦୋକାନ

ଏମାନେ ଡାର୍କ ୱେବ୍‌ରେ ଖୋଲିଛନ୍ତି ବନ୍ଧୁକ ଦୋକାନ। ପ୍ରଥମେ ବନ୍ଧୁକ କିଣିବାକୁ ଏମାନଙ୍କ ପାଖକୁ ଯିବାକୁ ପଡୁଥିଲା। ପରେ ଏମାନେ ସପ୍ଲାୟର୍ସ ପଠାଇ ବନ୍ଧୁକ ବିକ୍ରିକଲେ। ଏବେ କିନ୍ତୁ ଇଣ୍ଟରନେଟ୍‌ର ଡାର୍କ ୱେବ୍‌ରେ ଏମାନେ ବନ୍ଧୁକ ବିକ୍ରି କରୁଛନ୍ତି। କେବଳ ସପ୍ଲାୟର୍ସ ହେଲିଭରୀ ଦେବାକୁ ଆସୁଛି।

## କଟକରେ ଡରେଇଲାଣି ଜଣ୍ଡିସ୍

# ୨୦ରୁ ଊର୍ଦ୍ଧ୍ୱ ଆକ୍ରାନ୍ତ

କଟକ,୧୬ ।୧୧(ସମିସ): କଟକ ସହରରେ ପୁଣି ଡରାଇଲାଣି ଜଣ୍ଡିସ। କଦମ୍-ଏ-ରସୁଲ ଗଳିରେ ଥିବା ବ୍ରାହ୍ମଣ ସାହିରେ ଦିନକୁ ଦିନ ଜଣ୍ଡିସ ବ୍ୟାପୁଛି। ଯାହାକୁ ନେଇ ଅଞ୍ଚଳବାସୀ ଭୟଭୀତ ଅବସ୍ଥାରେ ରହିଛନ୍ତି। ଆଜି ସୁଦ୍ଧା ୨୦ରୁ ଊର୍ଦ୍ଧ୍ୱ ଲୋକ ଜଣ୍ଡିସରେ ଆକ୍ରାନ୍ତ ହୋଇଛନ୍ତି। ଖରାପ ପାନୀୟଜଳ ଓ ଡ୍ରେନ୍ ସଫାରେ ଅବହେଳା ଯୋଗୁଁ ଜଣ୍ଡିସ ବ୍ୟାପୁଥିବା ସ୍ଥାନୀୟ ବାସିନ୍ଦା ଅଭିଯୋଗ କରିଛନ୍ତି। ଅନ୍ୟପଟେ ମହାନଗର ନିଗମର ୨୩ନଂ



ୱାର୍ଡ ରେ ଜଣ୍ଡିସ ବ୍ୟାପୁଛି। ଗତକାଲି ଖବର ମିଳିବା ପରେ ଆଜି ସକାଳୁ ସିଏମସି ପକ୍ଷରୁ ଡ୍ରେନ ସଫେଇ କରାଯିବା ସହ ଯେଉଁ ପାଣି ପାଇପ୍‌ଗୁଡ଼ିକ ନର୍ଦ୍ଦମା ଭିତରେ ଯାଇଛି ସେଗୁଡିକୁ କାଟି ବାହାର କରାଯାଇଛି। ବିଭିନ୍ନ ପ୍ରକାର ସ୍ୱଚ୍ଛତା ପାଇଁ ପଦକ୍ଷେପ ଗ୍ରହଣ କରାଯାଉଛି। ଏହାସହ ସିଏମସି ସ୍ୱାସ୍ଥ୍ୟ ବିଭାଗ ତରଫରୁ ସେ ଅଞ୍ଚଳ ପରିଦର୍ଶନ କରି ଜଣ୍ଡିସ କିପରି ଆଗକୁ ନ ବ୍ୟାପିବ ତାହା ଉପରେ ଦୃଷ୍ଟି ଦେଉଛି କଟକ ମହାନଗର ନିଗମ। ଯଦି ଅନ୍ୟ କାହାର କୌଣସି ଲକ୍ଷଣ ଦେଖାଯାଉଛି ତେବେ ନିକଟସ୍ଥ ସରକାରୀ ଡ଼ାକ୍ତରଙ୍କ ପରାମର୍ଶ ନେବା ସହ ଗୁଣି ଗାରେଡ଼ି ଉପରେ ବିଶ୍ୱାସ ନକରିବାକୁ ମେୟର ସୁବାସ ସିଂ ନିବେଦନ କରିଛନ୍ତି।

# ଗୁଣି ସନ୍ଦେହରେ ମଦରେ ବିଷ ମିଶାଇ ବୃଦ୍ଧଙ୍କୁ ହତ୍ୟା

କୋରୁକୋଣ୍ଡା,୧୬ ।୧୧(ସମିସ): ଗୁଣିଆ ସନ୍ଦେହରେ ବୃଦ୍ଧଙ୍କୁ ମଦରେ ବିଷ ମିଶାଇ ହତ୍ୟା। ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ୍‌ତୁମସାପାଲ୍ଲୀ ପଞ୍ଚାୟତ ଅଧୀନ କେନ୍ଦୁଗୁଡ଼ା ଗ୍ରାମର ଦେବା ମାଡ଼କାମୀ (୬୧)ଙ୍କ ମୃତ୍ୟୁ ଉପରୁ ପରଦା ହଟାଇ ପୁଲିସ ଏପରି ଚାଞ୍ଚଲ୍ୟକର ତଥ୍ୟ ଦେଇଛି। ଏହି ଘଟଣାରେ ପୁଲିସ ୨ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ, କେନ୍ଦୁଗୁଡ଼ା ଗ୍ରାମର ମୁକେ ମାଡ଼କାମୀ ଓ ମୁକା କବାସୀ। ତେବେ ଏହି ଘଟଣାର ମୁଖ୍ୟ ଅଭିଯୁକ୍ତ ସୋମା ମାଡ଼କାମୀ ଫେରାର୍ ହୋଇଯାଇଛି। ସେ ଅଭିଯୁକ୍ତ ମୁକେର ସ୍ୱାମୀ। ପୁଲିସ ସୂଚନାନୁସାରେ, ସୋମା ଓ ମୁକେଙ୍କ ପୁଅ ପ୍ରାୟ ୨ ମାସ ପୂର୍ବେ ରୋଗରେ ପୀଡ଼ିତ ହୋଇ ପ୍ରାଣ ହରାଇଥିଲା। ଦେବାଙ୍କ ଗୁଣିଗାରେଡ଼ି ଯୋଗୁଁ ପୁଅର ଅକାଳ ମୃତ୍ୟୁ ହୋଇଥିବା ସେମାନେ ସନ୍ଦେହ କରିଥିଲେ। ଏ ସଂପର୍କରେ ଦୁହେଁ ଗ୍ରାମବାସୀଙ୍କୁ ଜଣାଇଥିଲେ। କିଛି ଦିନ ତଳେ ଏ ନେଇ ଗ୍ରାମରେ ଏକ ବୈଠକ ହୋଇ ଘଟଣାର ସମାଧାନ ହୋଇଥିଲା। କିନ୍ତୁ ଏଥିରେ ଦମ୍ପତିଙ୍କ ମନ ବୁଝି ନଥିଲା। ସେମାନେ ପ୍ରତିଶୋଧ ନିଆଁରେ ଜଳୁଥିଲେ। ଦେବାଙ୍କୁ ହତ୍ୟା କରିବା ପାଇଁ ଯୋଜନା କରିଥିଲେ। କିଛି ଦିନ ପରେ ଦମ୍ପତି ଉକ୍ତ ଗ୍ରାମର ମୁକା କବାସୀଙ୍କୁ ନିଜ ଘରକୁ ଡାକି ଏକ ବିଷ ମଦ ବୋତଲ ଦେଇଥିଲେ। ତାହାକୁ ଦେବାଙ୍କୁ ଦେବାକୁ କହିଥିଲେ। ଗତ ମାସ ୨୯ ତାରିଖ ରାତିରେ ଦେବା ଉକ୍ତ ବିଷାକ୍ତ ମଦ ପିଇବାରୁ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

# ନକଲି ଯାତ୍ରୀ ଗୁମାସ୍ତାଙ୍କ ପାଇଁ ବଦ୍‌ନାମ ହେଉଛି ଶ୍ରୀମନ୍ଦିର

ପୁରୀ,୧୬।୧୧(ସମିସ): ଶ୍ରୀମନ୍ଦିରରେ ପୁଣି ନକଲି ଯାତ୍ରୀ ଗୁମାସ୍ତାଙ୍କ ପ୍ରାଦୁର୍ଭାବ ବଢ଼ିବାରେ ଲାଗିଛି। ବାହାରୁ ଆସୁଥିବା ଶ୍ରଦ୍ଧାଳୁମାନଙ୍କୁ ସହଜରେ ମହାପ୍ରଭୁଙ୍କ ଦର୍ଶନ କରାଇଦେବା କହି ଏମାନେ ଠକୁଛନ୍ତି। ରାଜ୍ୟ ବାହାରୁ ଆସୁଥିବା ନିଜ ଯଜମାନମାନଙ୍କୁ ସହଜରେ ମହାପ୍ରଭୁଙ୍କ ଦର୍ଶନ କରାଇଦେବା ସମେତ ମହାପ୍ରସାଦ କିଣିବାରେ ସାହାଯ୍ୟ କରିବା ପାଇଁ ଶ୍ରୀମନ୍ଦିରରେ ସେବା କରୁଥିବା ସେବାୟତଙ୍କ ଦ୍ୱାରା ରହିଛନ୍ତି ଯାତ୍ରୀ ଗୁମାସ୍ତା। ହେଲେ ଏହି ଯାତ୍ରୀ ଗୁମାସ୍ତାଙ୍କୁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ କୌଣସି ପରିଚୟପତ୍ର ଦିଆଯାଇ ନ ଥିବା ଯୋଗୁଁ ଏହାର ଫାଇଦା ଉଠାଇ କେତେକ ଅସାଧୁ ବ୍ୟକ୍ତି ନିଜକୁ ଯାତ୍ରୀ ଗୁମାସ୍ତା ପରିଚୟ ଦେଇ ଭକ୍ତଙ୍କ ଠାରୁ ଟଙ୍କା ଆଦାୟ କରୁଛନ୍ତି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଶ୍ରଦ୍ଧାଳୁଙ୍କଠାରୁ ଜୋର୍ ଜବରଦସ୍ତ ଟଙ୍କା ଆଦାୟ କରିବା ସହିତ ଅନେକ ସମୟରେ ଭକ୍ତଙ୍କୁ ଦୁର୍ବ୍ୟବହାର କରିବା ଏବଂ ଟଙ୍କା ନେଇ ପଳେଇ ଯିବାର ଅଭିଯୋଗ ହେଉଛି। ଫଳରେ ବାହାରୁ ଆସୁଥିବା ଶ୍ରଦ୍ଧାଳୁମାନେ ତିକ୍ତ ଅନୁଭୂତି ନେଇ ଫେରୁଛନ୍ତି। ଅନ୍ୟପକ୍ଷରେ ଏଭଳି ଘଟଣା ଦ୍ୱାରା ବଦ୍‌ନାମ ହେଉଛି ଶ୍ରୀମନ୍ଦିର।

ଶ୍ରୀମନ୍ଦିରକୁ ଭକ୍ତଙ୍କ ସଂଖ୍ୟା ବଢିଛି। ଫଳରେ ମହାପ୍ରଭୁଙ୍କ ଦର୍ଶନ ପାଇଁ ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡୁଛି। ଏପରିକି, ଛୁଟିଦିନ ଏବଂ ବିଶେଷ ପର୍ବପର୍ବାଣି ଦିନରେ ବ୍ୟାରିକେଡରେ ୫/୬ ଘଣ୍ଟା ଠିଆ ହେଉଛନ୍ତି ଶ୍ରଦ୍ଧାଳୁ। ତେଣୁ ସମସ୍ତେ କିପରି ସହଜରେ ଏବଂ କମ୍ ସମୟରେ ମହାପ୍ରଭୁଙ୍କୁ ଦର୍ଶନ କରିବେ, ସେହି ମାନସିକତାରେ ରହୁଛନ୍ତି। ଏହାର ଫାଇଦା ନେଉଛନ୍ତି ଏହି ନକଲି ଯାତ୍ରୀ ଗୁମାସ୍ତା। ସେମାନେ ବିନା ଧାଡ଼ିରେ ଗଳାବାଟରେ ଶୀଘ୍ର ଦର୍ଶନ କରାଇଦେବାକୁ କହି ଭକ୍ତଙ୍କୁ ଠକୁଛନ୍ତି। ଯେଉଁମାନେ ତରବରରେ ରହୁଛନ୍ତି, ସେମାନେ ଏହି ନକଲି ଯାତ୍ରୀ ଗୁମାସ୍ତାଙ୍କ ଶିକାର ହେଉଛନ୍ତି। ଏଥିପାଇଁ ସେହି ଯାତ୍ରୀ ଗୁମାସ୍ତା ଭକ୍ତଙ୍କଠାରୁ ମୋଟା ଅଙ୍କର ଟଙ୍କା ଦାବି କରୁଛନ୍ତି। ମୂଳଚାଲ ଠିକ୍‌ଠାକ ହେବା ପରେ ପ୍ରଥମେ ଟଙ୍କା ନେଇଯାଉଛନ୍ତି। ଶ୍ରୀମନ୍ଦିର ଭିତରକୁ ନେଇ ଗହଳି ଭିତରେ ଛାଡ଼ି ପଳାଇ ଯାଉଛନ୍ତି। ଭକ୍ତଟିଏ ଟଙ୍କା ଦେଇ ଠକେଇର ଶିକାର ହେଉଛି। ଏହାଦ୍ୱାରା ସମ୍ପୃକ୍ତ ଶ୍ରଦ୍ଧାଳୁମାନେ ତିକ୍ତ ଅନୁଭୂତି ନେଇ ଫେରୁଛନ୍ତି। ଶ୍ରୀମନ୍ଦିରରେ ଡ୍ୟୁଟିରେ ଥିବା ପୁଲିସ ଅଣସେବାୟତଙ୍କୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ନେବା ଉଚିତ। ଫଳରେ ଭକ୍ତମାନେ ଠକେଇରୁ ରକ୍ଷା ପାଇପାରିବେ। ସେବାୟତମାନେ ମଧ୍ୟ ଏହା ଉପରେ ଧ୍ୟାନ ରଖିବା ଦରକାର। ଅନେକ ସମୟରେ ଟଙ୍କା ଦେବାକୁ ନେଇ ଭକ୍ତ ଦୁର୍ବ୍ୟବହାରର ଶିକାର ହେଉଛନ୍ତି। ଶ୍ରୀମନ୍ଦିରକୁ ଆସୁଥିବା ପ୍ରତ୍ୟେକ ଭକ୍ତ ଯେମିତି ଶୃଙ୍ଖଳିତ ଭାବେ ଦର୍ଶନ ପାଇବେ ପୁଲିସ ପ୍ରଶାସନ ପଦକ୍ଷେପ ନେବା ପାଇଁ ଦାବି ହେଉଛି।

କିଛି ମାସ ତଳେ ପୁଲିସ ଗୋଟିଏ ଦିନରେ ଶ୍ରୀମନ୍ଦିରରୁ ୧୨ ଜଣ ନକଲି ଯାତ୍ରୀ ଗୁମାସ୍ତାଙ୍କୁ କାବୁ କରିଥିଲା। ସେମାନେ କାହାର ଯାତ୍ରୀ ଗୁମାସ୍ତା କାମ କରୁଛନ୍ତି ବୋଲି ପୁଲିସ ଖୋଳତାଡ଼ କରିଥିଲା। ହେଲେ କୌଣସି ସଠିକ୍ ସୂଚନା ସେମାନେ ଦେଇପାରି ନ ଥିଲେ। କେବଳ ଭକ୍ତଙ୍କୁ ଲୁଟିବା ପାଇଁ ସେମାନେ ନକଲି ଯାତ୍ରୀ ଗୁମାସ୍ତା ବେଶ ଧାରଣ କରି ଶ୍ରୀମନ୍ଦିର ଚତୁଃପାର୍ଶ୍ୱରେ ବୁଲୁଥିଲେ। ପୁଲିସ ସମସ୍ତଙ୍କୁ ଗିରଫ କରିଥିଲା।

ଜଣେ ଶ୍ରଦ୍ଧାଳୁ ପବତ୍ର ମୋହନ ସାହୁ କହିଛନ୍ତି, ନକଲି ଯାତ୍ରୀ ଗୁମାସ୍ତାଙ୍କୁ ନେଇ ଆମକୁ ସତର୍କ ହେବାକୁ ପଡ଼ିବ। ବାସ୍ତବରେ ଯେଉଁମାନେ ଯାତ୍ରୀ ଗୁମାସ୍ତା କାମ କରୁଛନ୍ତି ସେମାନଙ୍କୁ ମନ୍ଦିର ପ୍ରଶାସନ ପକ୍ଷରୁ ପରିଚୟ ପତ୍ର ଦିଆଯିବା ଦରକାର। ଏହାଦ୍ୱାରା ନକଲି ଯାତ୍ରୀ ଗୁମାସ୍ତା ଚିହ୍ନଟ ହୋଇଯିବେ। ପ୍ରତ୍ୟେକ ଶ୍ରଦ୍ଧାଳୁଙ୍କ ଇଚ୍ଛା ଥାଏ ଶୃଙ୍ଖଳିତ ଢଙ୍ଗରେ ମହାପ୍ରଭୁଙ୍କ ଦର୍ଶନ କରିବା। ଯଦି ସେମାନେ ଠକେଇର ଶିକାର ହୁଅନ୍ତି ତେବେ ଶ୍ରୀମନ୍ଦିର ପ୍ରଶାସନ ଓ ସରକାର ବଦ୍‌ନାମ ହେବେ। ସେହିପରି ଯାତ୍ରୀଙ୍କ ସୁରକ୍ଷା ନେଇ ସରକାର ସତର୍କ ରହିବା ଉଚିତ। ଶ୍ରୀମନ୍ଦିରକୁ ପ୍ରତିଦିନ ହଜାର ହଜାର ଭକ୍ତ ଆସୁଛନ୍ତି। ଏଠାରେ ଶୃଙ୍ଖଳିତ ଦର୍ଶନ ଏକ ଗୁରୁତ୍ୱପୂର୍ଣ କଥା। ତେଣୁ ଦଲାଲଙ୍କ ଉପରେ ପୁଲିସ ନଜର ରଖି କଡ଼ା କାର୍ଯ୍ୟାନୁଷ୍ଠାନ ନେବା ଆବଶ୍ୟକ ବୋଲି ଶ୍ରୀ ସାହୁ ମତ ଦେଇଛନ୍ତି।

ନିକଟରେ ଏସ୍‌ପି ପ୍ରତୀକ୍ ସିଂ କହିଥିଲେ, ‘ନକଲି ଯାତ୍ରୀ ଗୁମାସ୍ତା’ଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି। ଶ୍ରୀମନ୍ଦିରରେ ଭକ୍ତଙ୍କୁ ଠକେଇ, ଦୁର୍ବ୍ୟବହାର କରାଗଲେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଲୋକଙ୍କୁ ସଚେତନ କରିବା ପାଇଁ ସୂଚନା ଦିଆଯାଉଛି। ଯଦି ପୁଣି ନକଲି ଯାତ୍ରୀ ଗୁମାସ୍ତାକୁ ନେଇ ଅଭିଯୋଗ ଆସିବ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବୁ। ତେବେ ପୁଲିସର ଏଭଳି ଆଭିମୁଖ୍ୟ ସତ୍ତ୍ୱେ ଶ୍ରୀମନ୍ଦିରରେ ନକଲି ଯାତ୍ରୀ ଗୁମାସ୍ତାଙ୍କ ପ୍ରାଦୁର୍ଭାବ କିଭଳି ବଢ଼ୁଛି, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

# ଗତ ବାଲିଯାତ୍ରାରେ ମୃତ ୫ ଜଣଙ୍କ ପରିବାରକୁ ସହାୟତା କେବେ?

କଟକ,୧୬ ।୧୧(ସମିସ): ପ୍ରଶାସନିକ ବିଭ୍ରାଟରୁ ଗତବର୍ଷ ବାଲିଯାତ୍ରାରେ ଯାତ୍ରା ପଡ଼ିଆରେ ୫ଜଣଙ୍କ ମୃତ୍ୟୁ ଘଟିଥିଲା। ସେମାନଙ୍କୁ ଖୁବ୍‌ଶୀଘ୍ର ପ୍ରଶାସନିକ ସହାୟତା ଯୋଗାଇ ଦେବାକୁ ଘୋଷଣା କରାଯାଇଥିଲା। କିନ୍ତୁ, ଉକ୍ତ ଘଟଣାକୁ ବର୍ଷେ ବିତିଯାଇଥିଲେ ହେଁ ଏଯାଏଁ ମୃତକଙ୍କ ପରିବାର ସହାୟତା ରାଶି ପାଇପାରିନାହାଁନ୍ତି। ଜିଲ୍ଲା ପ୍ରଶାସନ ସହାୟତା ଘୋଷଣା କରି ବର୍ଷେ ନିରବ ହୋଇଯିବା ଘଟଣାକୁ ବିଭିନ୍ନ ମହଲରେ ନିନ୍ଦା କରାଯାଇଛି।

ସୂଚନାନୁସାରେ, ଜଗତସିଂହପୁର ଜୟବଢ଼ର ପ୍ରଭାକର ମଣ୍ଟନଙ୍କ ପୁଅ ବିଶ୍ୱପ୍ରକାଶ ମଣ୍ଟନ କଟକର ଏକ ବେସରକାରୀ ଶିକ୍ଷାନୁଷ୍ଠାନରେ ଯୁକ୍ତ ଦୁଇରେ ପଢୁଥିଲେ। କିଛି ସାଙ୍ଗଙ୍କ ସହ ସେ ବାଲିଯାତ୍ରା ଯାଇଥିଲେ। ସେମାନେ ଗିଂବନ୍ଧର ଗୋଟିଏ ପଟରୁ ଆରପଟ ରାସ୍ତାକୁ ଯାଉଥିବା ବେଳେ ଦୁଇ ରାସ୍ତା ମଝି ବାଡ଼ରେ ସଜାଯାଇଥିବା ଲିଟୁ ଲାଇଟ୍ ତାର ସଂସ୍ପର୍ଶରେ ଆସି ବିଶ୍ୱପ୍ରକାଶଙ୍କ ମୃତ୍ୟୁ ହୋଇଥିଲା। ଜିଲ୍ଲା ପ୍ରଶାସନ ପକ୍ଷରୁ ତାଙ୍କ ପରିବାରକୁ ସହାୟତା ରାଶି ଦିଆଯିବ ବୋଲି ଘୋଷଣା କରାଯାଇଥିଲା। ହେଲେ ଏପର୍ଯ୍ୟନ୍ତ ପରିବାର ସହାୟତା ରାଶି ପାଇ ପାରିନାହାନ୍ତି।

ସେହିପରି ପ୍ରମୋଦ ନାଥ ନାମକ ଜଣେ ଯୁବକ ତାଙ୍କର ୪ ଜଣ ସାଙ୍ଗଙ୍କ ସହ ବାଲିଯାତ୍ରା ପଡିଆରେ ବୁଲୁଥିବା ବେଳେ ହଠାତ୍ ଚେତା ହରାଇଥିଲେ। ତାଙ୍କୁ ଏସ୍‌ସିବି ମେଡିକାଲରେ ଭର୍ତ୍ତି କରାଯାଇଥିଲେ ହେଁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପ୍ରଶାସନ ମୃତ ପ୍ରମୋଦଙ୍କୁ ସହାୟତା ରାଶି ଦେବ ବୋଲି ବାଲିଯାତ୍ରାରେ ଘୋଷଣା କରିଥିଲା। ହେଲେ ଏପର୍ଯ୍ୟନ୍ତ ତାଙ୍କ ପରିବାରକୁ ଟଙ୍କାଟିଏ ବି ମିଳିନାହିଁ।

ସେହିପରି ପୁରୀ ଗୋପ ବ୍ଲକ ଅନ୍ତର୍ଗତ ଇଚ୍ଛାପୁର ଗାଁର ୭୬ ବର୍ଷୀୟ ଘନଶ୍ୟାମ ବାରିକ ଓରମାସ୍‌ର ଷ୍ଟଲରେ କାମ କରୁଥିଲା ବେଳେ ହଠାତ ତଳେ ପଡ଼ିଯାଇଥିଲେ। ତାଙ୍କର ବି ଏସ୍‌ସିବିରେ ମୃତ୍ୟୁ ହୋଇଯାଇଥିଲା। ତାଙ୍କୁ ମଧ୍ୟ ପ୍ରଶାସନିକ ସହାୟତା ରାଶି ଦିଆଯାଇ ନାହିଁ। ସେହିପରି, ଉଦାସ ଆଶ୍ରମର ପ୍ରତିଷ୍ଠାତା ସ୍ୱାମୀ ଯଜ୍ଞେଶ୍ୱରାନନ୍ଦ ଓ ଅନ୍ୟ ଜଣେ ଯୁବକଙ୍କ ମୃତ୍ୟୁ ଘଟିଥିଲା। ଏପରି ଭାବେ ବାଲିଯାତ୍ରା-୨୦୨୪ରେ ୫ଜଣଙ୍କ ମୃତ୍ୟୁ ଘଟିଥିଲା। ପ୍ରଶାସନ ବାଲିଯାତ୍ରାରୁ ଲକ୍ଷାଧିକ ଟଙ୍କା ଲାଭ କରୁଥିବା ବେଳେ ସେଠାରେ ମୃତ୍ୟୁ ଘଟିଥିବା କୌଣସି ବ୍ୟକ୍ତିଙ୍କୁ ସହାୟତା ପ୍ରଦାନ କରୁନାହିଁ। କେବଳ ଘୋଷଣାରେ ସୀମିତ ରହୁଛି ପ୍ରଶାସନିକ ସହାୟତା। ଏ ଦିଗରେ ରାଜ୍ୟ ସରକାର ହସ୍ତକ୍ଷେପ କରି ମୃତକଙ୍କୁ ସହାୟତା ପ୍ରଦାନ କରିବାକୁ ବିଭିନ୍ନ ମହଲରେ ଦାବି ହେଉଛି।

# ପରିବେଶ ପାଇଁ ବୋଝ ଇ-ବର୍ଜ୍ୟବସ୍ତୁ

ଭୁବନେଶ୍ୱର,୧୬ ।୧୧(ରଞ୍ଜନା ନାୟକ):

ବର୍ଜ୍ୟବସ୍ତୁ ପରିବେଶ ପାଇଁ ଅତ୍ୟନ୍ତ କ୍ଷତିକାରକ। ଦିନକୁ ଦିନ ବିଭିନ୍ନ ସାମଗ୍ରୀର ବହୁଳ ବ୍ୟବହାର ହେଉଥିବାରୁ ଏହାର ବର୍ଜ୍ୟବସ୍ତୁ ବଢ଼ିବାରେ ଲାଗିଛି। ଲୋକମାନେ ନିଜର ସଉକ ପାଇଁ କମ୍ପ୍ୟୁଟର, ମୋବାଇଲ, ଟିଭି, ଫ୍ରିଜ୍, ୱାସିଙ୍ଗ୍ ମେସିନ୍ ପରି ଅନେକ ସାମଗ୍ରୀ ଆଣି ବର୍ଜ୍ୟବସ୍ତୁ ସୃଷ୍ଟି କରିଚାଲିଛନ୍ତି। ବର୍ଜ୍ୟବସ୍ତୁ ସଂଗ୍ରହ ଓ ପୁନଃ ପ୍ରକ୍ରିୟାକରଣ ହେଉ ନ ଥିବାରୁ ଦିନକୁ ଦିନ ପରିବେଶରେ ଇ-ବର୍ଜ୍ୟବସ୍ତୁର ବୋଝ ବଢ଼ି ଚାଲିଛି।

ପୂର୍ବପେକ୍ଷା ଗତ ୩ ଦଶନ୍ଧୀ ମଧ୍ୟରେ ବୈଦ୍ୟୁତିକ ସାମଗ୍ରୀର ବ୍ୟବହାର ୧୦ ଗୁଣା ବୃଦ୍ଧି ପାଇଛି। ଏହି ତୁଳନାରେ ଓଡ଼ିଶାରୁ ବାର୍ଷିକ ୭ରୁ ୮ ଟନ୍ ଇ-ଆବର୍ଜନା ବାହାରୁଛି। ହେଲେ ଏ ପର୍ଯ୍ୟନ୍ତ ଏହି ଇବର୍ଜ୍ୟବସ୍ତୁକୁ ପରିଚାଳନା କରିବା ପାଇଁ କୌଣସି ପଦକ୍ଷେପ ନିଆଯାଉନାହିଁ। ଏହି ଆବର୍ଜନାକୁ ଇୱେଷ୍ଟ ସଂଗ୍ରହକାରୀ ସଂସ୍ଥା ଏହି ଆଜର୍ବନାକୁ ସଂଗ୍ରହ କରି ରିସାଇକେଲକୁ ଦେବେ ହେଲେ ଆମ ରାଜ୍ୟରେ କେହି ବି ଜଣେ ହେଲେ ସାଇକେଲର କେହିବି ନାହାନ୍ତି ବୋଲି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼ର ବିଭାଗର ଜଣେ ଅଧିକାରୀ କହିଛନ୍ତି।

ଏହି ପରିପ୍ରେକ୍ଷୀରେ ରାଜଧାନୀରେ ମଧ୍ୟ ଇ-ବର୍ଜ୍ୟବସ୍ତୁ ବ୍ୟବହାର ଦିନକୁ ଦିନ ବଢ଼ିବାରେ ଲାଗିଛି। କିଛିଦିନ ବ୍ୟବହାର କରିବା ପରେ ଆମେ ଯେଉଁ ବୈଦ୍ୟୁତିକ ସାମଗ୍ରୀକୁ ବାହାରେ ଫୋପାଡ଼ି ଦେବା ପରେ ଏହି ଇ-ବର୍ଜ୍ୟରେ ସୀସା, ପାରଦ ଏବଂ କ୍ୟାଡ଼ମିୟମ, ଆଲୁମିନିୟମ୍, ତମ୍ବା, ଇସ୍ପାତ ସହ ଲିଡ୍ ଓ ଭଳି ବିପଦପୂର୍ଣ୍ଣ ପଦାର୍ଥ ରହିଥାଏ। ଏହି ସବୁ ପଦାର୍ଥ ମାଟି ଓ ପାଣିରେ ମିଶିବା ସହ ପରବର୍ତ୍ତୀ ସମୟରେ ଗୁରୁତର ପରିବେଶଗତ ଏବଂ ସ୍ୱାସ୍ଥ୍ୟ ବିପଦ ସୃଷ୍ଟି ସହ କ୍ୟାନ୍‌ସର ରୋଗର କାରଣ ସାଜିଥାଏ। ଏହି ଇ ବର୍ଜ୍ୟକୁ ପୌରସଂସ୍ଥା ପକ୍ଷରୁ ସପ୍ତାହରେ କେବଳ ଗୋଟିଏ ଦିନ ସଂଗ୍ରହ ହୋଇଥାଏ। ହେଲେ ବି ଲୋକମାନେ ସଚେତନତା ଅଭାବରୁ ଏହି ଇବର୍ଜ୍ୟକୁ ବାହାରେ ଏଣେତେଣେ ଫୋପାଡୁଛନ୍ତି। ଯେଉଁଥିପାଇଁ ଏହି ଇଆବର୍ଜନା ମାଟିରେ ବିଘଟନ ହେବା ପରିବର୍ତ୍ତେ ମାସ ମାସ ପଡ଼ିରହୁଛି। ଯେଉଁଥିପାଇଁ ମୃତ୍ତିକା ଦିନକୁ ଦିନ ଅବକ୍ଷୟ ହେବାରେ ଲାଗିଛି।



- ବୈଦ୍ୟୁତିକ ସାମଗ୍ରୀର ବ୍ୟବହାର ୩ ଦଶନ୍ଧୀରେ ବଢ଼ିଛି ୧୦ ଗୁଣା
- ଓଡ଼ିଶାରୁ ବାହାରୁଛି ବାର୍ଷିକ ୭ରୁ ୮ ଟନ୍ ଇ-ଆବର୍ଜନା

ଇ-ବର୍ଜ୍ୟର ଅନୁପଯୁକ୍ତ ନିଷ୍କାସନ ସମ୍ବଳ ହ୍ରାସର କାରଣ ହୋଇଥାଏ। ସୁନା ଏବଂ ତମ୍ବା ପରି ମୂଲ୍ୟବାନ ଧାତୁ ପ୍ରାୟତଃ ନଷ୍ଟ ହୋଇଯାଏ। ହେଲେ ଇ-ବର୍ଜର ପ୍ରଭାବକୁ ହ୍ରାସ କରିବା ଏକ ଦାୟିତ୍ୱପୂର୍ଣ୍ଣ ବ୍ୟବହାରକୁ ଉତ୍ସାହିତ କରିବା ଭଳି ଦର୍ଶାଇଥାଏ। ଏହି ମଣିଷ ତଥା ଗ୍ରହ ଉଭୟର କ୍ଷତି ହ୍ରାସ କରିବା ନିମନ୍ତେ ପୁନଃଚକ୍ରଣ କାର୍ଯ୍ୟକ୍ରମ ଏବଂ ନିରନ୍ତର ନିଷ୍କାସନ ପଦ୍ଧତି ଅତ୍ୟାବଶ୍ୟକ ବୋଲି କହିଛନ୍ତି ପରିବେଶବିତ୍ ଜୟକୃଷ୍ଣ ପାଣିଗ୍ରାହୀ। ସେହିଭଳି ସରକାରଙ୍କର ବିସ୍ତାରିତ ଉତ୍ପାଦନକାରୀ ଦାୟିତ୍ୱ (ଇପିଆର୍) ପରି ପଦକ୍ଷେପ ମଧ୍ୟ ଏସବୁ ପଦାର୍ଥର ନିର୍ମାଣକାରୀଙ୍କୁ ଇ-ବର୍ଜ୍ୟର ସଂଗ୍ରହ ଏବଂ ପୁନର୍ବ୍ୟବହାର ନିମନ୍ତେ ପ୍ରୋତ୍ସାହିତ କରେ। ଏହି ସମସ୍ୟାକୁ ଗମ୍ଭୀରତାର ସହ ଗ୍ରହଣ ନ କଲେ ଆଗାମୀ ଦିନରେ ଏସବୁ ମୂଲ୍ୟବାନ ପଦାର୍ଥ ଉପଲବ୍ଧ ହେବନାହିଁ। ନ ହେଲେ ପରିବେଶ ଓ ସ୍ୱାସ୍ଥ୍ୟ ସମସ୍ୟା ଗୁରୁତର ହେବା ଦିଗରେ ଗତି କରିବ ବୋଲି ଶ୍ରୀ ପାଣିଗ୍ରାହୀ କହିଛନ୍ତି।



## ଆଜିର ରାଶିଫଳ

**ମେଷ:** ଆର୍ଥିକ ସମସ୍ୟା ଦେଖା ଦେବ। ଚିନ୍ତାରେ ରହିବେ ଏବଂ ପେଟ ଜନିତ ସମସ୍ୟା ଦେଖା ଦେବ। ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ। ଭାଇ ଭଉଣୀଙ୍କ ସହଯୋଗ ମିଳିବ। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ନିବେଶ କରିବା ପାଇଁ ଉପଯୁକ୍ତ ସମୟ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପରିବାର ପାଇଁ ସମୟ ବାହାର କରିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି। ମାନସିକ ଚିନ୍ତା ଦୂର ହେବ। ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ। ଅର୍ଥ ନିବେଶରୁ ଦୂରେଇ ରହିବେ। ନୂଆ କାମ ପାଇଁ ଉପଯୁକ୍ତ ସମୟ। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମ ଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ଚକ୍ଷୁ ସମସ୍ୟା ଦେଖା ଦେବ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ଧନୁ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ନୂଆ ଗାଡ଼ି କିଣିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସମସ୍ତ ଇଚ୍ଛା ପୂରଣ ହେବ।

## ଆଜିର ଇତିହାସ

- ୧୮୩୧- ଇକ୍ୱାଡୋର ଓ ଭେନେଜୁଏଲା ଗ୍ରେଟର୍ କଲମ୍ବିଆଠାରୁ ଅଲଗା ହେଲେ।
- ୧୯୨୮ -ସ୍ୱାଧୀନତା ସଂଗ୍ରାମୀ ଲାଲା ଲଜପତ୍ ରାୟଙ୍କ ବିୟୋଗ।
- ୧୯୬୬- ରୀତା ଫାରିଆ ବିଶ୍ୱ ସୁନ୍ଦରୀ ହେଲେ।
- ୧୯୯୯-ଆନ୍ତର୍ଜାତିକ ମାତୃଭାଷା ଦିବସ ପାଳନ ପାଇଁ ୟୁନେସ୍କୋ ଅନୁମତି ଦେଲା।



# ଆସିପାରେ 'କୁଛ କୁଛ ହୋତା ହୈ'ର ସିକ୍ୱେଲ
## କରନ୍ ଦେଲେ ଇସାରା

ବଲିଉଡ୍‌ର କିଙ୍ଗ୍‌ଖାନ୍ ଶାହାରୁଖ୍, କାଜଲ ଓ ରାନୀ ମୁଖାର୍ଜୀଙ୍କ ଅଭିନୀତ 'କୁଛ କୁଛ ହୋତା ହୈ'(୧୯୯୮) ଫିଲ୍ମ ବଲିଉଡର ଏକ ଆଇକନିକ୍ ଫିଲ୍ମ ଭାବେ ଜଣାଯାଏ। ଏହି ଫିଲ୍ମ ଆଜିବି ଦର୍ଶକଙ୍କ ହୃଦୟରେ ରାଜ୍ କରୁଛି। ଫିଲ୍ମଟି ପ୍ରେମ ଏବଂ ବନ୍ଧୁତା ଉପରେ ପର୍ଯ୍ୟବେସିତ ଥିଲା। ଏହା ବକ୍ସ ଅଫିସ୍‌ରେ ସୁପରହିଟ୍ ସାବ୍ୟସ୍ତ ହୋଇଥିଲା । କରନ୍ ଜୋହର୍‌ଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମ ପୁଣି ଥରେ ଚର୍ଚ୍ଚାକୁ ଆସିଛି। ନିକଟରେ କରନ୍ ଏକ ସାକ୍ଷାତକାରରେ 'କୁଛ କୁଛ ହୋତା ହୈ ୨' ବିଷୟରେ କହିବା ସହ ଏଥିରେ କେଉଁ କଳାକାରମାନେ ଅଭିନୟ କରିବେ ସେବିଷୟରେ ମଧ୍ୟ କହିଥିଲେ । କରନ୍ କହିଥିଲେ ଯେ, ଯଦି 'କୁଛ କୁଛ ହୋତା ହୈ'ର ସିକ୍ୱେଲ ସେ ଆଣୁଛନ୍ତି ତେବେ ଏଥିରେ ରଣବୀର ସିଂହ, ଆଲିଆ ଭଟ୍ଟ, ଅନନ୍ୟା ପାଣ୍ଡେଙ୍କୁ ନେବେ। ଆଲିଆ ମଡର୍ଣ୍ଣ ଅଞ୍ଜଳି, ରଣବୀର ରାହୁଲ ଓ ଅନନ୍ୟା ଟିନା ହେବେ। ଟିନା ପାଇଁ ଜାହ୍ନବୀ କପୁର ଓ ସାରା ଅଲ୍ଲୀ ଖାନ୍‌ଙ୍କୁ ମଧ୍ୟ ସେ ବିକଳ୍ପ ଭାବେ ରଖିଥିବା କହିଛନ୍ତି। କରନ୍‌ଙ୍କ ଏହି ବୟାନ ପରେ ସାମାଜିକ ଗଣମାଧ୍ୟମରେ ଏହାକୁ ନେଇ ଚର୍ଚ୍ଚା ଆରମ୍ଭ ହୋଇ ଯାଇଛି। ଏହି ଫିଲ୍ମକୁ ପସନ୍ଦ କରୁଥିବା ଅନେକ ୟୁଜର୍ସ ଏଭଳି ଏକ ଆଇକନିକ୍ ଫିଲ୍ମର ସିକ୍ୱେଲ ଆଣନ୍ତୁ ନାହିଁ ବୋଲି କରନ୍‌ଙ୍କୁ କହିଛନ୍ତି। ଏଯାବତ୍ କରନ୍ ଏହାକୁ ନିର୍ମାଣ କରିବେ କି ନାହିଁ ତାହା ସ୍ପଷ୍ଟ ଭାବେ କିଛି କହିନାହାନ୍ତି।

# ହତ୍ୟାକାରୀକୁ ଧରିବା ପାଇଁ ୨୬ ବର୍ଷ ଦେଲେ ଘରଭଡ଼ା

ପତିପତ୍ନୀଙ୍କ ମଧ୍ୟରୁ କାହାରି ଜଣକର ମୃତ୍ୟୁ ହୋଇଗଲେ ଆର ଜଣକ ବଞ୍ଚିବା ବେଶ୍ କଷ୍ଟଦାୟକ ହୋଇଥାଏ। ଏହି କ୍ରମରେ ଜାପାନରୁ ଏକ ଚକିତ କଲା ଭଳି ଘଟଣା ସାମ୍ନାକୁ ଆସିଛି। ଜଣେ ବ୍ୟକ୍ତି ୨୬ ବର୍ଷ ଧରି ଏକ ଫ୍ଲାଟ୍‌ର ଭଡ଼ା ଦେଇ ଆସୁଥିଲେ ଯେଉଁଠାରେ ତାଙ୍କ ପତ୍ନୀଙ୍କୁ ହତ୍ୟା କରାଯାଇଥିଲା। ପତ୍ନୀର ହତ୍ୟାକାରୀଙ୍କୁ ଧରିବା ପାଇଁ କୌଣସି ତଥ୍ୟ ମିଳିଯାଉ ବୋଲି ଆଶା କରି ସେ ଏପରି କରି ଆସୁଥିଲେ। ୧୩ ନଭେମ୍ବର, ୧୯୯୯ ମସିହାରେ ନାମିକୋ ତାକାବାଙ୍କୁ ତାଙ୍କ ଫ୍ଲାଟ୍‌ରେ ଅତି ନିର୍ମମ ଭାବେ ହତ୍ୟା କରାଯାଇଥିଲା। ହତ୍ୟାକାରୀ ତାଙ୍କ ବେକରେ ବାରମ୍ବାର ଛୁରୀ ଭୁଷିଥିଲା। ଏହି ସମୟରେ ତାଙ୍କ ସାନ ପୁଅ ପାଖରେ ଶୋଇଥିଲେ ମଧ୍ୟ ତାର କୌଣସି କ୍ଷତି ହୋଇ ନ ଥିଲା। ଏନେଇ ପୁଲିସ ୫ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କୁ ପଚରାଉଚରା କରିବା ପରେ ବି ହତ୍ୟାକାରୀର ସନ୍ଧାନ ମିଳି ନ ଥିଲା। ତେବେ ସାତୋରୁ ତାକାବା(ନାମିକୋଙ୍କ ସ୍ୱାମୀ) ଅପରାଧ ସ୍ଥଳରେ ଲାଗିଥିବା ରକ୍ତଛିଟାକୁ ସଫା କରିବା ତଥା ସେହି ଫ୍ଲାଟ୍‌ରୁ ତାଙ୍କର ଆସବାବପତ୍ରକୁ ହଟାଇବାକୁ ସିଧାସିଧା ମନା କରିଥିଲେ। ସେ ନିଜ ଝିଅକୁ ଧରି ଅନ୍ୟ ଏକ ସ୍ଥାନରେ ରହିଲେ। ସେ ଦ୍ୱିତୀୟ ବିବାହ କରି ନ ଥିଲେ। ସ୍ତ୍ରୀର ହତ୍ୟାକାରୀକୁ ଧରିବା ପାଇଁ ୨୬ ବର୍ଷ ଧରି ଫ୍ଲାଟ୍‌ର ଭଡ଼ା ବାବଦରେ ୧.୨ କୋଟି ଟଙ୍କା ଦେଇଥିଲେ। ସେ ଲଗାତାର ଗଣମାଧ୍ୟମରେ ସାକ୍ଷାତକାର ଦେଇ ତାଙ୍କ ସ୍ତ୍ରୀଙ୍କ ହତ୍ୟାକାରୀଙ୍କୁ ଧରିବା ପାଇଁ କହୁଥିଲେ। ଶେଷରେ ଏହି ଘଟଣାର ୨୬ ବର୍ଷ ପରେ ଚଳିତ ବର୍ଷ ଅକ୍ଟୋବର ମାସରେ ହତ୍ୟାକାରୀ ଚିହ୍ନଟ ହୋଇଥିଲେ। ହତ୍ୟାକାରୀ ନାଁ ହେଉଛି କୁମିକୋ ୟାସୁଫୁକୁ। ସେ ସାତୋରୁଙ୍କର ସ୍କୁଲ ସାଙ୍ଗ ଥିଲେ। କୁମିକୋ ସାତୋରୁଙ୍କୁ ଏକତରଫା ପ୍ରେମ କରୁଥିଲେ । ସାତୋରୁଙ୍କୁ କିନ୍ତୁ କୁମିକୋଙ୍କ ପ୍ରେମକୁ ପ୍ରତ୍ୟାଖ୍ୟାନ କରିଥିଲେ। ୩୦ ଅକ୍ଟୋବର, ୨୦୨୫ରେ କୁମିକୋ ପୁଲିସ୍ ନିକଟରେ ଆତ୍ମସମର୍ପଣ କରିଥିଲେ। ତେବେ ଅପରାଧ ସ୍ଥଳକୁ ମିଳିଥିବା ରକ୍ତନମୁନା ତାଙ୍କ ସହିତ ମ୍ୟାଚ୍ ହୋଇଥିଲା। ତେବେ ସାତୋରୁ ହତ୍ୟାକାରୀଙ୍କ ସମ୍ପର୍କରେ ଶୁଣିବା ପରେ ସ୍ତବ୍ଧ ହୋଇ ଯାଇଥିଲେ। ସାତୋରୁ କହିଛନ୍ତି ଯେ, 'ସେ ଯେଉଁ ଘର ପାଇଁ ଏତେ ଦିନରୁ ଭଡ଼ା ଦେଇ ଆସୁଥିଲେ କୁମିକୋ ତାରି ଆଖପାଖରେ ଦୀର୍ଘ ବର୍ଷ ଧରି ରହି ଆସୁଥିଲେ।' ଦୀର୍ଘ ୨୬ବର୍ଷ ଧରି ସେ ନ ରହି ମଧ୍ୟ ଯେଉଁ ଫ୍ଲାଟ୍ ପାଇଁ ଭଡ଼ା ଦେଇ ଆସୁଥିଲେ, ଉକ୍ତ ନିଷ୍ପତ୍ତି ଠିକ୍ ଥିଲା ବୋଲି ସାତୋରୁ କହିଛନ୍ତି।



# କର୍ମଚାରୀଙ୍କୁ ସୁନା କି-କ୍ୟାପ୍ ଉପହାର



ଅନେକ କମ୍ପାନି କର୍ମଚାରୀଙ୍କୁ ଉତ୍ସାହିତ କରିବା ପାଇଁ ବୋନ୍‌ସ, ଉପହାର ଆଦି ଦିଅନ୍ତି। ଏହି କ୍ରମରେ ଚୀନ୍‌ର ଏକ କମ୍ପାନି ଉପହାରରେ କର୍ମଚାରୀଙ୍କୁ ସୁନା କି ବୋର୍ଡ କ୍ୟାପ୍ ଦେଇ ସଭିଙ୍କ ଦୃଷ୍ଟି ଆକର୍ଷଣ କରିଛି। ଚୀନ୍ ଶେନ୍‌ଝେନ୍‌ରେ ଥିବା ଇନ୍‌ଷ୍ଟା ୩୬୦ ନାମକ କମ୍ପାନି କର୍ମଚାରୀଙ୍କୁ ଦୀର୍ଘ ଚାରିବର୍ଷ ଧରି ସୁନା କିବୋର୍ଡ କ୍ୟାପ୍ ଦେଇ ଆସୁଛି। କମ୍ପାନି ପକ୍ଷରୁ ଏହାର ନାମ 'ଗୋଲଡେନ୍ ବୋନସ୍' ନାମ ଦିଆଯାଇଛି। ନିକଟରେ ଏହି କମ୍ପାନି ଚୀନ୍ ପ୍ରୋଗାମର ଡେ ( ୨୪ ଅକ୍ଟୋବରରେ) ଅବସରରେ ୨୧ ଜଣ କର୍ମଚାରୀଙ୍କୁ ସୁନାର କି କ୍ୟାପ୍ ଉପହାରରେ ଦେଇଥିଲା। ଏହି କି କ୍ୟାପ୍‌ଗୁଡ଼ିକ ମଧ୍ୟରେ ସ୍ପେଶ୍ ବାର୍ ମଧ୍ୟ ଥିଲା। ଏହାର ମୂଲ୍ୟ ପାଖାପାଖି ୪୫ ଲକ୍ଷ ଟଙ୍କା ହେବ। ଏଯାବତ୍ କମ୍ପାନି ପକ୍ଷରୁ କର୍ମଚାରୀଙ୍କୁ ସମୁଦାୟ ୫୫ଟି ସୁନାର କି କ୍ୟାପ୍ ପ୍ରଦାନ କରାଯାଇଛି। ସୁନାର ଏହି କି କ୍ୟାପ୍‌ଗୁଡ଼ିକ କେବଳ ବୋନସ୍ ନୁହେଁ ଏହା କର୍ମଚାରୀଙ୍କ ପରିଶ୍ରମ ଓ ନିଷ୍ଠାର ପ୍ରତୀକ ବୋଲି ଇନ୍‌ଷ୍ଟା ୩୬୦ ପକ୍ଷରୁ କୁହାଯାଇଛି। ସୁନା ଦେଉଥିବାରୁ ଏହି କମ୍ପାନିକୁ ଚୀନ୍‌ରେ 'ଗୋଲଡ୍ ଫ୍ୟାକ୍ଟ୍ରି' ବୋଲି କୁହାଯାଏ। ସେହିପରି ଇନ୍‌ଷ୍ଟା ୩୬୦ ଏହାର ୧୦ ବର୍ଷ ପୂର୍ତ୍ତି ଅବସରରେ କର୍ମଚାରୀ ଓ ଇଣ୍ଟର୍ଣ୍ଣଙ୍କୁ ଉପହାର ସ୍ୱରୂପ ଗୋଲଡ୍ ବ୍ଲାଇଣ୍ଡ ବାକ୍ସ ଦେଇଥିଲା। ଏଥିରେ ୦. ୩୬ ଗ୍ରାମ୍‌ର ଶୁଦ୍ଧ ସୁନାର ଷ୍ଟିକର୍ ଥିଲା। ଏହି କମ୍ପାନି କର୍ମଚାରୀଙ୍କୁ କେବଳ ବୋନ୍‌ସ ନୁହେଁ, ସେମାନଙ୍କ ବ୍ୟକ୍ତିଗତ ଖୁସିକୁ ମଧ୍ୟ ପ୍ରାଧାନ୍ୟ ଦେଇଥାଏ। ବିଶେଷ ଅବସରରେ ସୁନା ଉପହାର ଦେଇଥାଏ। କୌଣସି କର୍ମଚାରୀଙ୍କ ବିବାହ କିମ୍ବା ପିଲା ଜନ୍ମ ହେଲେ କମ୍ପାନି ପକ୍ଷରୁ ଏକ ଗ୍ରାମ୍ ଓଜନର ସୁନା ମୁଦ୍ରା ପ୍ରଦାନ କରାଯାଏ।

# ତୁଳସୀ ଜଟାର ମହତ୍ତ୍ୱ



**ହିନ୍ଦୁ ଧର୍ମରେ ତୁଳସୀକୁ ସବୁଠୁ ପବିତ୍ର ବୃକ୍ଷ ବୋଲି କୁହାଯାଇଛି। ତୁଳସୀ କେବଳ ଭଗବାନ ବିଷ୍ଣୁଙ୍କ ପ୍ରିୟ ନୁହେଁ, ଏହା ଘରର ସକାରାତ୍ମକ ଶକ୍ତି ସଞ୍ଚାର କରିବା ସହିତ ସମୃଦ୍ଧିର ପ୍ରତୀକ ଭାବେ ବିବେଚନା କରାଯାଏ। ଯେମିତି ତୁଳସୀ ପତ୍ରର ମହତ୍ତ୍ୱ ଅଛି, ଠିକ୍‌ସେମିତି ତୁଳସୀ ଫୁଲ ବି ମଙ୍ଗଳକାରୀ। କୁହାଯାଏ ତୁଳସୀ ଗଛରେ ତୁଳସୀ ଫୁଲ ମା' ଲକ୍ଷ୍ମୀଙ୍କ ଆଗମନର ସଙ୍କେତ ଦେଇଥାଏ।**

ଧାର୍ମିକ ଗ୍ରନ୍ଥରେ କୁହାଯାଇଛି, ଭଗବାନ ବିଷ୍ଣୁଙ୍କ ପୂଜା ତୁଳସୀ ବିନା ଅଧୁରା। ତେଣୁ ତୁଳସୀରେ ଫୁଲ ଆସିଲେ ଏହାକୁ ଶ୍ରୀହରିଙ୍କ ଭୋଗ ସହିତ ଅର୍ପଣ କରନ୍ତୁ। ଏଭଳି କରିବା ଦ୍ୱାରା ଭଗବାନ ବିଷ୍ଣୁ ଅତ୍ୟନ୍ତ ପ୍ରସନ୍ନ ହୋଇଥାନ୍ତି ଏବଂ ପୁଣ୍ୟ ପ୍ରାପ୍ତି ହୁଏ। ଏହା ଜୀବନରୁ ନକାରାତ୍ମକତାକୁ ଦୂରେଇ ସୌଭାଗ୍ୟ ଆଣେ। ସେହିପରି ଆର୍ଥିକ ସମସ୍ୟା ଦେଇ ଗତି କରୁଥିଲେ, ଶୁକ୍ରବାର ମା' ଲକ୍ଷ୍ମୀଙ୍କୁ ତୁଳସୀ ଫୁଲ ଅର୍ପଣ କରିବା ଉଚିତ। ଏଭଳି କରିବା ଦ୍ୱାରା ଦେବୀ ଲକ୍ଷ୍ମୀ ଶୀଘ୍ର ପ୍ରସନ୍ନ ହୋଇଥାନ୍ତି। ଏହି ଉପାୟ ଅର୍ଥ ସମସ୍ୟା ଦୂର କରେ।

ସେହିପରି ଘରେ ଲଗାତାର କଳି, ଝଗଡ଼ା, ଚିନ୍ତା ଓ ନକାରାତ୍ମକ ପରିବେଶ ବଜାୟ ରହିଲେ, ତୁଳସୀ ଫୁଲକୁ ବ୍ୟବହାର କରିବା ଭଲ। ଏକ ପାତ୍ରରେ ଗଙ୍ଗାଜଳ ନେଇ ତାହାକୁ ତୁଳସୀ ଫୁଲରେ ଘରେ ସିଞ୍ଚନ କରିବା ଦ୍ୱାରା ଘର ପରିବେଶ ଶୁଦ୍ଧ ଓ ଶାନ୍ତିପୂର୍ଣ୍ଣ ହୋଇଥାଏ। ଉଭୟ ତୁଳସୀ ଓ ଗଙ୍ଗାଜଳ ପବିତ୍ରତାର ପ୍ରତୀକ ହୋଇଥିବାରୁ ଏହାର ମିଶ୍ରଣ ଶୁଭଫଳ ପ୍ରଦାନ କରେ।

## ସ୍ୱସ୍ତି

# ପୂଜା ଫୁଲ ଧୋଇ ଚଢ଼ାଉ ଥିଲେ

ଫୁଲ ବିନା ଦେବୀ ଦେବତା ଏବଂ ଧାର୍ମିକ ଅନୁଷ୍ଠାନ ଅଧୁରା ବୋଲି କୁହାଯାଏ। ଶାସ୍ତ୍ରରେ ପୂଜା ଫୁଲର ଅନେକ ନିୟମ ରହିଛି। ସେହିପରି ଭଗବାନଙ୍କ ପାଖେ ଲାଗି ହେଉଥିବା ଫୁଲର ମହତ୍ତ୍ୱ ବେଶି। ତେବେ ଏହି ଫୁଲକୁ ଭଗବାନଙ୍କୁ ଲାଗି କରିବା ପୂର୍ବରୁ ଏହାକୁ ଅନେକ ଧୋଇ ଚଢ଼ାଇ ଥାନ୍ତି। ହେଲେ ଏଭଳି କରିବା ଠିକ୍ କି ଭୁଲ୍ ସେ ସମ୍ପର୍କରେ ଅନେକ ଜାଣନ୍ତି ନାହିଁ।

ଧ୍ୟାନ ଦେବା ଦରକାର ଯେ, ଭଗବାନଙ୍କୁ କୌଣସି ଜିନିଷ ଲାଗି କରିବା ବେଳେ ତାହା ତାଜା ଥିବା ଦରକାର। ତେଣୁ ଭଗବାନଙ୍କୁ ଚଢ଼ାଯାଉଥିବା ଫୁଲ ବାସି ହେବା ଅନୁଚିତ। ଫୁଲରେ ଜଳ ସ୍ପର୍ଶ ହେବା ଯୋଗୁଁ ତାହା ଜଳ ଦେବତାଙ୍କୁ ଅର୍ପିତ ବୋଲି ବିବେଚନା କରାଯାଏ। ତେଣୁ ଫୁଲକୁ ଧୋଇ ଠାକୁରଙ୍କୁ ଲାଗି କରିବା ଠିକ୍ ନୁହେଁ। ଫୁଲକୁ ଧୋଇ ଚଢ଼ାଇବା ଦ୍ୱାରା ଏହାର ପବିତ୍ରତା ନଷ୍ଟ ହୁଏ। ତା'ସହ ଭଗବାନଙ୍କ ପାଖେ ଅର୍ପଣ ହେଉଥିବା ଫୁଲକୁ ଧୋଇବା ଠିକ୍ ନୁହେଁ। ନିୟମ ଅନୁସାରେ, ସ୍ନାନ ପରେ ଫୁଲ ତୋଳିବା ଉଚିତ। ସେହିପରି ବଜାରରୁ ଆଣୁଥିବା ଫୁଲକୁ ମଧ୍ୟ ନ ଧୋଇ ପୂଜା ଥାଳିରେ ସିଧା ରଖିବା ଉଚିତ। ହିନ୍ଦୁ ମାନ୍ୟତାନୁସାରେ, ଭଗବାନଙ୍କୁ ବାସି, ପୋକ ଲଗା ଭୁଲ, ଛିଣ୍ଡା ଫୁଲ, ତଳେ ପଡ଼ିଥିବା ଫୁଲ ଲାଗି କରିବା ଅନୁଚିତ। ସେହିପରି ଠାକୁରଙ୍କ ପାଖରେ ଲାଗି ହୋଇଥିବା ଫୁଲକୁ ଅନ୍ୟ ଠାକୁରଙ୍କୁ ଲାଗି କରିବା ଅନୁଚିତ।





# ମା' ଲକ୍ଷ୍ମୀଙ୍କ ପ୍ରିୟ ଭୋଗ

**ମା'ଲକ୍ଷ୍ମୀଙ୍କ ପୂଜାରେ ଭୋଗର ବିଶେଷ ମହତ୍ତ୍ୱ ରହିଛି। କୁହାଯାଏ ଠିକ୍ ଓ ପବିତ୍ର ଭୋଗ ସାମଗ୍ରୀ ଦ୍ୱାରା ମା' ଲକ୍ଷ୍ମୀଙ୍କ ଆରାଧନା କରିବା ଦ୍ୱାରା ତାଙ୍କ କୃପା ପ୍ରାପ୍ତି ହୁଏ। ତେଣୁ ମା'ଲକ୍ଷ୍ମୀଙ୍କୁ ପ୍ରସନ୍ନ କରିବା ପାଇଁ ଭୋଗ ଉପରେ ବିଶେଷ ଗୁରୁତ୍ୱ ଦେବା ଉଚିତ।**



- କ୍ଷୀର, ଚାଉଳ ଏବଂ ଗୁଡ଼ରେ ପ୍ରସ୍ତୁତ କ୍ଷୀରି ଭୋଗ ମା' ଲକ୍ଷ୍ମୀଙ୍କୁ ଅର୍ପଣ କରିବା ଶୁଭ। କ୍ଷୀରି ଭୋଗ ଲାଗି କରିବା ଦ୍ୱାରା ଘରେ ଧନ, ସୁଖ ଓ ସମୃଦ୍ଧି ବଜାୟ ରହେ।
- ଲଡ୍ଡୁକୁ ସୌଭାଗ୍ୟର ପ୍ରତୀକ ବୋଲି କୁହାଯାଏ। ବେସନ କିମ୍ବା ବୁନ୍ଦିରେ ତିଆରି ଲଡ୍ଡୁ ମା' ଲକ୍ଷ୍ମୀଙ୍କୁ ଲାଗି କରିବା ଦ୍ୱାରା ପାରିବାରିକ ସମୃଦ୍ଧି ଓ ପ୍ରେମ ଭାବ ବୃଦ୍ଧି ପାଏ।
- ସୁଜି, ଦେଶୀ ଘିଅ ଓ ଗୁଡ଼ରେ ପ୍ରସ୍ତୁତ ହାଲୁଆ ମା' ଲକ୍ଷ୍ମୀଙ୍କ ଅତ୍ୟନ୍ତ ପ୍ରିୟ। ଏହାକୁ ଭୋଗ ଭାବେ ଅର୍ପଣ କଲେ ଘରେ ସକାରାତ୍ମକ ଶକ୍ତି ସଞ୍ଚାର ହୁଏ।
- କଦଳୀ, ସେଓ, ଡାଳିମ୍ବ ଭଳି ଅନ୍ୟ ଫଳ ଲକ୍ଷ୍ମୀ ମା'ଙ୍କୁ ଅର୍ପଣ କଲେ ଜୀବନରେ ସ୍ଥିରତା ଆସେ। ମା' ଲକ୍ଷ୍ମୀ ପ୍ରସନ୍ନ ହୁଅନ୍ତି।
- ନଡ଼ିଆ ବା ଶ୍ରୀଫଳକୁ ପୂର୍ଣ୍ଣତାର ପ୍ରତୀକ ବୋଲି ବିବେଚନା କରାଯାଏ। ଏହାକୁ ଅର୍ପଣ କଲେ ଆଧ୍ୟାତ୍ମିକ ଉନ୍ନତି ହୋଇଥାଏ। ମା' ଲକ୍ଷ୍ମୀଙ୍କୁ ଏହା ପ୍ରଦାନ କଲେ ଭୌତିକ ସୁଖ, ସାଧନର ବିକାଶ ଘଟେ।



# ସୂର୍ଯ୍ୟଦେବଙ୍କୁ ଅର୍ଘ୍ୟ ଅର୍ପଣର ନିୟମ

**ସୂର୍ଯ୍ୟଦେବଙ୍କୁ ପ୍ରସନ୍ନ କରିବା ପାଇଁ ସୂର୍ଯ୍ୟୋଦୟ ପୂର୍ବରୁ ଜଳ ଅର୍ଘ୍ୟ ଅର୍ପଣ କରିବା ଉଚିତ। ଏହି ଅର୍ଘ୍ୟ ଅର୍ପଣର ନିୟମ ବି ଅଛି।**

- ପ୍ରଥମେ ସ୍ନାନ ସାରି ପରିଷ୍କାର ବସ୍ତ୍ର ପରିଧାନ କରନ୍ତୁ।
- ସୂର୍ଯ୍ୟୋଦୟ ସମୟରେ ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରନ୍ତୁ।
- ତା'ସହ ଅର୍ଘ୍ୟ ଅର୍ପଣର ସମୟ ନିର୍ଦ୍ଧାରିତ କରି ସେହି ସମୟରେ ସବୁଦିନ ଅର୍ଘ୍ୟ ଦେବା ଉଚିତ।
- ତମ୍ବା ଡ଼ାଲରେ ଅର୍ଘ୍ୟ ଅର୍ପଣ କରିବା ଉଚିତ।
- ଅର୍ଘ୍ୟ ଜଳରେ ନାଲି ଫୁଲ, ଚନ୍ଦନ ଓ ଅକ୍ଷତ ପକାନ୍ତୁ। ସେହି ଜଳକୁ ଅର୍ଘ୍ୟ ଭାବେ ଅର୍ପଣ କରନ୍ତୁ।
- ଅର୍ଘ୍ୟ ଦେବାବେଳେ ଜଳଧାରରେ ସୂର୍ଯ୍ୟଙ୍କ ଦର୍ଶନ କରିବା ଶୁଭ।
- ଏହି ଅର୍ଘ୍ୟ ସମୟରେ ସୂର୍ଯ୍ୟଙ୍କ କିରଣ ଦେଖିବା ଉତ୍ତମ।
- ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରିବା ବେଳେ ସୂର୍ଯ୍ୟ ମନ୍ତ୍ର ଜପ କରିବା ଉଚିତ।
- ଅର୍ଘ୍ୟ ଅର୍ପଣ ସମୟରେ ନିଜ ମୁଖକୁ ପୂର୍ବ ଦିଗରେ ରଖନ୍ତୁ।

ଇଡେନ୍ ସ୍ପିନ୍ ପିଚ୍ ହେଲା ବୁମେରାଂ | ହାର୍ମର ଶ୍ରେଷ୍ଠ ଖେଳାଳି | ୨୨ରୁ ଦ୍ୱିତୀୟ ଟେଷ୍ଟ

# ଅଢ଼େଇ ଦିନରେ ହାରିଲା ଭାରତ

କୋଲକାତା,୧୬।୧୧(ଏଜେନ୍ସି)

ଅଢ଼େଇ ଦିନରେ ଇଡେନ୍ ଟେଷ୍ଟ ଲଢ଼େଇ ଶେଷ। ଅଧିନାୟକ ଶୁବମନ ଗିଲ୍‌ଙ୍କ ଅନୁପସ୍ଥିତିରେ ଇଡେନ୍‌ର ସ୍ପିନ୍ ପିଚ୍‌ରେ ଦକ୍ଷିଣ ଆଫ୍ରିକା ବୋଲରଙ୍କୁ ଉଚିତ ମୁକାବିଲା କରିପାରିଲାନି ଭାରତ। ଯାହା ଫଳରେ ଏଠାରେ ରବିବାରର ଶେଷ ହୋଇଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନ ଟି' ପୂର୍ବରୁ ଭାରତ ୩୦ ରନ୍‌ରେ ଦକ୍ଷିଣ ଆଫ୍ରିକା ନିକଟରୁ ପରାଜିତ ହୋଇଛି। ଭ୍ରମଣକାରୀ ଦଳ ପ୍ରଦତ୍ତ ୧୨୪ ରନ୍‌ର ଟାର୍ଗେଟକୁ ହାସଲ କରିବାରେ ସମର୍ଥ ହେଲାନି ଭାରତ। ଦଳ ୩୫ ଓଭରରେ ୯ ୱିକେଟ ହରାଇ ୯୩ ରନ୍ କରିଅଲଆଉଟ ହୋଇଥିଲା। ଆହତ ଯୋଗୁଁ ପ୍ରଥମ ଇନିଂସରେ ୩ଟି ବଲ୍‌ରୁ ୪ ରନ୍ କରିଥିବା ଗିଲ୍ ଦ୍ୱିତୀୟ ଇନିଂସରେ ବ୍ୟାଟିଂ କରିବାକୁ ଆସି ନ ଥିଲେ। ଦକ୍ଷିଣ ଆଫ୍ରିକାର ଏହି ଐତିହାସିକ ବିଜୟରେ ମୁଖ୍ୟ ଭୂମିକା ଗ୍ରହଣ କରିଥିବା ୩୬ ବର୍ଷୀୟ ଅଫ୍‌ସ୍ପିନର ସାଇମନ ହାର୍ମର ଉଭୟ ଇନିଂସରେ ୪ଟି ଲେଖାଏଁ ୱିକେଟ ନେଇ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟରେ ସିରିଜ୍‌ରେ ୧-୦ରେ ଆଗୁଆ ରହିଥିବା ଦକ୍ଷିଣ ଆଫ୍ରିକା ଆସାମର ଗୁଆହାଟୀରେ ଭାରତ ସହ ଦ୍ୱିତୀୟ ଟେଷ୍ଟ ନଭେମ୍ବର ୨୨ରୁ ଖେଳିବ। ଭାରତରେ ଦୀର୍ଘ ୧୫ ବର୍ଷ ପରେ ଦକ୍ଷିଣ ଆଫ୍ରିକା ଟେଷ୍ଟ ଜିତିବାରେ ସମର୍ଥ ହୋଇଛି। ତାହା ପୁଣି ସ୍ପିନ୍ ବୋଲରଙ୍କ ସଫଳତା ବଳରେ। ଭାରତ ଉଭୟ ଇନିଂସରେ ହରାଇଥିବା ୧୮ଟି ୱିକେଟ ମଧ୍ୟରୁ ଦକ୍ଷିଣ ଆଫ୍ରିକୀୟ ସ୍ପିନରମାନେ ୧୨ଟି ୱିକେଟ ନେଇଥିଲେ।



## ୨୦୬ ଓଭର, ୫୧୭ ରନ୍, ୩୮ ୱିକେଟ୍

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଅନୁଷ୍ଠିତ ପ୍ରଥମ ଟେଷ୍ଟ ଅଢ଼େଇଦିନରେ ଶେଷ ହୋଇଛି। ଆଲୋକ ଅଭାବରୁ ଖେଳ ବ୍ୟାହତ ହୋଇ ନ ଥିଲେ ଆହୁରି ଆଗରୁ ଶେଷ ହୋଇଥାନ୍ତା। ଏହି ମ୍ୟାଚ୍‌ର ପ୍ରଥମ ଇନିଂସରେ ଦକ୍ଷିଣ ଆଫ୍ରିକା ୫୫ ଓଭରରେ ୧୫୯ ରନ୍ କରିଥିଲା। ଜବାବରେ ଗିଲ୍ ୪ ରନ୍‌ରେ ମ୍ୟାଚ୍ ଛାଡ଼ିବା ପରେ ଭାରତ ୬୨.୨ ଓଭରରେ ୧୮୯ ରନ୍ କରିଥିଲା। ୩୦ ରନ୍‌ରେ ପଛୁଆ ଥିବା ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୫୪ଓଭରରେ ୧୫୩ ରନ୍ କରିଥିଲା। ଏହା ଫଳରେ ଭାରତକୁ ଏହି ମ୍ୟାଚ୍ ଜିତିବାକୁ ୧୨୪ ରନ୍‌ର ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହି ଲକ୍ଷ୍ୟକୁ ପିଛା କରି ଭାରତ ଦ୍ୱିତୀୟ ଇନିଂସରେ ମାତ୍ର ୩୫ ଓଭର ଖେଳି ୯୩ ରନ୍‌ରେ ଆଉଟ ହୋଇଥିଲା। ଆହତ ଯୋଗୁ ଗିଲ୍ ବ୍ୟାଟିଂ କରିବାକୁ ଆସି ନ ଥିଲେ। ଏହା ଫଳରେ ଏହି ମ୍ୟାଚ୍‌ରେ ମୋଟ ୨୦୬.୨ ଓଭର ଖେଳ ସମ୍ଭବ ହୋଇଥିଲା। ଏଥିରେ ଉଭୟ ଦଳ ମିଳିତଭାବେ ୫୧୭ ରନ୍ କରିଥିଲାବେଳେ ୩୮ଟି ୱିକେଟର ପତନ ଘଟିଥିଲା। ଆହତ ଥିବାରୁ ଗିଲ ଉଭୟ ଇନିଂସରେ ବ୍ୟାଟିଂ କରି ପାରି ନ ଥିଲେ।

ଏହି ମ୍ୟାଚ୍‌ର ଆଜି ସକାଳେ ଦକ୍ଷିଣ ଆଫ୍ରିକା ତାହାର ଦ୍ୱିତୀୟ ଇନିଂସ ୭ ୱିକେଟରେ ୯୩ ରନ୍‌ରୁ ଖେଳ ଆରମ୍ଭ କରି ୧୫୩ରନ୍‌ରେ ଆଉଟ ହୋଇଥିଲା। ୨୯ ରନ୍‌ରେ ଅପରାଜିତ ଥିବା ଅଧିନାୟକ ୧୩୬ ବଲ୍‌ରୁ ଏହି ମ୍ୟାଚ୍‌ରେ ସର୍ବାଧିକ ୫୫ ରନ୍ କରି ଶେଷଯାଏ ଆଉଟ ହୋଇ ନ ଥିଲେ। କିନ୍ତୁ ନଂ-୯ରେ ବ୍ୟାଟିଂ କରିଥିବା କର୍ବିନ ବୋଶ୍‌ଙ୍କ ୨୫ ରନ୍ ଗୁରୁତ୍ୱପୂର୍ଣ୍ଣ ଥିଲା। ଭାରତ ପକ୍ଷରୁ ରବୀନ୍ଦ୍ର ଜାଡେଜା ୪ଟି, କୁଲଦୀପ ଯାଦବ ଓ ମହମ୍ମଦ୍ ସିରାଜ ୨ଟି ଲେଖାଏଁ ୱିକେଟ ନେଇଥିଲେ।

ଏହା ଫଳରେ ଏହି ମ୍ୟାଚ୍ ଜିତିବାକୁ ଭାରତ ପାଇଥିବା ୧୨୪ ରନ୍‌ର ଟାର୍ଗେଟକୁ ପିଛା କରି ଭାରତ ଦ୍ୱିତୀୟ ଇନିଂସରେ ୯୩ ରନ୍ କରିଥିଲା। ନଂ-୩ରେ ବ୍ୟାଟିଂ କରିଥିବା ୱାଶିଂଟନ ସୁନ୍ଦର ୯୨ ବଲ୍ ଖେଳି ସର୍ବାଧିକ ୩୧, ଅକ୍ଷର ପଟେଲ ୨୬, ଜାଡେଜା ୧୮ ଓ ଧ୍ରୁବ ଜୁରେଲ ୧୩ ରନ୍ କରିଥିଲେ। ଦକ୍ଷିଣ ଆଫ୍ରିକା ପକ୍ଷରୁ ସାଇମନ ହାର୍ମର ୨୧ ରନ୍‌ରେ ୪ଟି, ମାର୍କୋ ୟାନ୍‌ସେନ୍ ଓ କେଶବ ମହାରାଜ ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ।

**ସଂକ୍ଷିପ୍ତ ସ୍କୋର**

**ଦକ୍ଷିଣ ଆଫ୍ରିକା**: ୧୫୯ (ମାରକ୍ରମ-୩୧, ବୁମ୍‌ରା-୫/୨୭) ଓ ୧୫୩ (ବଭୁମା-୫୫*, ଜାଡେଜା-୪/୫୦)।
**ଭାରତ**: ୧୮୯ (ରାହୁଲ-୩୯, ସୁନ୍ଦର-୨୯, ହାର୍ମର-୪/୩୦, ୟାନ୍‌ସେନ୍-୩/୩୫) ଓ ୯୩ (ସୁନ୍ଦର-୩୧, ଅକ୍ଷର-୨୬, ଜାଡେଜା-୧୮, ହାର୍ମର-୪/୨୧)।

## ସିରିଜ୍ ଜିତାଇଲେ ଗାଏକ୍‌ୱାଡ

ରାଜକୋଟ, ୧୬।୧୧ (ଏଜେନ୍ସି): ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା-ଏ ବିପକ୍ଷରେ ଏଠାରେ ରବିବାର ଖେଳାଯାଇଥିବା ଦ୍ୱିତୀୟ ଅନ୍‌ଅଫିସିଆଲ୍ ଦିନିକିଆ ମ୍ୟାଚକୁ ଭାରତ-ଏ ୯ ୱିକେଟ୍‌ରେ ବିଜୟୀ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଦକ୍ଷିଣ ଆଫ୍ରିକା-ଏ ଘରୋଇ ବୋଲର ନିଶାନ୍ତ ସିନ୍ଧୁ ଓ ହର୍ଷିତ ରାଣାଙ୍କ ବୋଲିଂକୁ ସାମ୍ନା କରି ନ ପାରି ୩୦.୩ ଓଭରରେ ୧୩୨ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଓପନର୍ ରିଭାଲ୍ଡୋ ମୁନସାମୀ ସର୍ବାଧିକ ୩୩ ରନ କରିଥିଲେ। ଭାରତ-ଏ ପକ୍ଷରୁ ନିଶାନ୍ତ ସିନ୍ଧୁ (୭-୧-୧୬-୪) ଓ ହର୍ଷିତ ରାଣା (୫-୧-୨୧-୩) ମିଳିତ ଭାବେ ୭ଟି ୱିକେଟ୍ ନେଇଥିଲେ। ଜବାବରେ ଓପନର୍ ଋତୁରାଜ ଗାଏକ୍‌ୱାଡଙ୍କ ଅପରାଜିତ ୬୮ ରନ ବଳରେ ଭାରତ-ଏ ୨୭.୫ ଓଭରରେ ଗୋଟିଏ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ଅଭିଷେକ ଶର୍ମା ୩୨ ରନ କରି ଆଉଟ୍ ହୋଇଥିଲେ। ପ୍ରଥମ ଦିନିକିଆକୁ ୪ ୱିକେଟ୍‌ରେ ଜିତିଥିବା ଭାରତ-ଏ ଏଥିସହ ୨-୦ରେ ଆଗୁଆ ସିରିଜ କବ୍‌ଜା କରିନେଇଛି। ଅନ୍ତିମ ତଥା ୩ୟ ମ୍ୟାଚ୍ ନଭେମ୍ବର ୧୯ରେ ଏଠାରେ ଅନୁଷ୍ଠିତ ହେବ।

## ରଣଜୀ ଟ୍ରଫି: ଓଡ଼ିଶାର ସମ୍ମାନ ରଖିଲେ ବିପ୍ଳବ-ଅନିଲ

ଭୁବନେଶ୍ୱର, ୧୬।୧୧ (ସମିସ):

ଘରୋଇ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ରବିବାରଠାରୁ ସ୍ଥାନୀୟ କିଟ୍ କ୍ରିକେଟ୍ ଷ୍ଟାଡିୟମରେ ରଣଜୀ ଟ୍ରଫି ୫ମ ରାଉଣ୍ଡ ମ୍ୟାଚ୍ ଆରମ୍ଭ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଓଡ଼ିଶା ପ୍ରଥମ ଦିବସ ଖେଳ ଶେଷ ସୁଦ୍ଧା ୮୯ ଓଭରରେ ୭ ୱିକେଟ୍ ହରାଇ ୨୪୩ ରନ ସଂଗ୍ରହ କରିଛି। ଖେଳ ଶେଷବେଳକୁ ଅନିଲ ପରିଡ଼ା ୯୮ ଓ ରାଜେଶ ମହାନ୍ତି ୨ ରନ କରି ଖେଳୁଛନ୍ତି।

### ୩୪/୪: ଓଡ଼ିଶାର ପ୍ରାରମ୍ଭିକ ବିପର୍ଯ୍ୟୟ

ପାଞ୍ଚ ବର୍ଷର ବ୍ୟବଧାନ ପରେ କିଟ୍ ଗ୍ରାଉଣ୍ଡରେ ଖେଳାଯାଇଥିବା ଏହି ରଣଜୀ ଲଢ଼େଇରେ ଟସ୍ ଜିତି ଘରୋଇ ଓଡ଼ିଶା ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ଧୀମା ବ୍ୟାଟିଂ ଆରମ୍ଭ କରିଥିବା ଓଡ଼ିଶା ୨୦ ଓଭରବେଳକୁ ମାତ୍ର




୩୪ ରନ ମଧ୍ୟରେ ଗୌରବ ଚୌଧୁରୀ (୧୦ ରନ) ଓ ସ୍ୱସ୍ତିକ ସାମଲ (୯)ଙ୍କ ସହ ଅଧିନାୟକ ଶୁଭ୍ରାଂଶୁ ସେନାପତି (୧୩) ଓ ଗୋବିନ୍ଦ (୦)ଙ୍କ ୱିକେଟ୍ ହରାଇଥିଲା। ଏହି ସମୟରେ ମଧ୍ୟକ୍ରମରେ ଅଭିଜ୍ଞ ବିପ୍ଳବଙ୍କ ସହ ଯୁବ ବ୍ୟାଟର୍ ଅନିଲ ବ୍ୟାଟିଂର ମଙ୍ଗ ସମ୍ଭାଳିଥିଲେ। ଗତ ସିଜନ ଭଳି ଚଳିତ ବର୍ଷ ମଧ୍ୟ ପ୍ରାରମ୍ଭରୁ ଅଣଦେଖାର ଶିକାର ହୋଇଥିବା ବିପ୍ଳବ ପ୍ରତ୍ୟାବର୍ତ୍ତନ ସୁଯୋଗର ଭରପୁର ଫାଇଦା ଉଠାଇଥିଲେ। ଅନିଲଙ୍କ ସହ ମିଶି ବିପ୍ଳବ ନାଗାଲାଣ୍ଡ ବୋଲରଙ୍କୁ ଧୈର୍ଯ୍ୟର ସହ ମୁକାବିଲା କରି ୫ମ ୱିକେଟ୍‌ରେ ୧୭୯ ରନର ଗୁରୁତ୍ୱପୂର୍ଣ୍ଣ ଭାଗୀଦାରି ଗଢ଼ିଥିଲେ। ଫଳରେ ଦଳୀୟ ସ୍କୋର ୨୦୦ ଶହ ରନ ଅତିକ୍ରମ ହୋଇଥିଲା। ତେବେ ବିପ୍ଳବ ୯୨ ରନ (୧୪୫ ବଲ୍, ୯ ଚୌକା ଓ ୧ ଛକା) କରି ଶତକରୁ ବଞ୍ଚିତ ହୋଇଥିଲେ। ଏହାପରେ ସମ୍ବିତ ବରାଳ (୧୧ ରନ) ଓ ପଦାର୍ପଣକାରୀ ୱିକେଟ୍‌କିପର ଶାୱନ ପହରିୟା (୧) ନିରାଶ କରିଥିଲେ। ନିଜର ୨ୟ ମ୍ୟାଚ୍ ଖେଳୁଥିବା ଅନିଲ ୨୪୯ ବଲରେ ୯୮ ରନ କରି ଅପରାଜିତ ରହିଛନ୍ତି। ଗତ ସିଜନରେ ପଦାର୍ପଣରେ ସର୍ଭିସେସ ବିପକ୍ଷରେ ଅପରାଜିତ ୯୯ ରନ କରିଥିଲେ ମଧ୍ୟ ଅନିଲଙ୍କୁ ଚଳିତ ସିଜନ ପ୍ରାରମ୍ଭରୁ ଅଣଦେଖା କରାଯାଇଥିଲା। ନାଗାଲାଣ୍ଡର ଅଧିନାୟକ ରଙ୍ଗସେନ ଜୋନାଥନ, ରୋନିତ୍ ମୋରେ ଓ ଲାମଲିୱତି ଲାମଲିୱତି ୨ଟି ଲେଖାଏ ୱିକେଟ୍ ନେଇଛନ୍ତି।

## ୧୫ ବର୍ଷ ପରେ ଟେଷ୍ଟ ଜିତିଲା ଦ. ଆଫ୍ରିକା



କୋଲକାତା,୧୬।୧୧(ଏଜେନ୍ସି): ଭାରତକୁ ୩୦ ରନ୍‌ରେ ହରାଇ ଦକ୍ଷିଣ ଆଫ୍ରିକା ଭାରତ ମାଟିରେ ଦୀର୍ଘ ୧୫ ବର୍ଷ ପରେ ପ୍ରଥମ ଟେଷ୍ଟ ବିଜୟ ହାସଲ କରିଛି। ୨୦୧୦ରେ ଶେଷଥର ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ଟେଷ୍ଟ ଜିତିବା ପରେ ଏଠାରେ ଉଭୟଙ୍କ ମଧ୍ୟରେ ଖେଳାଯାଇଥିବା ମୁକାବିଲାରେ ୬ଷ୍ଠ ବିଜୟ ହାସଲ କରିଛି। ୩୬ ବର୍ଷ ୨୭୯ ଦିନରେ ସ୍ପିନର ସାଇମନ୍ ହାର୍ମର ତୃତୀୟ ବରିଷ୍ଠ ଖେଳାଳି ଭାବେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ଏହା ପୂର୍ବରୁ କ୍ଲାଇବ୍ ଲୟଡ ୧୯୮୩-୮୪ରେ ଓ କିଥ୍ ଫ୍ଲେଚର ୧୯୮୧-୮୨ ଟେଷ୍ଟ ସିରିଜ୍‌ରେ ଭାରତ ବିପକ୍ଷରେ ହାର୍ମରଙ୍କଠାରୁ ଅଧିକ ବୟସରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି।

### ● ଇଡେନ୍ ପିଚ୍‌କୁ ଗମ୍ଭୀରଙ୍କ ସମର୍ଥନ



ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ କୋଲକାତାର ଇଡେନ ଗାର୍ଡେନରେ ଖେଳାଯାଇଥିବା ପ୍ରଥମ ଟେଷ୍ଟର ପିଚ୍‌କୁ ସମର୍ଥନ ଜଣାଇଛନ୍ତି ଭାରତୀୟ କୋଚ୍ ଗୌତମ ଗମ୍ଭୀର। ଏହି ମ୍ୟାଚ୍ ଅଢ଼େଇ ଦିନରେ ଶେଷ ହୋଇଥିଲା ଓ ମୋଟ ୨୦୬.୨ ଓଭର ଖେଳରେ ଉଭୟ ଦଳ ଦୁଇଥର ଲେଖାଏଁ ଅଲଆଉଟ ହୋଇଥିଲେ। ଏହା ସତ୍ତ୍ୱେ ଗମ୍ଭୀର ଇଡେନ୍ ପିଚ୍‌କୁ ଖରାପ ବୋଲି କହି ନ ଥିଲେ। ବରଂ ଆମେ ଏଭଳି ପିଚ୍‌ରେ ୧୨୪ ରନ୍ କରିବା ସମ୍ଭବ ଥିଲା। ପିଚ୍ ନିର୍ମାତା ସୁଜନ ମୁଖାର୍ଜୀ ଖୁବ୍ ସହଯୋଗ କରିଥିଲେ। ଆମେ ଯେଉଁ ପିଚ୍ ଚାହିଁଥିଲୁ ତାହା ମିଳିଥିଲା। କିନ୍ତୁ ଯେଉଁ ଦଳ ଭଲ ଖେଳିଲା, ସେହି ଦଳ ବିଜୟୀ ହେଲା ବୋଲି ଗମ୍ଭୀର କହିଛନ୍ତି।

### ● ଅପରାଜେୟ ଟେଷ୍ଟ ଅଧିନାୟକ ତେମ୍ବା

ଦକ୍ଷିଣ ଆଫ୍ରିକା ଟେଷ୍ଟ ଦଳର ନେତୃତ୍ୱ ନେବା ପରଠାରୁ ଅଧିନାୟକ ତେମ୍ବା ବଭୁମା ଗୋଟିଏ ହେଲେ ମ୍ୟାଚ୍‌ରେ ହାରି ନାହାନ୍ତି। ତାଙ୍କ ନେତୃତ୍ୱରେ ଦକ୍ଷିଣ ଆଫ୍ରିକା ଦଳ ୧୧ଟି ଟେଷ୍ଟ ଖେଳି ୧୦ଟିରେ ବିଜୟୀ ହୋଇଛି। ଏହି ୧୦ଟି ମଧ୍ୟରେ ଇଂଲଣ୍ଡର ଲର୍ଡ୍ସର ଅନୁଷ୍ଠିତ ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲରେ ଅଷ୍ଟ୍ରେଲିଆ ବିପକ୍ଷରେ ବିଜୟ ସର୍ବଶ୍ରେଷ୍ଠ ବୋଲି ସେ କହନ୍ତି। ସେହିପରି ଭାରତୀୟ ମାଟିରେ ମଧ୍ୟ ଦଳକୁ ସେ ୧୫ ବର୍ଷ ପରେ ଟେଷ୍ଟ ବିଜୟର ସ୍ୱାଦ ଚଖାଇଛନ୍ତି।

### ● ବିଶ୍ୱ ଚାମ୍ପିଅନ ହେଲା ଭଳି ଲାଗିଲା



କୋଲକାତାରେ ଭାରତ ବିପକ୍ଷ ବିଜୟକୁ ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ବିଜୟ ସହ ତୁଳନା କରିଛନ୍ତି ଦକ୍ଷିଣ ଆଫ୍ରିକାର କୋଚ୍ ଶୁକରି କନରାଡ। ତାଙ୍କ ମତରେ ଏହି ବିଜୟ ମୋତେ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲ ବିଜୟ ଭଳି ଲାଗୁଛି। ୧୫ ବର୍ଷ ପରେ ଭାରତରେ ଟେଷ୍ଟ ଜିତିଥିବାରୁ ଏହା ବୋନସ ମିଳିଲା ଭଳି ଲାଗୁଛି। ଏତିକିରେ ଆମର କାମ ଶେଷ ହୋଇନାହିଁ। ସିରିଜ୍ ବିଜୟୀ ହେବା ପରେ ଆମେ ଭାରତର ଦୁର୍ଗ ଦଖଲ କରିବୁ ବୋଲି ସେ କହିଛନ୍ତି।

### ● ଚତୁର୍ଥ ଇନିଂସରେ ଭାରତର ତୃତୀୟ ସର୍ବନିମ୍ନ ସ୍କୋର

ଏଠାରେ ଭାରତ ଆଗରେ ୧୨୪ ରନ୍‌ର ଟାର୍ଗେଟ ରହିଥିଲା। ଜବାବରେ ଭାରତ ୯୩ ରନ୍ କରିଥିଲା। ଟେଷ୍ଟ ଇତିହାସର ଚତୁର୍ଥ ଇନିଂସରେ ଏହା ଭାରତର ତୃତୀୟ ସର୍ବନିମ୍ନ ସ୍କୋର। ପୂର୍ବରୁ ଦଳ ୧୯୯୭ରେ ୱେଷ୍ଟଇଣ୍ଡିଜ୍ ବିପକ୍ଷରେ ୮୧, ୧୯୭୭ ଇଂଲଣ୍ଡ ବିପକ୍ଷରେ ୮୩ ରନ୍ କରିଥିଲା। ଏଠାରେ ୯୩ ରନ୍‌ରେ ଆଉଟ ହେବା ଭାରତର ତୃତୀୟ ସର୍ବନିମ୍ନ ଟେଷ୍ଟ ସ୍କୋର। ୯ମ ଥର ଲାଗି ଭାରତ ଟେଷ୍ଟର ପ୍ରଥମ ଇନିଂସରେ ଅଗ୍ରଣୀ ନେବା ପରେ ପରାଜିତ ହୋଇଛି।

ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ
'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ
ବିତର୍କ ପ୍ରତିଯୋଗିତା ୨୦୨୫
ଭାଷା: ଓଡ଼ିଆ
5th Anniversary
Presented by: BHARAT MASALA — An ISO 9001 : 2015 & HACCP Certified Company — The Taste of New India
In Association with: CBSE-XI & XII SRI VINAYAKA Concept School BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡ଼ିଏଭି ପବ୍ଲିକ ସ୍କୁଲ୍, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେଏନ୍ ସାମନ୍ତରାୟ - ୯୪୩୭୪୫୬୫୭୬ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୯୦୧୭୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୬୫୨୧୨୨୯ |
| କଟକ | ସାରଳା ଭବନ, ବିଜୁ ପଟ୍ଟନାୟକ ଛକ, ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିୟରିଂ ବୈଷିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧ୍ୟମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୨୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୫୯୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୬୨୫୬୧୯ |
| କେନ୍ଦ୍ରାପଡ଼ା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡ଼ା | ଦେବଦତ୍ତ ଦାଶ - ୯୯୩୭୨୨୭୯୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସଦିପ୍ତ ରାୟ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପଡୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |

୨୩ ନଭେମ୍ବର ୨୦୨୫ । ରବିବାର

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS